ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

◆VOLUME- 43 ◆ISSUE-139 ◆SATURDAY ◆15 NOVEMBER 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୧୩୯ ◆ଶନିବାର ◆୧୫ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦



୩୨ ବଲ୍‌ରେ ସୂର୍ଯ୍ୟବଂଶୀଙ୍କ ଶତକ


▶ପୃଷ୍ଠା ୧୨ ଦେଖନ୍ତୁ...

# ବିହାରରେ 'ନୀମୋ' ସୁନାମି

## ଏନ୍‌ଡିଏକୁ ୨୦୨, ମହାମେଣ୍ଟକୁ ୩୫ ଆସନ

■ **ପାଟନା, ୧୪।୧୧ (ଏଜେନ୍ସି):** ଭୁଲ୍ ସାବ୍ୟସ୍ତ ହୋଇଛି ସବୁ ଏକ୍‌ଜିଟ୍ ପୋଲ୍ ରିପୋର୍ଟ। ବିହାର ବିଧାନସଭା ଫଳାଫଳରେ ଖେଳିଯାଇଛି ନୀମୋ (ନୀତୀଶ-ମୋଦୀ) ସୁନାମୀ। ପ୍ରଚଣ୍ଡ ବିଜୟ ସହ ବିହାରରେ ପୁନର୍ବାର କ୍ଷମତାକୁ ପ୍ରତ୍ୟାବର୍ତ୍ତନ କରିଛି ଏନ୍‌ଡିଏ। ୨୪୩ ଆସନ ମଧ୍ୟରୁ ୨୦୩ରେ ଏନ୍‌ଡିଏ ଏକ ବିଶାଳ ବିଜୟ ଦିଗକୁ ଅଗ୍ରସର ହୋଇଛି। ଅନ୍ୟପକ୍ଷରେ ଗତ ନିର୍ବାଚନରେ ଏକ ଶକ୍ତ ବିରୋଧୀଦଳ ଭାବରେ ଉଭା ହୋଇଥିବା 'ମହାଗଠବନ୍ଧନ'କୁ ଶକ୍ତ ଆଘାତ ଦେଇଛନ୍ତି ବିହାରବାସୀ। ଗତ ନିର୍ବାଚନରେ ମହାଗଠବନ୍ଧନ ୧୧୪ ଆସନରେ ବିଜୟୀ ହୋଇଥିବାବେଳେ ଚଳିତ ନିର୍ବାଚନରେ ୭୯ଟି ଆସନ ହରାଇ ମାତ୍ର ୩୫ ମଧ୍ୟରେ ସୀମିତ ରହିଛି। ଅନ୍ୟ ରାଜନୈତିକ ଦଳ ଓ ସ୍ୱାଧୀନ ପ୍ରାର୍ଥୀମାନଙ୍କୁ ମିଳିଛି ମାତ୍ର ୬ଟି ଆସନ।

ଚଳିତ ବର୍ଷ ନିର୍ବାଚନରେ ବିଜେପିର ଷ୍ଟ୍ରାଇକ୍‌ରେଟ୍ ବିହାରରେ ସବୁଠାରୁ ଚମତ୍କାର ରହିଛି। ୧୦୧ ଆସନରେ ପ୍ରତିଦ୍ୱନ୍ଦ୍ୱିତା କରିଥିବା ବିଜେପି ଚଳିତ ନିର୍ବାଚନରେ ୮୯ ଆସନ ସହ






❝ ବିକାଶ ଓ ସୁଶାସନର ବିଜୟ: ମୋଦୀ

- ୮୯ ଆସନ ସହ ବିଜେପି ସବୁଠାରୁ ବଡ଼ ଦଳ
- ଜେଡିୟୁର ଆସନ ସଂଖ୍ୟା ୮୫କୁ ବଢ଼ିଲା
- ୨୫କୁ ଖସିଲା ଆର୍‌ଜେଡି, କଂଗ୍ରେସକୁ ୬
- ୨୮ ଆସନରୁ ୧୯ରେ ଏଲ୍‌ଜେପିର ବିଜୟ

ସବୁଠାରୁ ବଡ଼ ଦଳ ଭାବରେ ଉଭା ହୋଇଛି।

ଅନୁରୂପ ଭାବରେ ୨୦୨୦ ମସିହାରେ ଜେଡିୟୁ ମାତ୍ର ୪୩ଟି ଆସନ ପାଇଥିବାବେଳେ ଚଳିତ ନିର୍ବାଚନରେ ୮୫ଟି ଆସନରେ ବିଜୟୀ ହୋଇଛି। ଅନ୍ୟପକ୍ଷରେ ଏନ୍‌ଡିଏର ସହଯୋଗୀ ଲୋକ ଜନଶକ୍ତି ପାର୍ଟି (ରାମବିଳାସ) ମଧ୍ୟ ନିର୍ବାଚନରେ ଚମତ୍କାର ପ୍ରଦର୍ଶନ ▶ପୃଷ୍ଠା-୭

**୮ ରାଜ୍ୟରେ ଉପନିର୍ବାଚନ**

# ବିଜେପି, କଂଗ୍ରେସକୁ ଦୁଇଟି ଲେଖାଏଁ ଆସନ

■ **ନୂଆଦିଲ୍ଲୀ, ୧୪।୧୧ (ଏଜେନ୍ସି):** ଗତ ୧୧ ତାରିଖରେ ୬ଟି ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳର ୮ଟି ବିଧାନସଭା ନିର୍ବାଚନମଣ୍ଡଳୀ ପାଇଁ ଅନୁଷ୍ଠିତ ଉପନିର୍ବାଚନରେ ବିଜେପି ଏବଂ କଂଗ୍ରେସକୁ ଦୁଇଟି ଲେଖାଏଁ ଆସନ ମିଳିଛି। ରାଜସ୍ଥାନର ଆଣ୍ଟା ନିର୍ବାଚନମଣ୍ଡଳୀରେ କଂଗ୍ରେସ ପ୍ରାର୍ଥୀ ବିଜୟୀ ହୋଇଥିବା ବେଳେ ପଞ୍ଜାବର ତରନ ତାରନ ଆସନରେ କ୍ଷମତାସୀନ ଆପ୍ ପ୍ରାର୍ଥୀ ନିର୍ବାଚିତ ହୋଇଛନ୍ତି। ବିଜେପି ପ୍ରାର୍ଥୀ ଓଡ଼ିଶାର ନୂଆପଡ଼ା ଏବଂ ଜମ୍ମୁ-କଶ୍ମୀରର ନୋଗ୍ରାଟାରେ ବିଜୟ ଲାଭ କରିଛନ୍ତି। ଜମ୍ମୁ-କଶ୍ମୀରର ବଡ଼ଗାମ ଆସନରେ କ୍ଷମତାସୀନ ନେସନାଲ କନଫେରେନ୍ସ ପ୍ରାର୍ଥୀଙ୍କୁ ହରାଇଛନ୍ତି ମେହବୁବା ମୁଫତିଙ୍କ ପିଡିପି ପ୍ରାର୍ଥୀ। ବଡଗାମକୁ ନେସନାଲ କନଫେରେନ୍ସର ଗଡ଼ କୁହାଯାଏ। ଗତ ନିର୍ବାଚନରେ ମୁଖ୍ୟମନ୍ତ୍ରୀ ଓମାର ଅବଦୁଲ୍ଲା ଏଠାରୁ ନିର୍ବାଚିତ ହୋଇଥିଲେ। ସେହିଭଳି ତେଲେଙ୍ଗାନାର ଜୁବିଲି ହିଲ୍ସରେ କଂଗ୍ରେସ ପ୍ରାର୍ଥୀ ବିଜୟୀ ହୋଇଛନ୍ତି। ଝାଡ଼ଖଣ୍ଡର ଘାଟଶୀଳାରେ ଜେଏମଏମ୍ ପ୍ରାର୍ଥୀ ନିର୍ବାଚିତ ହୋଇଥିବା ବେଳେ ମିଜୋରାମର ଡାମ୍ପା ନିର୍ବାଚନମଣ୍ଡଳୀରେ ମିଜୋ ନେସନାଲ ଫ୍ରଣ୍ଟ ପ୍ରାର୍ଥୀଙ୍କୁ ବିଜୟୀ ଘୋଷଣା କରାଯାଇଛି।

**ନୂଆପଡ଼ା ଉପନିର୍ବାଚନ**

# ବିଜେପି ମଥାରେ 'ଜୟ' ତିଳକ

■ **ଭୁବନେଶ୍ୱର/ନୂଆପଡା, ୧୪।୧୧ (ସମିସ):** ନୂଆପଡା ଉପର୍ବାଚନ ବିପୁଳ ବିଜୟ ହାସଲ କରିଛନ୍ତି ବିଜେପି ପ୍ରାର୍ଥୀ ଜୟ ଢୋଲକିଆ। ଗତ ନିର୍ବାଚନରେ ତାଙ୍କ ବାପା ରାଜେନ୍ଦ୍ର ଢ଼ୋଲକିଆ ପାଇଥିବା ଭୋଟଠାରୁ ପ୍ରାୟ ୫୦ ହଜାର ଊର୍ଦ୍ଧ୍ୱ ଭୋଟ ପାଇଛନ୍ତି ଜୟ। ଜୟ ଢୋଲକିଆଙ୍କୁ ୧୨୩୮୬୯ ଖଣ୍ଡ ଭୋଟ୍ ମିଳିଥିବା ବେଳେ କଂଗ୍ରେସ ପାର୍ଥୀ ଘାସିରାମ ମାଝିଙ୍କୁ ୪୦୧୨୧ ଖଣ୍ଡ ଭୋଟ୍ ମିଳିଛି। ସେହିପରି ବିଜେଡି ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆ ୩୮୪୦୮ ଖଣ୍ଡ ଭୋଟ୍ ପାଇ ଏଠାରେ ତୃତୀୟ ସ୍ଥାନରେ ରହିଛନ୍ତି।

- ୮୩୪୭୮ ବିଶାଳ ବ୍ୟବଧାନରେ ବିଜେପି ବିଜୟୀ
- ୨ୟ ସ୍ଥାନରେ କଂଗ୍ରେସର ଘାସିରାମଙ୍କୁ ୪୦୧୨୧ ଭୋଟ
- ବିଜେଡି ପ୍ରାର୍ଥୀ ସ୍ନେହାଙ୍ଗିନୀ ପାଇଲେ ୩୮୪୦୮ ଭୋଟ



ଜୟଙ୍କ ବିଜୟ ସହ ଦୀର୍ଘ ଏକ ଦଶନ୍ଧି ପରେ ପୁଣିଥରେ ପଦ୍ମ ଫୁଟିଛି। ୨୦୧୪ରେ ଏଠାରୁ ବସନ୍ତ ପଣ୍ଡା ବିଜୟୀ ହୋଇଥିଲେ ଓ ଏବେ ୨୦୨୫ ପୁନର୍ବାର ପଦ୍ମ ଦଳର ପ୍ରାର୍ଥୀ ଭାବରେ ଜୟ ଢ଼ୋଲକିଆ ବିଜୟୀ ହୋଇଛନ୍ତି। ଏହି ବିଜୟ ପରେ ବ୍ୟବସାୟୀରୁ ଜୟଙ୍କ ▶ପୃଷ୍ଠା-୭




# ଅଭିନନ୍ଦନ ଜଣାଇଲେ ନବୀନ

- ବିଜେଡି ଲଢୁଆ ବିଜୁ ବାବୁଙ୍କ ଦ୍ୱାରା ଅନୁପ୍ରାଣିତ
- ଓଡ଼ିଶାବାସୀଙ୍କ ଅଧିକାର ପାଇଁ ଲଢ଼େଇ ଜାରି ରହିବ
- ଦଳର ନେତା, କର୍ମୀ ଓ ସମର୍ଥକଙ୍କୁ କୃତଜ୍ଞତା

■ **ଭୁବନେଶ୍ୱର, ୧୪।୧୧ (ସମିସ):** ନୂଆପଡ଼ା ଉପନିର୍ବାଚନରେ ବିଜେପିର ବିଜୟ ପରେ ବିଜେଡି ସଭାପତି ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ବିଜେପିର ବିଜୟୀ ପ୍ରାର୍ଥୀ ଜୟ ଢୋଲକିଆଙ୍କୁ ଶୁଭେଚ୍ଛା ଜଣାଇବା ସହିତ ନୂଆପଡ଼ାବାସୀଙ୍କୁ ଧନ୍ୟବାଦ ଜଣାଇଛନ୍ତି। ଜୟ ନୂଆପାଡ଼ାରେ ଅର୍ଥପୂର୍ଣ୍ଣ ବିକାଶ ଆଣି ଏହି ଜନାଦେଶକୁ ସମ୍ମାନ ଦେବେ ବୋଲି ସେ ଆଶାବାଦୀ ଥିବା ନିଜ 'ଏକ୍ସ' ହ୍ୟାଣ୍ଡେଲ୍‌ରେ ପୋଷ୍ଟ କରି ନବୀନ ଉଲ୍ଲେଖ କରିଛନ୍ତି।

ଏଥିସହିତ ନବୀନ କହିଛନ୍ତି, ବିଜେଡିର ପ୍ରତ୍ୟେକ ନେତା, କର୍ମୀ ଏବଂ ସମର୍ଥକଙ୍କ ପ୍ରତିବଦ୍ଧତା ଏବଂ ଉତ୍ସାହ ହିଁ ବିଜେଡିର ପ୍ରକୃତ ଶକ୍ତି। ନୂଆପଡ଼ା ଉପନିର୍ବାଚନରେ ଏକଜୁଟ ହୋଇ, ଅକ୍ଳାନ୍ତ ପରିଶ୍ରମ କରି ଓ ଉତ୍ସର୍ଗୀକୃତ ମନୋଭାବରେ ବିଜେଡି ପାଇଁ କାର୍ଯ୍ୟ ▶ପୃଷ୍ଠା-୭






## ବିହାର ବିଧାନସଭା ଆସନ-୨୪୩



| ଏନ୍‌ଡିଏ-୨୦୨ | |
|---|---|
| ବିଜେପି | ୮୯ |
| ଜେଡିୟୁ | ୮୫ |
| ଏଲଜେପି | ୧୯ |
| ଅନ୍ୟାନ୍ୟ | ୦୯ |



| ମହାମେଣ୍ଟ-୩୫ | |
|---|---|
| ଆରଜେଡି | ୨୫ |
| କଂଗ୍ରେସ | ୦୬ |
| ଅନ୍ୟାନ୍ୟ | ୦୪ |

ଏଆଇଏମ୍‌ଆଇଏମ୍ ୦୫



## ଅମାନତ ହରାଇଲେ ପ୍ରଶାନ୍ତ କିଶୋର

ନିର୍ବାଚନ ରଣନୀତିକାରରୁ ରାଜନେତା ପାଲଟି ଥିବା ଜନସୁରାଜ ଦଳର ପ୍ରତିଷ୍ଠାତା ପ୍ରଶାନ୍ତ କୁମାର ପ୍ରଥମ ପରୀକ୍ଷାରେ ଅମାନତ ହରାଇଛନ୍ତି। ଗତ ତିନି ବର୍ଷ ହେଲା ବିହାରରେ ବୁଲି ବୁଲି ପ୍ରଚାର କରି ବଡ଼ ବଡ଼ ଦାବି କରୁଥିବା ପ୍ରଶାନ୍ତଙ୍କ ଦଳ ମୁହଁ ମାଡ଼ି ପଡ଼ିଯାଇଛି। ୬ ବର୍ଷରେ ୬ ମୁଖ୍ୟମନ୍ତ୍ରୀ କରିଥିବା ଏହି ବ୍ୟକ୍ତିଙ୍କ ଦଳ ଗୋଟିଏ ହେଲେ ବି ଆସନରେ ଜିତିପାରି ନାହିଁ। କୋଟିଏରୁ ଅଧିକ ସଦସ୍ୟ ନେଇ ଦାବି କରୁଥିବା ଜନସୁରାଜ ପାର୍ଟି ୧୦ ଲକ୍ଷ ଭୋଟ ବି ହାତେଇ ପାରିନାହିଁ। ୨୩୮ ଆସନରେ ପ୍ରାର୍ଥୀ ଦେଇ ୨୩୩ (୯୮ ପ୍ରତିଶତ) ରେ ଅମାନତ ହରାଇଛନ୍ତି। ଏହି ଦଳର ପ୍ରାର୍ଥୀ ଗୋଟିଏ ଆସନରେ ଦ୍ୱିତୀୟ ସ୍ଥାନରେ ବି ରହିପାରି ନାହାନ୍ତି। ୧୨୮୦ ଦିନରେ ୬ ହଜାର କିମି ପଦଯାତ୍ରା କରିବା ସତ୍ତ୍ୱେ ବି ତାଙ୍କ ଦଳ ସଫଳତା ପାଇ ପାରିନାହିଁ। ପୂର୍ବରୁ ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ୨୫ରୁ କମ୍ ସିଟ୍ ଜିତିବେ ବୋଲି ପ୍ରଶାନ୍ତ ଦାବି କରିଥିଲେ। ଯଦି ଅଧିକ ଆସନରେ ଜିତିବେ ତେବେ ରାଜନୀତି ଛାଡିଦେବେ ବୋଲି କହିଥିବା ପ୍ରଶାନ୍ତଙ୍କ ଉପରେ ଏବେ ସମସ୍ତଙ୍କ ନଜର ରହିଛି। ସେ ଆଗାମୀ ଦିନରେ କି ପଦକ୍ଷେପ ନେବେ ତାହା ଦେଖିବା ବାକି ରହିଛି। ସେ ରାଜନୀତି କରିବେ ନା ରଣନୀତିକୁ ଫେରିବା ତାହା ଜାଣିବା ପାଇଁ ଲୋକେ ବ୍ୟଗ୍ର।



## ଆରଜେଡିର ଭୋଟ ସେୟାରିଂ ଅଧିକ

ଏହି ନିର୍ବାଚନରେ ଆଶ୍ଚର୍ଯ୍ୟଜନକ ଭାବେ ସବୁଦଳଠାରୁ ଆରଜେଡିର ଭୋଟ ସେୟାର ଅଧିକ ରହିଛି। ଅର୍ଥାତ୍ ଏହି ଦଳ କିଛି ଆସନରେ ଉଲ୍ଲେଖନୀୟ ବ୍ୟବଧାନରେ ବିଜୟୀ ହୋଇଛି। ଏହି ଦଳ ଦୃଢ଼ ପ୍ରତିଦ୍ୱନ୍ଦ୍ୱିତା କରିଥିବା ସତ୍ତ୍ୱେ ବିଜୟୀ ହୋଇପାରି ନାହିଁ। ସନ୍ଧ୍ୟା ସୁଦ୍ଧା ତେଜସ୍ୱୀଙ୍କ ଦଳର ଭୋଟ ସେୟାର ୨୨.୭୯ ପ୍ରତିଶତ ରହିଛି। ଏହା ବିଜେପିଠାରୁ ୨.୨୭ ପ୍ରତିଶତ ଏବଂ ଜେଡିୟୁଠାରୁ ୩.୮ ପ୍ରତିଶତ ଅଧିକ।

## ବିହାରରେ ବିଜେପିର ଉତ୍ଥାନ

ବିହାର ବିଧାନସଭା ନିର୍ବାଚନରେ ବିଜେପି ଐତିହାସିକ ସଫଳତା ଆଡ଼କୁ ଅଗ୍ରସର ହେବାରେ ଲାଗିଛି। ଏଥର ୮୯ ଆସନ ଜିତିଥିବା ବିଜେପି ୨୦୧୦ ନିର୍ବାଚନରେ ୯୧ଟି ଆସନ ଜିତିଥିଲା। ୧୯୮୦ରେ ପ୍ରଥମ ଥର ନିର୍ବାଚନ ଲଢ଼ିଥିବା ବିଜେପି ପାଇଁ ଏହି ଯାତ୍ରା ସଂଘର୍ଷପୂର୍ଣ୍ଣ ରହିଛି। ୧୯୮୦ ନିର୍ବାଚନରେ ବିଜେପିକୁ ୨୧ଟି ଆସନ ମିଳିଥିବା ବେଳେ ୧୯୮୫ରେ ୧୬, ୧୯୯୦ରେ ୩୯, ୧୯୯୫ରେ ୪୧, ୨୦୦୦ରେ ୬୭, ୨୦୦୫ରେ ୩୭, ୨୦୧୫ରେ ୫୩, ୨୦୨୦ରେ ୯୧ ଏବଂ ୨୦୨୦ରେ ୭୪ଟି ଆସନ ପାଇଥିଲା।

# କାମ ଦେଲାନି ରାହୁଲ-ତେଜସ୍ୱୀଙ୍କ ରଣନୀତି

ପାଟନା, ୧୪।୧୧ (ଏଜେନ୍ସି): ବିହାର ନିର୍ବାଚନରେ ମହାମେଣ୍ଟକୁ ଶକ୍ତ ଝଟ୍‌କା ଲାଗିଛି। ଏଥିରେ ଆରଜେଡିର ନେତୃତ୍ୱାଧୀନ କଂଗ୍ରେସ, ଭିଆଇପି ଏବଂ ବାମଦଳର ମହାମେଣ୍ଟ ଇଣ୍ଡିଆ ନିରାଶ ହୋଇଛି। ଏହା ପଛରେ ପ୍ରମୁଖ ୫ଟି କାରଣ ରହିଛି। ସେଗୁଡିକ ହେଲା ନେତାଙ୍କ ମଧ୍ୟରେ ସମନ୍ୱୟର ଅଭାବ, ଆସନ ବୁଝାମଣା ଚୂଡ଼ାନ୍ତ ନ ହେବା, ମୁଖ୍ୟମନ୍ତ୍ରୀ-ଉପମୁଖ୍ୟମନ୍ତ୍ରୀ ପଦବୀକୁ ନେଇ ଟଣାଓଟରା, ପରସ୍ପର ବିରୋଧରେ ପ୍ରାର୍ଥୀ ଦେବା ଆଦି ରହିଛି। ନିର୍ବାଚନ କମିଶନ (ଇସି) ଅକ୍ଟୋବର ୬ରେ ବିହାର ନିର୍ବାଚନ ନେଇ ଘୋଷଣା କରିଥିଲେ। ଏହାର ୬ ଦିନ ପରେ ଏନ୍‌ଡିଏର ଆସନ ବୁଝମଣା ହୋଇ ଯାଇଥିଲା। ମାତ୍ର ନିର୍ବାଚନ ଶେଷ ହୋଇ ସାରିଥିଲେ ବି ମହାମେଣ୍ଟ ଆନୁଷ୍ଠାନିକ ଭାବେ ଆସନ ବୁଝାଣା ସୂତ୍ର ବିଷୟରେ ଘୋଷଣା କରି ନ ଥିଲା। ନିଜ ପସନ୍ଦର ଆସନକୁ ନେଇ ମହାମେଣ୍ଟରେ ଟଣାଓଟରା ଜାରି ରହିଥିଲା। ସ୍ଥିତି ଏଭଳି ହୋଇଥିଲା ଯେ ୧୩ ଆସନରେ ମହାମେଣ୍ଟର ଅଲଗା ଅଲଗା ଦଳ ପରସ୍ପର ବିରୋଧରେ ଲଢ଼ିଥିଲେ। ଶେଷରେ କିଛି ପ୍ରାର୍ଥୀପତ୍ର ପ୍ରତ୍ୟାହାର କରିବାରୁ ଏହି ଆସନ ସଂଖ୍ୟା ୮କୁ ହ୍ରାସ ପାଇଥିଲା। ଅର୍ଥାତ ମହାମେଣ୍ଟରେ ସାମିଲ ଦଳ ନିଜ ନିଜ ବିରୋଧରେ ଏଠାରେ ଲଢ଼େଇ କରିଥିଲେ। ପ୍ରାରମ୍ଭରେ ମୁଖ୍ୟମନ୍ତ୍ରୀ ଏବଂ ଉପ-ମୁଖ୍ୟମନ୍ତ୍ରୀ ପଦବୀକୁ ନେଇ କଳି ଲାଗିଥିଲା। ତେଜସ୍ୱୀ ମୁଖ୍ୟମନ୍ତ୍ରୀ ଏବଂ ମୁକେସ ସାହାନୀ ଉପମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ହେବା ଜିଦ୍‌ରେ ଅଟଳ ରହିଥିଲେ। କିନ୍ତୁ କଂଗ୍ରେସ ଏଥିରେ ରାଜି ନ ଥିଲା। ସ୍ଥିତି ଅଧିକ ବିଗୁଡୁଥିବା ଦେଖି କଂଗ୍ରେସ ହାଇକମାଣ୍ଡଙ୍କୁ ସ୍ୱତନ୍ତ୍ର ପ୍ରତିନିଧି ପଠାଇବାକୁ ପଡ଼ିଥିଲା। ଶେଷରେ ପାଟନା ସ୍ଥିତି ଏକ ହୋଟେଲରେ

### କାହାର ବଢ଼ିଲା, କାହାର ଛିଡ଼ିଲା

| ଦଳ | ୨୦୨୫ | ୨୦୨୦ | ପରିବର୍ତ୍ତନ |
|---|---|---|---|
| ଏନଡିଏ | ୨୦୨ | ୧୨୫ | +୭୭ |
| ବିଜେପି | ୮୯ | ୭୪ | +୧୫ |
| ଜେଡିୟୁ | ୮୫ | ୪୩ | +୪୨ |
| ଅନ୍ୟାନ୍ୟ | ୨୮ | ୦୮ | +୨୦ |
| ମହାମେଣ୍ଟ | ୩୫ | ୧୧୦ | -୭୫ |
| ଆରଜେଡି | ୨୫ | ୭୫ | -୫୦ |
| କଂଗ୍ରେସ | ୦୬ | ୧୯ | -୧୩ |
| ଅନ୍ୟାନ୍ୟ | ୦୪ | ୧୬ | -୧୨ |

ବିବାଦର ସମାଧାନ କରାଯାଇଥିଲା ଏବଂ କଂଗ୍ରେସକୁ ନଇଁବାକୁ ପଡ଼ିଥିଲା। ଅକ୍ଟୋବର ୨୩ରେ ତେଜସ୍ୱୀଙ୍କୁ ମୁଖ୍ୟମନ୍ତ୍ରୀ ଏବଂ ସାହାନୀଙ୍କୁ ଉପ-ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣା କରାଯାଇଥିଲା। କିନ୍ତୁ ଏନ୍‌ଡିଏରେ ମୁଖ୍ୟମନ୍ତ୍ରୀ ପଦକୁ ନେଇ ସଂଶୟ ରହିଥିଲା।


- ■ ମହାମେଣ୍ଟ ପାଇଁ କାଳ ହେଲା ଆସନ କଳି
- ■ ମୁହଁ ମାଡ଼ି ପଡ଼ିଗଲା ମହାମେଣ୍ଟ;
- ■ ଆର୍‌ଜେଡିର ବୃହତ ପରାଜୟ; ଅବନତିର ଧାରାରେ କଂଗ୍ରେସ

ତେବେ ନୀତୀଶ କୁମାରଙ୍କ ନେତୃତ୍ୱରେ ନିର୍ବାଚନ ଲଢିବୁ ବୋଲି ବିଜେପି ନେତାମାନେ କହିଥିଲେ। ମହାମେଣ୍ଟରେ ଝଗଡ଼ା ଯୋଗୁଁ ମତଦାନ ପୂର୍ବରୁ ଏନଡିଏ ଆଗରେ ରହିଥିଲା। ପ୍ରଥମେ ଏନ୍‌ଡିଏରେ ମଧ୍ୟ କଳି ଲାଗି ରହିଥିଲା। କିନ୍ତୁ ସମୟପୂର୍ବରୁ ଏହାର ସମାଧାନ କରିଦିଆଯାଇଥିଲା। ଉପେନ୍ଦ୍ର କୁଶ୍ୱାହଙ୍କୁ ରାଜ୍ୟସଭା ପଠାଇବାକୁ କହି ବିବାଦର ଅନ୍ତ କରିଦିଆଯାଇଥିଲା। ତେଣୁ ପ୍ରଥମେ ଏନ୍‌ଡିଏରେ ସବୁ କିଛି ଠିକ୍ ନ ଥିବା କହିଥିବା ଉପେନ୍ଦ୍ର ପରେ ଶାନ୍ତ ରହିଥିଲେ।

ବିହାର ନିର୍ବାଚନରେ ଆରଜେଡି ନୈରାଶ୍ୟଜନକ ପ୍ରଦର୍ଶନ କରିଛି। ବିହାରର ଏହି ମୁଖ୍ୟ ବିରୋଧୀ ଧଳ ବୃହତ ଦଳରୁ ତଳ ଆଡୁ ଦ୍ୱିତୀୟ ଦଳରେ ପରିଣତ ହୋଇଯାଇଛି। ମାତ୍ର ୫ ବର୍ଷ ଭିତରେ ଆରଜେଡିର ଏଭଳି ଅବସ୍ଥା ହୋଇଛି। ତେଜସ୍ୱୀ ଯାଦବଙ୍କ ନେତୃତ୍ୱାଧୀନ ଆରଜେଡି ୧୪୩ଟି ଆସନରେ ଲଢ଼ି ମାତ୍ର ୨୫ଟିରେ ବିଜୟୀ ହୋଇଛି। ଏହା ଦଳ ପାଇଁ ସବୁଠାରୁ ବଡ଼ ଝଟ୍‌କା ସାବ୍ୟସ୍ତ ହୋଇଛି। ଏହି ଫଳାଫଳ ସହିତ ଆରଜେଡି ସବୁଠାରୁ ଖରାପ ପ୍ରଦର୍ଶନ କରିବା ଥିବା ଦ୍ୱିତୀୟ ଦଳ ହୋଇଯାଇଛି। ୨୦୦୫ ବିଧାନସଭା ନିର୍ବାଚନରେ ଆରଜେଡି ୫୫ଟି ଆସନ ପାଇଥିଲା। ସେ ସମୟରେ ଜଙ୍ଗଲରାଜକୁ ନେଇ ଆରଜେଡିକୁ ଚାରିଆଡେ ସମାଲୋଚନା କରାଯାଉଥିଲା। ସେତେବେଳେ ଜନ ବିରୋଧୀ ଆକ୍ରୋଶ, ରାବ୍ରୀ ଦେବୀଙ୍କ ନେତୃତ୍ୱକୁ ତୀବ୍ର ବିରୋଧ ସତ୍ତ୍ୱେ ଆରଜେଡି ୫୫ଟି ଆସନ ଜିତିଥିଲା। ତେବେ ୨୦୧୦ରେ ଏହି ଦଳ ମୋଟ ୨୨ଟି ଆସନ ପାଇଥିଲା। ୨୦ ବର୍ଷ ବିତିଯିବା ପରେ ଏବଂ ଅନେକ ଥର ନୀତୀଶ କୁମାରଙ୍କ ପଟ ପରିବର୍ତ୍ତନ ସତ୍ତ୍ୱେ ବିଜେପି ଏବଂ ଜେଡିୟୁ ପୁଣିଥରେ ବିଜୟୀ ହୋଇଛନ୍ତି। ୧୯୯୭ରେ ଆରଜେଡି ପ୍ରତିଷ୍ଠା ହେବା ପରେ ଚଳିତ ଥର ତେଜସ୍ୱୀଙ୍କ ନେତୃତ୍ୱରେ ଏହି ଦଳ ନିର୍ବାଚନ ଲଢ଼ିଥିଲା। କିନ୍ତୁ ସେ ଦଳ ପାଇଁ କୌଣସି ଚମତ୍କାର କରିପାରି ନାହାନ୍ତି।

## ମହାମେଣ୍ଟରୁ ୮୫ ଆସନ ଛଡ଼ାଇ ଆଣିଲା ଏନ୍‌ଡିଏ

ପାଟନା, ୧୪।୧୧ (ଏଜେନ୍ସି): ବିହାରରେ ୨୦ ବର୍ଷର ସରକାର ବିରୋଧୀ ଭାବନାକୁ ଭାଙ୍ଗି ପୁଣି ଥରେ ଏନ୍‌ଡିଏ ସରକାର ଗଠନ କରିବାକୁ ଯାଉଛି। ବିଜେପି ୧୦୧ଟି ଆସନରେ ଲଢ଼ି ୮୯ଟିରେ ବିଜୟୀ ହୋଇଛି।



ଏହି ଦଳର ଷ୍ଟ୍ରାଇକ୍ ରେଟ ୯୦ ପ୍ରତିଶତ ରହିଛି। ଏହା ସହିତ ବିଜେପି ବିହାରରେ ବଡ଼ ଭାଇ ହୋଇଯାଇଛି। ଏହି ଦଳ ନୀତୀଶଙ୍କ ଜେଡିୟୁର ବିନା ସମର୍ଥନରେ ବି ସରକାର ଗଢ଼ିବାକୁ ସକ୍ଷମ। ସେହିପରି ଜେଡିୟୁ ୮୫ ଆସନରେ ବିଜୟୀ ହୋଇ ଦୁଇ ନମ୍ବର ସ୍ଥାନରେ ରହିଛି। ରାତି ସୁଦ୍ଧା ଏନ୍‌ଡିଏ ମେଣ୍ଟ ୨୦୨ଟି ଆସନରେ ଆଗୁଆ ରହିଛି। ଏହା ଗତ ଥର ତୁଳନାରେ ୭୭ ଅଧିକ। ସେହିପରି ମହାମେଣ୍ଟ ୧୧୦ରୁ ହ୍ରାସ ପାଇ ୩୫କୁ ଖସି ଆସିଛି। କଂଗ୍ରେସ ନେତା ରାହୁଲ ଗାନ୍ଧୀ ଏବଂ ଆରଜେଡି ନେତା ତେଜସ୍ୱୀ ଯାଦବଙ୍କ ୧୨ରୁ ୫ଟି ଗଡ଼କୁ ଏନ୍‌ଡିଏ ଭୁଶୁଡ଼ାଇ ଦେଇଛି। ଗତ ୧୫ ବର୍ଷ ହେଲା ଏହି ୧୨ଟି ଆସନରେ କ୍ରମାଗତ ଭାବେ ଆରଜେଡି ଏବଂ କଂଗ୍ରେସ ବିଜୟୀ ହୋଇ ଆସୁଥିଲେ। ଚଳିତ ଥର ମହାମେଣ୍ଟ ଜିତିଥିବା ୮୫ଟି ଆସନକୁ ଏନ୍‌ଡିଏ ଛଡ଼େଇ ନେଇଛି। ଏନ୍‌ଡିଏ ୮୬ଟି ନୂଆ ଆସନ ହାତେଇଥିବାବେଳେ ନିଜର ୯୩ ପ୍ରତିଶତ ସିଟ୍‌କୁ ବଜାୟ ରଖିଛି।

ବିହାରର ସବୁ ୬ କ୍ଷେତ୍ରରେ ଏନ୍‌ଡିଏ ନିଜ କ୍ଷମତା ବଢ଼ାଇଛି। ତିରହୁତ-ମଗଧରୁ ଅଧିକ ୪୦ଟି ଆସନ ଜିତିଛି। ତିରହୁତର ୬୪ରୁ ୫୫ଟି, ମିଥିଳାଞ୍ଚଳର ୪୬ରୁ ୩୯ଟି, ମଗଧର ୪୯ରୁ ୩୯ଟି, ଶାହାବାଦର ୨୨ରୁ ୧୯ଟି, ଅଙ୍ଗ ପ୍ରଦେଶର ୨୫ରୁ ୨୪ଟି ଏବଂ ଗୁରୁତ୍ୱପୂର୍ଣ୍ଣ ସୀମାଞ୍ଚଳ ଓ କୋସିର ୩୭ଟି ଆସନରୁ ୨୬ଟି ହାତେଇଛି। ଗତ ନିର୍ବାଚନରେ ଏହି କ୍ଷେତ୍ରରେ ଏନ୍‌ଡିଏ ୨୨ଟି ଆସନ ଜିତିଥିଲା।

## ସାନ ଭାଇ ଜିତିଲେ; ବଡ଼ ହାରିଲେ



ପାଟଣା, ୧୪।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନରେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ସୁନାମୀରେ ବହୁ ନାମୀଦାମୀ, ହେଭିୱେଟ୍ ତଥା ହାଇପ୍ରୋଫାଇଲ ନେତା ଭାସି ଯାଇଛନ୍ତି। ଏମାନଙ୍କ ମଧ୍ୟରେ ରହିଛନ୍ତି ଆରଜେଡି ସୁପ୍ରିମୋ ଲାଲୁ ଯାଦବଙ୍କ ବଡ଼ ପୁଅ ତେଜପ୍ରତାପ ଯାଦବ। ସେ ମହୁଆ ଆସନରୁ ଜନଶକ୍ତି ଜନତା ଦଳ ତରଫରୁ ନିବାଚନରେ ଅବତୀର୍ଣ୍ଣ ହୋଇ ୩୫, ୭୦୩ ଭୋଟ୍ ପାଇଁ ଚିରାଗ ପାଶ୍ୱାନଙ୍କ ଲୋକ ଜନଶକ୍ତି ପାର୍ଟି (ରାମ ବିଳାଶ) ପ୍ରାର୍ଥୀ ସଞ୍ଜୟ କୁମାର ସିଂଙ୍କଠାରୁ ୫୧, ୯୩୮ ଭୋଟରେ ପରାସ୍ତ ହୋଇ ତୃତୀୟ ସ୍ଥାନରେ ରହିଛନ୍ତି। ସଞ୍ଜୟ ୮୭, ୬୪୧ ଭୋଟ ପାଇଛନ୍ତି। ଆରଜେଡିର ମୁକେଶ କୁମାର ରୋଶନ ୪୨, ୬୪୪ ଭୋଟି ପାଇ ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ଅନ୍ୟପଟେ ଲାଲୁଙ୍କ ସାନ ପୁଅ ତଥା ମହାମେଣ୍ଟର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ତେଜସ୍ୱୀ ରାଧେପୁର ଆସନରେ ବିଜୟୀ ହୋଇଛନ୍ତି। ସେ ୧୪, ୫୩୨ ଭୋଟ୍‌ରେ ନିକଟତମ ପ୍ରତିଦ୍ୱନ୍ଦ୍ୱୀ ବିଜେପିର ସତୀଶ କୁମାରଙ୍କୁ ପରାସ୍ତ କରିଛନ୍ତି।

ସେହିପରି ବାହୁବଳୀ ତଥା ଜେଲ୍‌ରେ ଥିବା ଜେଡିୟୁର ଅନନ୍ତ କୁମାରୀ ସିଂ ୨୮, ୨୦୬ ଭୋଟ୍‌ରେ ମୋକାମା ଆସନରେ ନିକଟତମ ପ୍ରତିଦ୍ୱନ୍ଦ୍ୱୀ ଆରଜେଡିର ବିଣା ଦେବୀଙ୍କୁ ପରାସ୍ତ କରି ବିଜୟୀ ହୋଇଛନ୍ତି। ଜମୁଇରେ ବିଜେପିର ଶ୍ରେୟାସୀ ସିଂ ୫୪, ୪୯୮ ଭୋଟ୍‌ରେ ଆରଜେଡିର ମହମ୍ମଦ ସମସାଦ ଆଲମଙ୍କୁ ପରାସ୍ତ କରି ବାଜି ମାରିଛନ୍ତି। ବିଜେପିର ହେଭିୱେଟ୍ ନେତା ସମ୍ରାଟ ଚୌଧୁରୀ ବୃହତ ୪୫, ୮୪୩ ଭୋଟ୍‌ରେ ଆରଜେଡିର ଅରୁଣ କୁମାରଙ୍କୁ ପରାସ୍ତ କରିଛନ୍ତି। ସେହିପରି ବହୁ ଚର୍ଚ୍ଚିତ ଭୋଜପୁରୀ ସିନେମା ତାରକା ଖେସାରୀ ଲାଲ ଯାଦବ ମଧ୍ୟ ଛପରା ଆସନରେ ବିଜେପିର ଛୋଟି କୁମାରୀଙ୍କଠାରୁ ପରାସ୍ତ ହୋଇଛନ୍ତି। ଜଣାଶୁଣା ତାରକା ଗାୟିକା ମୈଥିଳି ଠାକୁର ଅଲିନଗର ଆସନରେ ୧୧, ୭୩୦ ଭୋଟ୍‌ରେ ଆରଜେଡି ବିନୋଦ ମିଶ୍ରାଙ୍କୁ ପରାସ୍ତ କରିଛନ୍ତି। ବିଜେପିର ବିଜୟ କୁମାର ସିହ୍ନା ଲକ୍ଷ୍ମୀସରାୟ ଆସନରେ କଂଗ୍ରେସର ଅମରେଶ କୁମାରଙ୍କୁ ପରାସ୍ତ କରିଛନ୍ତି। ଚନପଟିଆ ଆସନରେ ମନୀଷ କାଶ୍ୟପ ଜନସୁରାଜ ପାର୍ଟିରୁ ଲଢ଼ି ପରାସ୍ତ ହୋଇଛନ୍ତି। ବିଜେପିର ମଙ୍ଗଳ ପାଣ୍ଡେ ସବାନ ଆସନରୁ ଆରଜେଡିର ଅବଧବିହାରୀ ଚୌଧୁରୀଙ୍କୁ ୯, ୩୭୦ ଭୋଟ୍‌ରେ ପରାସ୍ତ କରିଛନ୍ତି। ଅଭିନେତା ପବନ ସିଂହଙ୍କ ପତ୍ନୀ ଜ୍ୟୋତି ସିଂହ କାରାକଟରୁ ସ୍ୱାଧୀନ ଭାବେ ଲଢ଼ି ପରାସ୍ତ ହୋଇଛନ୍ତି। ସେହିପରି ମହମ୍ମଦ ଶାହବୁଦ୍ଦିନଙ୍କ ପୁଅ ଓସାମା ଶହାବ ରଘୁନାଥପୁର ଆସନରେ ୯, ୨୪୮ ଭୋଟ୍‌ରେ ଜେଡିୟୁର ବିକାଶ କୁମାର ସିଂଙ୍କୁ ପରାସ୍ତ କରିଛନ୍ତି।

## ଲାଲ୍‌କିଲ୍ଲା ବିସ୍ଫୋରଣ: ମାଟିରେ ମିଶାଇ ଦିଆଗଲା ଆତଙ୍କବାଦୀ ଉମର୍‌ର ଘର

ନୂଆଦିଲ୍ଲୀ, ୧୪।୧୧(ଏଜେନ୍ସି): ରାଜଧାନୀ ଦିଲ୍ଲୀର ଲାଲ୍‌କିଲ୍ଲାରେ ହୋଇଥିବା ବିସ୍ଫୋରଣ ସହ ଏବେ ହରିୟାଣାର ନୁହ (ମେବାତ) ଜିଲ୍ଲାର ପିନଗବାଁ ଅଞ୍ଚଳ ଜଡିତ ହୋଇଛି। ବିସ୍ଫୋରଣ ମାମଲାରେ ଯାଞ୍ଚ କରୁଥିବା ଦିଲ୍ଲୀର ଏଜେନ୍ସିଗୁଡିକ ନୁହର ସାର ବିକ୍ରେତା ଦୀନେଶ ସିଙ୍ଗଲା ଉରଫ୍ ଡବୁକୁ ପଚରାଉଚରା କରିବା ସହ ତାକୁ ଗିରଫ କରିଛି। ଡବୁ ଅଲ ଫଲାହ ବିଶ୍ୱ ବିଦ୍ୟାଳୟର ଡାକ୍ତର ମୁଜାମ୍ମିଲ ସକିଲକୁ ବିନା କୌଣସି ରେକର୍ଡରେ ଆମୋନିୟମ ନାଇଟ୍ରେଟ୍ ଭଳି ବିସ୍ଫୋରକ ପଦାର୍ଥ ଉପଲବ୍ଧ କରାଇଥିଲେ। ଏହାପୂର୍ବରୁ ଜମ୍ମୁ-କଶ୍ମୀର କର୍ତ୍ତୃପକ୍ଷ ଡା ଉମର ନବୀର ପୁଲବାମାସ୍ଥିତ ବାସଗୃହକକୁ ଭାଙ୍ଗି ମାଟିରେ ମିଶାଇ ଦେଇଛନ୍ତି। ଉମର ଲାଲ୍‌କିଲ୍ଲା ବିସ୍ଫୋରଣରେ ମୃତ୍ୟୁବରଣ କରିଥିଲା। ଡିଏନ୍‌ଏ ପରୀକ୍ଷା ମାଧ୍ୟମରେ ଏହା ସ୍ପଷ୍ଟ ହୋଇଛି। ସୁରକ୍ଷାବଳ ଉମରର ଘରକୁ ଆଇଇଡି ଦ୍ୱାରା ବିସ୍ଫୋରଣରେ ଉଡାଇ ଦେଇଛି। ତା ପାଖରେ ଆମୋନିୟମ ନାଇଟ୍ରେଟ ରଖିବାର ଲାଇସେନ୍ସ ନ ଥିଲା। ଏହାକୁ ବିସ୍ଫୋରଣ ଘଟାଇବାରେ ବ୍ୟବହାର କରାଯାଇଥିଲା ବୋଲି କୁହାଯାଉଛି। ଉମର ବିସ୍ଫୋରଣ ବେଳେ କାର୍‌ରେ ଥିଲା। ସେ ପୁଲୱାମାର କୋଇଲ ଅଞ୍ଚଳରେ ରହୁଥିଲା। ଏପର୍ଯ୍ୟନ୍ତ ୫୦୦ ସ୍ଥାନରେ ଚଢ଼ାଉ କରାଯାଇଥିବା ବେଳେ ୬୦୦ରୁ ଊର୍ଦ୍ଧ୍ୱ ଲୋକଙ୍କୁ ପଚରା ଉଚରା କରାଯାଇଛି। ସେପଟେ ନୁହର ଜଣେ ଡାକ୍ତରଙ୍କୁ ମଧ୍ୟ ଏହି ମାମଲାରେ ଗିରଫ କରାଯାଇଛି। ଫଳରେ ମୁଖ୍ୟ ଅଭିଯୁକ୍ତଙ୍କ ସଂଖ୍ୟା ଏବେ ୯ ରେ ପହଞ୍ଚିଛି।

## ୧୫୦ କିମି ବେଗରେ ଖାଇକୁ ଖସିଲା କାର୍; ୫ ମୃତ

ରତଲାମ, ୧୪।୧୧(ଏଜେନ୍ସି): ମଧ୍ୟପ୍ରଦେଶର ରତଲାମ୍‌ରେ ନିୟନ୍ତ୍ରଣ ହରାଇ ଏକ କାର୍ ଖାଇକୁ ଖସିପଡ଼ିବା ଫଳରେ ଏକ ବଡ଼ ଧରଣର ଦୁର୍ଘଟଣା ଘଟିଛି। ଏଥିରେ ୫ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ଏମାନଙ୍କ ମଧ୍ୟରେ ୧୫ ବର୍ଷର ପିଲା ଓ ୬୦ ବର୍ଷର ଜଣେ ବରିଷ୍ଠ ନାଗରିକ ସାମିଲ ଅଛନ୍ତି। ସିସିଟିଭି କ୍ୟାମେରାରେ ଏହି ମର୍ମନ୍ତୁଦ ଦୁର୍ଘଟଣାର ଦୃଶ୍ୟ ରେକର୍ଡ ହୋଇଛି। ରତଲାମ ଜିଲ୍ଲାର ରାବଟି ଥାନା ଅନ୍ତର୍ଗତ ଭୀମପୁରା ଗାଁ ନିକଟରେ ମାହି ନଦୀ ପୋଲ ପୂର୍ବରୁ ଶୁକ୍ରବାର ସକାଳ ୭ଟାରେ ଏହି ଦୁର୍ଘଟଣା ଘଟିଥିଲା। ଦିଲ୍ଲୀ-ମୁମ୍ବାଇ ଏକ୍ସପ୍ରେସ ୱେରେ ରେଲିଂ ଭାଙ୍ଗି ଏହି ମହିନ୍ଦ୍ରା ଏସ୍‌ୟୁଭି ୭୦୦ ଗାଡି ଯାଇ ତଳେ ପଡ଼ିଥିଲା। ଡ୍ରାଇଭରଙ୍କୁ ହାଲ୍‌କା ନିଦ ଆସିବା ଫଳରେ ଏହି ଦୁର୍ଘଟଣା ଘଟିଥିଲା ବୋଲି ପୁଲିସ କହିଛି। କାର୍‌ରେ ବସିଥିବା ୪ ଜଣ ମୁମ୍ବାଇର ଓ ଜଣେ ଗୁଜରାଟ ଭଦୋଦରାର ବାସିନ୍ଦା। ସମସ୍ତେ ଦିଲ୍ଲୀରୁ ମୁମ୍ବାଇ ଯାଉଥିଲେ। ସମସ୍ତଙ୍କ ମୃତଦେହ ରତଲାମ ମେଡିକାଲ କଲେଜରେ ରଖାଯାଇଛି। ଦୁର୍ଘଟଣା ସ୍ଥଳିର ୧୦ ଫୁଟ୍ ଦୂରରେ ସ୍ପିଡ୍ ଗନ୍ ଲଗାଯାଇଛି ବୋଲି ନ୍ୟାସନାଲ ହାଇୱେ ଅଥରିଟି ଅଫ୍ ଇଣ୍ଡିଆ (ଏନ୍‌ଏଚ୍‌ଏଆଇ) ନିର୍ଦ୍ଦେଶକ ସନ୍ଦୀପ ପଟିଦାର କହିଛନ୍ତି। କାର୍‌ର ଗତି ଘଣ୍ଟାପ୍ରତି ୧୫୦ କିମି ଥିଲା ବୋଲି ଏଥିରୁ ସ୍ପଷ୍ଟ ହେଉଥିବା ସେ କହିଛନ୍ତି।



ବିହାର ବିଜୟ ପରେ ବିଜେପି ମୁଖ୍ୟାଳୟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ସମ୍ବର୍ଦ୍ଧିତ କରାଯାଉଛି।

## ବିକାଶ ଓ ସୁଶାସନର ବିଜୟ: ମୋଦୀ

ବିହାର ଲୋକମାନେ ବିଜୟ ବାନା ଉଡ଼ାଇଛନ୍ତି। ରାଜ୍ୟରେ ସୁଶାସନ, ବିକାଶ, ଜନକଲ୍ୟାଣ ଭାବନା ଏବଂ ସାମାଜିକ ନ୍ୟାୟର ବିଜୟ ହୋଇଛି। ବିହାର ଲୋକେ ଏନଡିଏକୁ ଅଭୂତପୂର୍ବ ଏବଂ ଐତିହାସିକ ବିଜୟର ଆଶୀର୍ବାଦ ଦେଇଛନ୍ତି। ଆଉ କେବେ ବି ରାଜ୍ୟକୁ ଜଙ୍ଗଲରାଜର ସରକାର ଫେରିବ ନାହିଁ। ଯେଉଁମାନେ ଛଟ୍ ପୂଜାକୁ ଡ୍ରାମା କହୁଥିଲେ, ସେମାନଙ୍କୁ ଜବାବ ମିଳିଛି। ବିଜେପି ମୁଖ୍ୟାଳୟରେ ଆୟୋଜିତ ବିଜୟ ଉତ୍ସବରେ ସାମିଲ ହୋଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହି ଟିପ୍ପଣୀ ଦେଇଛନ୍ତି। ସେ କହିଛନ୍ତି ଯେ ଗଙ୍ଗା ମାତା ବିହାରରୁ ପ୍ରବାହିତ ହୋଇ ପଶ୍ଚିମବଙ୍ଗ ଯାଉଛନ୍ତି। ପଶ୍ଚିମବଙ୍ଗରେ ବିଜେପିର ବିଜୟ ମାର୍ଗକୁ ବିହାର ପ୍ରଶସ୍ତ କରିଦେଇଛି। ବିଜେପି ଆପଣଙ୍କ ସହ ମିଶି ପଶ୍ଚିମବଙ୍ଗର ଜଙ୍ଗଲରାଜ ସରକାରକୁ ଭୁଶୁଡ଼ାଇ ଦେବ।

## ନିର୍ବାଚନ ନିରପେକ୍ଷ ନ ଥିଲା: ରାହୁଲ

ମହାମେଣ୍ଟ ଉପରେ ବିଶ୍ୱାସ ପ୍ରକଟ କରିଥିବା କୋଟି କୋଟି ମତଦାତାଙ୍କୁ ଗଭୀର କୃତଜ୍ଞତା ଜଣାଉଛି। ବିହାର ବିଧାନସଭା ନିର୍ବାଚନ ଫଳାଫଳ ଚକିତ କରିଦେଇଛି। ଆମେ ଏଭଳି ଏକ ନିର୍ବାଚନରେ ବିଜୟୀ ହୋଇପାରିଲୁ ନାହିଁ, ଯାହା ପ୍ରାରମ୍ଭରୁ ନିରପେକ୍ଷ ନ ଥିଲା। ଏହି ଲଢ଼େଇ ଗଣତନ୍ତ୍ର ଏବଂ ସମ୍ବିଧାନର ସୁରକ୍ଷା ପାଇଁ ଥିଲା। କଂଗ୍ରେସ ଏବଂ ମହାମେଣ୍ଟ 'ଇଣ୍ଡିଆ' ଏହି ଫଳାଫଳର ସମୀକ୍ଷା କରିବ ଏବଂ ଗଣତନ୍ତ୍ରକୁ ବଞ୍ଚାଇବା ପାଇଁ ଚାଲିଥିବା ପ୍ରୟାସକୁ ଅଧିକ ପ୍ରଭାବୀ କରାଯିବ ବୋଲି ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ କହିଛନ୍ତି।

# ବାଂଲାଦେଶରେ ପୁଣି ତେଜିଲା ହିଂସା

ଢ଼ାକା, ୧୪।୧୧(ଏଜେନ୍ସି): ବାଂଲାଦେଶର ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ ହସିନାଙ୍କ ବିରୋଧରେ କୋର୍ଟ ରାୟ ଦେବା ପୂର୍ବରୁ ସାରା ଦେଶରେ ହିଂସା ବୃଦ୍ଧି ପାଇଛି। ହାସିନାଙ୍କ ପାର୍ଟି ଅୱାମୀ ଲିଗ୍ କୋର୍ଟଙ୍କ ସମ୍ଭାବ୍ୟ ରାୟକୁ ବିରୋଧ କରି ସାରା ଦେଶରେ ଲକ୍‌ଡାଉନ୍ ପାଇଁ ଆହ୍ୱାନ ଦେଇଛି। କିନ୍ତୁ ଅୱାମୀ ଲିଗ୍‌କୁ ବିରୋଧ କରି ବାଂଲାଦେଶ ନ୍ୟାସନାଲ ପାର୍ଟି (ବିଏନ୍‌ପି) ଓ ବାଂଲାଦେଶ ଜମାତ-ଇ-ଇସ୍‌ଲାମୀ କାର୍ଯ୍ୟକର୍ତ୍ତାମାନେ ରାଜଧାନୀ ଢ଼ାକାର କିଛି ଅଞ୍ଚଳରେ ସଡ଼କକୁ ଓହ୍ଲାଇ ବିକ୍ଷୋଭ ପ୍ରଦର୍ଶନ କରିଥିଲେ।

ଏହାକୁ ନେଇ ବାଂଲାଦେଶ ପୁଣି ଅଶାନ୍ତ ହୋଇପଡ଼ିଛି। ଦେଶର ବିଭିନ୍ନ ସ୍ଥାନରେ ଆଜି ଦିନକେ ୩୨ଟି ସ୍ଥାନରେ ବୋମା ବିସ୍ଫୋରଣ ହୋଇଥିବା ବେଳେ ଉତ୍ତ୍ୟକ୍ତ ଲୋକେ ୧୨ଟି ବସ୍‌ରେ ନିଆଁ ଲଗାଇ ଦେଇଛନ୍ତି। ମିଳିଥିବା ସୂଚନା ଅନୁସାରେ ଢ଼ାକା ବିମାନ ବନ୍ଦର ନିକଟରେ

### ୩୨ଟି ସ୍ଥାନରେ ବୋମା ବିସ୍ଫୋରଣ

### ୧୨ଟି ବସ୍‌ରେ ନିଆଁ ଲଗାଇଦେଲେ

ଦୁଇଟି ବୋମା ବିସ୍ଫୋରଣ ହୋଇଥିଲା। କିନ୍ତୁ ଏଥିରେ କେହି ମୃତାହତ ହୋଇ ନାହାନ୍ତି। ଢାକା ସମେତ କେତୋଟି ବଡ଼ ସ୍କୁଲରେ କ୍ଲାସକୁ ଅନଲାଇନ୍ କରାଯାଇଛି। ସାଧାରଣ ଗମନାଗମନକୁ ସମ୍ପୂର୍ଣ୍ଣ ଭାବେ ବନ୍ଦ କରାଯାଇଛି। ରାଜଧାନୀ ଢାକାରେ ୪୦୦ ପାରା ମିଲିଟାରୀ ଯବାନଙ୍କୁ ନିୟୋଜିତ କରାଯାଇଛି।

ଉଲ୍ଲେଖଥାଉ କି ସୁପ୍ରିମକୋର୍ଟ ନଭେମ୍ବର ୧୭ରେ ହସିନାଙ୍କ ବିରୋଧରେ ଚାଲିଥିବା ମାନବୀୟ ଅପରାଧ ମାମଲା ବିରୋଧରେ ରାୟ ଶୁଣାଇବେ। ୨୦୨୪ରେ ଛାତ୍ର ଆନ୍ଦୋଳନ ଅବସରରେ ହସିନା ହିଂସା ପାଇଁ ଉସ୍‌କାଇଥିବାର ଅଭିଯୋଗ ହୋଇଥିଲା। ଅନ୍ୟପକ୍ଷରେ ହସିନା ଏହି ମାମଲାଗୁଡିକୁ ମିଥ୍ୟା ବୋଲି କହି ଆସିଛନ୍ତି। ଏହି ହିଂସା ପରେ ହସିନାଙ୍କୁ ଶାସନରୁ ଛାତ୍ର ଆନ୍ଦୋଳନ ମାଧ୍ୟମରେ ହଟାଇ ଦିଆଯାଇଥିଲା। ସେ ଏବେ ଭାରତରେ ଆଶ୍ରୟ ନେଇଛନ୍ତି।

# ପୁରୀକୁ ବିପଦ ବେଆଇନ ଲଜ୍, ହୋମ୍ ଷ୍ଟେ'

**ପୁରୀ,୧୪।୧୧(ସମିସ):** ଦିଲ୍ଲୀରେ ଆତଙ୍କବାଦୀ ବିସ୍ଫୋରଣ ପରେ ସାରା ଦେଶରେ ହାଇ-ଆଲର୍ଟ। ପୁରୀକୁ ପ୍ରତିଦିନ ଦେଶ ବିଦେଶରୁ ହଜାର ହଜାର ଭକ୍ତ ପର୍ଯ୍ୟଟକ ଆସୁଥିବାରୁ ଶ୍ରୀମନ୍ଦିର ସମେତ ଜିଲ୍ଲାରେ ସୁରକ୍ଷା ବ୍ୟବସ୍ଥାକୁ ଅଧିକ କଡ଼ାକଡ଼ି କରାଯାଇଛି। ହେଲେ ସୁରକ୍ଷାକୁ ନେଇ ଏକ ଗୁରୁତ୍ୱପୂର୍ଣ୍ଣ କଥା ଏବେ ସାମ୍ନାକୁ ଆସିଛି। ବର୍ତ୍ତମାନ ସ୍ଥିତିରେ ଶ୍ରୀମନ୍ଦିର ଓ ପୁରୀ ସହର ପାଇଁ ବଡ଼ ବିପଦ ସାଜିଛି ବେଆଇନ ଲଜିଂ। ସବୁଆଡ଼େ ଛତୁ ଫୁଟିଲା ଭଳି ଖୋଲିଛି ବେଆଇନ ଲଜିଂ, ହୋମ୍ ଷ୍ଟେ। ଏହି ଲଜିଂ ତଥା ହୋମ୍‌ଷ୍ଟେଗୁଡ଼ିକ ମଧ୍ୟରୁ ଅଧିକାଂଶର ପୁରୀ ପୌରପାଳିକା ପ୍ରଦାନ କରୁଥିବା ଟ୍ରେଡ୍ ଲାଇସେନ୍ସ ନାହିଁ। ଗୁଣ୍ଡିଚା ମନ୍ଦିର ଓ ଶ୍ରୀମନ୍ଦିର ଚତୁଃପାର୍ଶ୍ୱରେ ନିଜେ ରହୁଥିବା ଘରେ ବି କିଛି ଲୋକ ଯାତ୍ରୀଙ୍କୁ ରଖି ଟଙ୍କା ଆଦାୟରେ ଲାଗିଛନ୍ତି।

ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ରହୁଥିବା ଯାତ୍ରୀଙ୍କଠାରୁ କୌଣସି ପରିଚୟପତ୍ର ରଖାଯାଉନାହିଁ। କେଉଁ ଯାତ୍ରୀ କେଉଁ ସ୍ଥାନରୁ ଆସିଛନ୍ତି, କୌଣସି ସୂଚନା ରହୁନାହିଁ, ଯାହାକି ପୁରୀ ସହର ପାଇଁ ବଡ଼ ବିପଦ ସୃଷ୍ଟି କରୁଥିବା ଅଭିଯୋଗ ହେଉଛି। କମ୍ ସମୟରେ ଆଉ ସହଜରେ କିପରି ଅର୍ଥ ରୋଜଗାର କରିହେବ କିଛି ଲୋକ ଏବେ ଏହିଭଳି ବେଆଇନ ଲଜିଂକୁ ଭରସା

## ପ୍ରଶାସନ ପାଖରେ ରହୁନି ଯାତ୍ରୀଙ୍କ ତଥ୍ୟ

କରିଛନ୍ତି। ନିଜ ଘରକୁ ହୋମ୍ ଷ୍ଟେ' ବ୍ୟବସାୟରେ ଲଗାଇ ଭଲ ରୋଜଗାର କରୁଛନ୍ତି, କିନ୍ତୁ ଆଉ କୌଣସି ଗାଇଡ୍‌ଲାଇନ୍ ପାଳନ କରୁନାହାନ୍ତି। ଯାତ୍ରୀଙ୍କୁ ରଖିବା ଲାଗି ଯେଉଁ ସୁରକ୍ଷା ବ୍ୟବସ୍ଥା ରହିବା କଥା ତାହା ଆଦୌ ନାହିଁ, ଯାହାକି ସହର ପାଇଁ ବିପଦ ସୃଷ୍ଟି କରୁଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଯଦି କେହି ଦୁର୍ବୃତ୍ତ ଏହି ବେଆଇନ ଲଜ୍‌ରେ ରହି କିଛି ଅଘଟଣ ପାଇଁ ଷଡ଼ଯନ୍ତ୍ର କରେ ତେବେ ସେ ସଫଳ ହେବେ ଏଥିରେ ସନ୍ଦେହ ନାହିଁ।

ପୁରୀ ସହର ଛୋଟବଡ଼ ହୋଟେଲ,



ଗେଷ୍ଟହାଉସ୍, ଲଜିଂ, ଧର୍ମଶାଳାକୁ ହିସାବକୁ ନେଲେ ଏହି ସଂଖ୍ୟା ପ୍ରାୟ ୧୨୦୦ରୁ ଅଧିକ ହେବ। ପ୍ରତିଦିନ ହଜାର ହଜାର ପର୍ଯ୍ୟଟକ, ଶ୍ରଦ୍ଧାଳୁ ଏଠାରେ ରୁହନ୍ତି। ତେବେ ଯାତ୍ରୀଙ୍କୁ ରଖିବାକୁ ହେଲେ ପୁରୀ ପୌରପାଳିକାଠାରୁ ଟ୍ରେଡ୍ ଲାଇସେନ୍ସ ଓ ପଞ୍ଜୀକରଣ ବାଧ୍ୟତାମୂଳକ। ପର୍ଯ୍ୟଟକଙ୍କ ସୁରକ୍ଷା ପାଇଁ ଫାୟାର ସେଫ୍ଟି, ପାର୍କିଂ ବ୍ୟବସ୍ଥା ରହିବା ଜରୁରୀ। ଯେଉଁ ଯାତ୍ରୀମାନେ ରହିବେ, ସେମାନଙ୍କ ସଠିକ୍ ବୈଧ ପରିଚୟପତ୍ର ରଖିବା ଓ ରେଜିଷ୍ଟରରେ ନାମଲେଖା ସହ ଯିବାଆସିବା ସମୟ ଲେଖିବା ବାଧ୍ୟତାମୂଳକ। କୌଣସି ବିଦେଶୀ ବ୍ୟକ୍ତି କିମ୍ବା ସନ୍ଦିଗ୍ଧ ବ୍ୟକ୍ତି ଆସିଲେ ତୁରନ୍ତ ସ୍ଥାନୀୟ ପୁଲିସକୁ ଖବର ଦେବାର ନିୟମ ରହିଛି। ନିୟମ ଉଲ୍ଲଂଘନ କଲେ ଲାଇସେନ୍ସ ବାତିଲ୍ ସହ ଜରିମାନା ଓ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ମଧ୍ୟ ରହିଛି। ହେଲେ ଏହାକୁ ଭ୍ରୂକ୍ଷେପ ନ କରି କେତେକ ବ୍ୟକ୍ତି ନିଜର ଆବାସିକ ଘରକୁ ବେଆଇନ ଭାବେ ବିନା ପଞ୍ଜୀକରଣରେ ହୋମ୍ ଷ୍ଟେ ତଥା ଲଜ୍‌ରେ ପରିଣତ କରି ବେପାର ଚଳାଇଛନ୍ତି। ପଞ୍ଜୀକରଣ କରି ନ ଥିବା ହେତୁ ଏଠାରେ କେଉଁ ବ୍ୟକ୍ତି ଆସି ରହିଛନ୍ତି, ସେନେଇ ପୁଲିସ କିମ୍ବା ପ୍ରଶାସନ ନିକଟର ସୂଚନା ରହୁନାହିଁ। ଏହାକୁ ନେଇ ବୁଦ୍ଧିଜୀବୀ ଉଦ୍‌ବେଗ ପ୍ରକାଶ କରିଛନ୍ତି। ଏହି ବେଆଇନ କାର୍ଯ୍ୟକୁ ରୋକାନଗଲେ ଆଗାମୀ ଦିନରେ ଏହା ସୁରକ୍ଷା ବ୍ୟବସ୍ଥାକୁ ବଡ଼ ବିପଦ ହେବ ବୋଲି ପୁଲିସକୁ ବୁଦ୍ଧିଜୀବୀ ସତର୍କ କରାଇଛନ୍ତି।

ବିଶେଷକରି ଶ୍ରୀମନ୍ଦିର ଓ ଗୁଣ୍ଡିଚା ମନ୍ଦିର ଚତୁଃପାର୍ଶ୍ୱରେ ଏଭଳି ମାଳମାଳ ବେଆଇନ ଲଜିଂ, ହେମ୍ ଷ୍ଟେ ଖୋଲିଛି। ଗୁଣ୍ଡିଚା ମନ୍ଦିରକୁ ଲାଗି ରହିଥିବା ଘରଗୁଡ଼ିକ ରାତାରାତି ହୋମ୍ ଷ୍ଟେ ତଥା ଲଜ୍‌ରେ ପରିଣତ କରି ବେପାର ଚଳାଇଛନ୍ତି। ଏଠାରେ ଯେଉଁମାନେ ରହୁଛନ୍ତି ସେମାନଙ୍କ ସମ୍ପର୍କରେ କୌଣସି ତଥ୍ୟ ପ୍ରଶାସନ ପାଖରେ ରହୁନାହିଁ। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଯାତ୍ରୀ ଭାବେ ପରିଚୟ ଦେଇ ଏଠାରେ ଅନ୍ୟ କେହି ବି ରହି କୌଣସି ବଡ଼ଧରଣର ଅଘଟଣ ଘଟାଇପାରେ। ତେଣୁ ଏସବୁ ଦିଗ ପ୍ରତି ପ୍ରଶାସନ ଧ୍ୟାନ ଦେବାକୁ ବୁଦ୍ଧିଜୀବୀ ମହଲରେ ଦାବି ହୋଇଛି। ପୂର୍ବ ସରକାର ସମୟରେ ଗୁଣ୍ଡିଚା ମନ୍ଦିର ଚତୁଃପାର୍ଶ୍ୱର କିଛି ଅଞ୍ଚଳ ଉଚ୍ଛେଦ ପାଇଁ ନିଷ୍ପତ୍ତି ନିଆଯାଇଥିଲା। ହେଲେ ଏହି ନିଷ୍ପତ୍ତି ଏବେ ଫାଇଲ୍ ତଳେ ଚାପି ହୋଇରହିଛି।


## ୬ ଡିଗ୍ରୀକୁ ଖସିଲା ପାରଦ

**ସେମିଳିଗୁଡ଼ା ସବୁଠୁ ଥଣ୍ଡା**

**ଭୁବନେଶ୍ୱର, ୧୪।୧୧ (ସମିସ):** ରାଜ୍ୟର ଅଧିକାଂଶ ସ୍ଥାନରେ ଥଣ୍ଡା ଜାରି ରହିଛି। କ୍ରମାଗତ ଭାବେ ତାପମାତ୍ରା ହ୍ରାସ ପ୍ରଭାବରେ ଚଳିତବର୍ଷ ରାଜ୍ୟରେ ପ୍ରଥମଥର ପାଇଁ କିଛି ସ୍ଥାନରେ ଶୀତ ଲହରୀ ଅନୁଭୂତ ହୋଇଛି। ଲଗାତାର ଦୁଇ ଦିନ ହେବ, ଭୁବନେଶ୍ୱର ଓ ଫୁଲବାଣୀରେ ତାପମାତ୍ରା ସ୍ୱାଭାବିକ ତୁଳନାରେ ୫ଡିଗ୍ରୀ ତଳେ ରହିଥିବା ହେତୁ ଏଠାରେ ଶୀତ ଲହରୀ ସୃଷ୍ଟି ହୋଇଛି। ଏହାବ୍ୟତୀତ, ଗତ ୨୪ ଘଣ୍ଟା ମଧ୍ୟରେ ରାଜ୍ୟରେ ପ୍ରଥମଥର ପାଇଁ ପାରଦ ୬ ଡିଗ୍ରୀ ଛୁଇଁଛି। କୋରାପୁଟର ସେମିଳିଗୁଡ଼ାଠାରେ ତାପମାତ୍ରା ସର୍ବନିମ୍ନ ୬.୩ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ୧୦ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରେକର୍ଡ ହୋଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ଜି. ଉଦୟଗିରିରେ ୭, ଦାରିଙ୍ଗବାଡ଼ିରେ ୭.୫, ଫୁଲବାଣୀରେ ୮.୨, ଝାରସୁଗୁଡ଼ା ଓ ଚିପିଲିମାରେ ୧୧ ଡିଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ସେହିପରି ଭୁବନେଶ୍ୱର ଓ କଟକରେ ତାପମାତ୍ରା ୧୪.୮ ଡିଗ୍ରୀ ରହିଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଆସନ୍ତା ୩ ଦିନ ମଧ୍ୟରେ ତାପମାତ୍ରାରେ ବିଶେଷ ପରିବର୍ତ୍ତନ ହେବ ନାହିଁ। ଏହା ପରେ କିଛି କିଛି ସ୍ଥାନରେ ତାପମାତ୍ରାରେ ସାମାନ୍ୟ ବୃଦ୍ଧି ଘଟିପାରେ।

## ତିନି ବାଘଙ୍କ ଶିକାର ଭିଡିଓ ଶିମିଳିପାଳର ନୁହେଁ: ଆର୍‌ସିସିଏଫ୍

**ବାରିପଦା, ୧୪।୧୧(ସମିସ):** ଜାତୀୟ ଉଦ୍ୟାନ ଶିମିଳିପାଳ ଅଭୟାରଣ୍ୟରେ ତିନିଟି ବାଘ ଏକ ହରିଣକୁ ଶିକାର କରୁଥିବାର ଭିଡିଓ ସୋସିଆଲ ମିଡିଆ 'ଏକ୍ସ'ରେ ଭାଇରାଲ ହେବାରେ ଲାଗିଛି। ୨୪ ସେକେଣ୍ଡ ବିଶିଷ୍ଟ ଏହି ଭିଡିଓରେ ୩ଟି ବାଘ ଏକ ହରିଣକୁ ଶିକାର କରି ଖାଇବା ଦୃଶ୍ୟ ଦେଖିବାକୁ ମିଳିଛି। ବାଘଙ୍କ କବଳରୁ ହରିଣଟି ବଞ୍ଚିବାକୁ ଉଦ୍ୟମ କରୁଥିବା ବେଳେ ଗୋଟିଏ ବାଘ ବେକକୁ କାମୁଡ଼ି ମାଡ଼ି ବସିବା ପରେ ଅନ୍ୟ ୨ଟି ବାଘ ଆକ୍ରମଣ କରୁଛନ୍ତି। ଏହା ଶିମିଳିପାଳର ଚହଲା ନିକଟ ଏକ ଘଞ୍ଚ ଜଙ୍ଗଲର ଦୃଶ୍ୟ ହୋଇଥିବା ଦର୍ଶାଇ ଜଣେ ବଙ୍ଗୀୟ ପର୍ଯ୍ୟଟକ ତାଙ୍କ ଏକ୍ସ ଆକାଉଣ୍ଟରେ ପୋଷ୍ଟ କରିଛନ୍ତି। ତେବେ, ଏହାକୁ ଖଣ୍ଡନ କରିଛନ୍ତି ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ ନିର୍ଦ୍ଦେଶକ ତଥା ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷକ ଡା. ପ୍ରକାଶଚାନ୍ଦ ଗୋଗେନାନୀ। ସେ କହିଛନ୍ତି ଯେ ଏହି ଭିଡିଓ ଶିମିଳିପାଳ ଅଞ୍ଚଳର ନୁହେଁ। ଇଣ୍ଟରନେଟ୍‌ରୁ ସଂଗୃହୀତ ଏହି ଭିଡିଓଟି ମହାରାଷ୍ଟ୍ର ପିଞ୍ଚ ବ୍ୟାଘ୍ର ପ୍ରକଳ୍ପ ଅଞ୍ଚଳର। ଶିମିଳିପାଳରେ ମହାରାଷ୍ଟ୍ରର ବାଘୁଣୀ ଜିନତ୍ ଏବଂ ଶିମିଳିପାଳ ଲ୍ୟାଣ୍ଡସ୍କେପ ହଦଗଡ଼ ଓ କୁଲଡିହା ମଧ୍ୟରେ ବିଚରଣ କରୁଛି ଯମୁନା। ଏଥିସହ ୩୯ ରୁ ଅଧିକ ମହାବଳ ବାଘ ନିର୍ଦ୍ଦିଷ୍ଟ ଅଞ୍ଚଳରେ ରହିଛନ୍ତି ବୋଲି ସେ କହିଛନ୍ତି।



## ଭିଜିଲାନ୍ସ ଜାଲରେ କନିଷ୍ଠ କିରାଣି

**ମୋରଡ଼ା, ୧୪।୧୧(ସମିସ):** ଲାଞ୍ଚ ନେଇ ଭିଜିଲାନ୍ସ ଜାଲରେ ମୋରଡ଼ା ବ୍ଲକ୍ କାର୍ଯ୍ୟାଳୟର କନିଷ୍ଠ କିରାଣୀ ପାର୍ଥଶଙ୍କର ଚେଲ। ଜଣେ ଅବସରପ୍ରାପ୍ତ କର୍ମଚାରୀଙ୍କ ଅବସରକାଳୀନ କାଗଜପତ୍ରର କ୍ଲିୟରାନ୍ସ ପାଇଁ ସେ ୨ ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ଭିଜିଲାନ୍ସ ଅଧିକାରୀମାନେ ତାଙ୍କୁ ମାଡ଼ି ବସିଛନ୍ତି।

ସୂଚନାନୁଯାୟୀ, ବଡ଼ସାହି ଥାନା ଅନ୍ତର୍ଗତ ଚନ୍ଦନପୁର ଗ୍ରାମର ଗଦାଧର ସୋରେନ ଜଣେ ଅବସରପ୍ରାପ୍ତ କର୍ମଚାରୀ। ସେ ପୂର୍ବରୁ ମୋରଡ଼ା ବ୍ଲକ୍ ଅଫିସ୍‌ରେ କାର୍ଯ୍ୟରତ ଥିଲେ। ତାଙ୍କର ଅବସରକାଳୀନ କାଗଜପତ୍ର କ୍ଲିୟରାନ୍ସ ପାଇଁ ପାର୍ଥ ତାଙ୍କୁ ୨ ହଜାର ଟଙ୍କା ଲାଞ୍ଚ ମାଗିଥିଲେ। ଏ ସଂପର୍କରେ ଗଦାଧର ଭିଜିଲାନ୍ସର ଦ୍ୱାରସ୍ଥ ହେବାରୁ ତାଙ୍କୁ ଧରିବା ପାଇଁ ଜାଲ ବିଛାଯାଇଥିଲା। ଆଜି ଅଫିସ୍ ଭିତରେ ପାର୍ଥ ଲାଞ୍ଚ ଟଙ୍କା ନେଉଥିବା ବେଳେ ସେଠାରେ ପୂର୍ବରୁ ଛପି ରହିଥିବା ଭିଜିଲାନ୍ସ ଅଧିକାରୀମାନେ ତାଙ୍କୁ ମାଡ଼ି ବସିଥିଲେ। ତେବେ ଭିଜିଲାନ୍ସକୁ ଦେଖି ପାର୍ଥ ଉକ୍ତ ଟଙ୍କାକୁ ଫିଙ୍ଗି ଦେଇଥିଲେ। ଭିଜିଲାନ୍ସ ଟିମ୍ ତାଙ୍କ ହାତକୁ କେମିକାଲଯୁକ୍ତ ପାଣିରେ ଧୋଇବା ପରେ ସେ ଲାଞ୍ଚ ନେଇଥିବା ପ୍ରମାଣ ମିଳିଥିଲା। ଭିଜିଲାନ୍ସ ତାଙ୍କୁ ଅଟକ ରଖି ଅଧିକ ପଚରାଉଚରା କରୁଛି। ଏହି ଚଢ଼ଉରେ ଭିଜିଲାନ୍ସ ଡିଏସ୍‌ପି ସିକନ୍ଦର ହେମ୍ବ୍ରମ, ଇନ୍ସପେକ୍ଟର୍ ବିକାଶ ରଞ୍ଜନ ସ୍ୱାଇଁ, ଛବିରାଣୀ ହେମ୍ବ୍ରମ, ଲଳିତ ରାଉତ, ଚତୁର୍ଭୁଜ ଚମ୍ପିଆ ପ୍ରମୁଖ ସାମିଲ ଥିଲେ।



**୨ ହଜାର ଟଙ୍କା ଲାଞ୍ଚ ନେବା ବେଳେ ମାଡ଼ି ବସିଲା ଭିଜିଲାନ୍ସ**

## ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ 'ଲୋଗୋ' ଉନ୍ମୋଚିତ

**ପ୍ରଥମ ପର୍ଯ୍ୟାୟରେ ୨୨୦୦ ବିଦ୍ୟାଳୟ ପାଇଁ ଖର୍ଚ୍ଚ ହେବ ପ୍ରାୟ ୧୨ ହଜାର କୋଟି**



**ଭୁବନେଶ୍ୱର, ୧୪।୧୧(ସମିସ):** ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ ଯୋଜନାର 'ଲୋଗୋ'କୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଉନ୍ମୋଚନ କରିଛନ୍ତି। ଲୋକସେବା ଭବନରେ ଶୁକ୍ରବାର ଏହାକୁ ଉନ୍ମୋଚନ କରି ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଲୋଗୋର ମଧ୍ୟ ଭାଗରେ ଖୋଲା ପୁସ୍ତକ ସହ କଲମମୁନ ରହିଛି। ଖୋଲା ପୁସ୍ତକ ଶିକ୍ଷା ଏବଂ ବୌଦ୍ଧିକ ଶକ୍ତିର ଜାଗରଣକୁ ବୁଝାଉଥିବା ବେଳେ କଲମମୁନ ସୃଜନଶୀଳତା ଓ ପ୍ରକାଶନକୁ ପ୍ରତିଫଳିତ କରୁଛି। କଲମମୁନର ଉପରି ଭାଗରେ ଜଳୁଥିବା ମଶାଲ, ଜ୍ଞାନ ଓ ସତ୍ୟର ପ୍ରତୀକ ସଦୃଶ। ଏହା ଅଜ୍ଞାନତା ଦୂର କରି ପ୍ରଗତିକୁ ପ୍ରୋତ୍ସାହିତ କରିଥାଏ।

ଓଡ଼ିଆ ସଂସ୍କୃତିକୁ ବହନ କରୁଥିବା ଏହି ଲୋଗୋ ଶିକ୍ଷାର ମହତ୍ୱ ଓ ଭୂମିକାକୁ ପ୍ରତିଫଳିତ କରୁଛି ଏବଂ ଛାତ୍ରଛାତ୍ରୀଙ୍କ ସ୍ୱପ୍ନକୁ ଜାଗରିତ କରିବ। ମଶାଲ ଚାରିପାଖରେ ବିଚ୍ଛୁରିତ କିରଣ ନୈତିକ ଆଲୋକର ପ୍ରତୀକ। ସେହିପରି ବୃତ୍ତାକାର ରୂପ ଏକତା, ଅନ୍ତର୍ଭୁକ୍ତୀ ଏବଂ ସମନ୍ୱୟକୁ ପ୍ରତିଫଳିତ କରୁଥିବା ବେଳେ ତିନୋଟି ତାରା ଯଥାକ୍ରମେ ଜ୍ଞାନ, ଚରିତ୍ର ଓ ସେବାକୁ ପ୍ରତିନିଧିତ୍ୱ କରୁଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

କାର୍ଯ୍ୟକ୍ରମରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି ଯେ ଏହି ଯୋଜନାରେ ଛାତ୍ରଛାତ୍ରୀଙ୍କୁ ସାମାଜିକ ଏବଂ ଶୈକ୍ଷିକ କ୍ଷେତ୍ରରେ ସଶକ୍ତ କରିବ। ଏହା କେବଳ ଏକ ଶିକ୍ଷା ସଂସ୍କାର ଯୋଜନା ନୁହେଁ, ବରଂ ଏକ ସଂକଳ୍ପ ବୋଲି ସେ କହିଛନ୍ତି। ଏହି ଯୋଜନାରେ ପ୍ରଥମ ପର୍ଯ୍ୟାୟରେ ୨୨୦୦ ବିଦ୍ୟାଳୟକୁ ସୁଦୃଢ଼ କରାଯିବ। ଏଥିପାଇଁ ପ୍ରାୟ ୧୨ହଜାର କୋଟି ଟଙ୍କା ଖର୍ଚ୍ଚ ହେବ। ଆଗାମୀ ଚାରି ବର୍ଷ ଅର୍ଥାତ୍ ୨୦୨୫-୨୬ରୁ ୨୦୨୮-୨୯ ଆର୍ଥିକ ବର୍ଷ ମଧ୍ୟରେ ଏହି ଅର୍ଥ ଖର୍ଚ୍ଚ କରାଯିବ। ପ୍ରତି ପଞ୍ଚାୟତରେ ଗୋଟିଏ ଲେଖାଏଁ ବିଦ୍ୟାଳୟ ହେବାକୁ ଥିବା ବେଳେ ଅନ୍ୟୁନ ୫ଏକର ସରକାରୀ ଜମି ସହ ଗମନାଗମନ ସୁବିଧା ଥିବା ସ୍ଥାନକୁ ପ୍ରାଥମିକତା ଦିଆଯିବ। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ମୁଖ୍ୟମନ୍ତ୍ରୀଙ୍କ ପ୍ରମୁଖ ସଚିବ ଶାଶ୍ୱତ ମିଶ୍ର, ଗଣଶିକ୍ଷା ବିଭାଗର ସଚିବ ଡ. ଏନ୍ ତିରୁମାଲା ନାଏକ, ଓସେପା ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶିକା ଅନନ୍ୟା ଦାସ, ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକ ବାଳ ମୁକୁନ୍ଦ ଭୂୟାଁ ପ୍ରମୁଖ ଉପସ୍ଥିତ ଥିଲେ।

## ଜନମତକୁ ଏପଟସେପଟ କରାଯାଇଛି: ଦେବୀ ମିଶ୍ର

**ଭୁବନେଶ୍ୱର,୧୪।୧୧(ସମିସ):** ସରକାରୀ କଳ ଏବଂ ବଳ ଦ୍ୱାରା ବିଜେପି ନିର୍ବାଚନ ବିଜୟ ହାସଲ କରିଛି। ଅନେକ ସମସ୍ୟା ନେଇ ନୂଆପଡ଼ାବାସୀ ମୁହଁ ଖୋଲୁଥିଲେ। ହେଲେ ୯ ତାରିଖ ସକାଳ ପର୍ଯ୍ୟନ୍ତ ବିଜେଡି ସପକ୍ଷରେ ଥିବା ଜନାଦେଶ ପରିବର୍ତ୍ତନ ସମସ୍ତଙ୍କୁ ବ୍ୟଥିତ କରିଛି ବୋଲି ବିଜେଡି ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର କହିଛନ୍ତି। ସେ କହିଛନ୍ତି ଯେ, ବିଜେଡି ଅନେକ ଉପନିର୍ବାଚନ ସାମ୍ନା କରିଛି। ଏଥିରେ ଦଳ ଅନେକ ଉପନିର୍ବାଚନ ଜିତିଛି ଓ ହାରିଛି। ହେଲେ ନୂଆପଡା ଉପନିର୍ବାଚନ ଫଳାଫଳ କିଛି ଅଲଗା ଆଭାସ ଦେଉଛି। ସେ କହିଛନ୍ତି ଦଳ ତରଫରୁ ଯାହା ଆମେ ଆଶଙ୍କା କରିଥିଲୁ, ତାହା ସତ ପ୍ରମାଣିତ ହୋଇଛି। ଜନମତକୁ ଏପଟସେପଟ କରାଯାଇଛି। ସାଇଲେଣ୍ଟ ପିରିଅଡରେ ଶାସକ ଦଳ ପକ୍ଷରୁ ବ୍ୟବହାର ହୋଇଛି। ଶାସକ ଦଳ ଓ ସରକାରୀ କଳ ସାଇଲେଣ୍ଟ ପିରିଅଡକୁ ମ୍ୟାନୁପୁଲେସନ କରିଛନ୍ତି। ଏହାର ପ୍ରତିଫଳନ ଫଳାଫଳରେ ଦେଖିବାକୁ ମିଳିଛି। ଲୋକଙ୍କ ଭାବନା ଏତେ ବଡ଼ ପରିବର୍ତ୍ତନ ଚକିତ କରିଛି। ୯ ତାରିଖ ସକାଳ ଯାଏ ଯେଉଁ ମତ ଥିଲା, ତାହା ପରିବର୍ତ୍ତନ ହୋଇଛି। ଏହା ହିଁ ଚକିତ କରୁଛି। ଜନସାଧାରଣ ଜାଣିଛନ୍ତି ନବୀନ ବାବୁ ଓଡ଼ିଶାର ପ୍ରିୟତମ ନେତା। ନୂଆପଡାରେ ଅନୁକମ୍ପା ଅପେକ୍ଷା ଟ୍ରିପଲ ଇଞ୍ଜିନ ସରକାରର ମାଇକ୍ରୋ ମ୍ୟାନେଜମେଣ୍ଟ ଫଳାଫଳକୁ ପ୍ରଭାବିତ କରିଛି। ଓଡିଶାର ବିଜେପି ସରକାର, ଛତିଶଗଡ଼ର ବିଜେପି ସରକାର ଓ କେନ୍ଦ୍ରର ବିଜେପି ସରକାରଙ୍କ କଳ ଓ ବଳ ଲାଗିଥିଲା। ନିର୍ବାଚନ ପର୍ଯ୍ୟବେକ୍ଷକ ମଧ୍ୟ ନିରବଦ୍ରଷ୍ଟା ସାଜିଥିଲେ। ଛତିଶଗଡ଼କୁ ଲାଗି ରହିଥିବା ନୂଆପଡାର ଅଞ୍ଚଳରେ ପୂର୍ବରୁ ମଧ୍ୟ ପଛରେ ରହୁଥିଲା। ଉପନିର୍ବାଚନରେ ଏତେ ସଂଖ୍ୟକ ଭୋଟ ପଡ଼ିବା ନଜିର ନାହିଁ। ଉପନିର୍ବାଚନରେ ୮୩ ପ୍ରତିଶତରୁ ଅଧିକ ଭୋଟିଂ ହେବା ସନ୍ଦେହ ସୃଷ୍ଟି କରୁଛି। ୪୧ ବୁଥରେ ହାରାହାରି ୯୧ରୁ ୯୪ ପ୍ରତିଶତ ଭୋଟିଂ ହୋଇଛି। ଭୋଟିଂ ବୁଥକୁ ସିଜ କରିବା ଅଭିଯୋଗ ମଧ୍ୟ ଆସିଛି। ଦାଦନ ଭାବରେ କାମ କରୁଥିବା ଲୋକଙ୍କ ନାଁରେ ଭୋଟ ଦିଆଯାଇଥିବା ସନ୍ଦେହ ହେଉଛି। ନହେଲେ ଏତେ ପରିମାଣର ଭୋଟିଂ ହୋଇନଥାନ୍ତା। ଏହାକୁ ତଦନ୍ତ କଲେ ଜଣାପଡିବ। ଗଣତାନ୍ତ୍ରିକ ପ୍ରକ୍ରିୟାରେ ଅଧିକ ଭୋଟ ଦେଲେ ଭଲ। ମାତ୍ର ଲୋକ ନଆସି ଭୋଟ ପଡିଲେ ଭୟଙ୍କର ହୁଏ ବୋଲି ଶ୍ରୀ ମିଶ୍ର କହିଛନ୍ତି।



## ଅର୍ଥ ବଳର ନଗ୍ନ ପ୍ରଦର୍ଶନ କରି ଶାସକ ଦଳ ନିର୍ବାଚନ ଜିତିଲା: କଂଗ୍ରେସ

**ଭୁବନେଶ୍ୱର,୧୪।୧୧(ସମିସ):** ନୂଆପଡ଼ା ଉପନିର୍ବାଚନରେ ବିଜେପିର ବିଜୟ ହୋଇଛି। ବିଜୟୀ ପ୍ରାର୍ଥୀ ଦଳକୁ କଂଗ୍ରେସ ଅଭିନନ୍ଦନ ଜଣାଇଥିଲେ ମଧ୍ୟ ଏହି ବିଜୟକୁ ଦଳ ସହଜରେ ଗ୍ରହଣ କରିପାରୁ ନାହିଁ। ଦଳ ପକ୍ଷରୁ ଏକ ପ୍ରେସ୍‌ବାର୍ତ୍ତାରେ କୁହାଯାଇଛି, ନୂଆପଡ଼ା ଉପନିର୍ବାଚନରେ ଶାସକ ଦଳ ଯେପରି ଅର୍ଥ ବଳର ନଗ୍ନ ପ୍ରଦର୍ଶନ କଲା, ତାହା ଭାରତୀୟ ନିର୍ବାଚନୀ ଇତିହାସରେ ସମସ୍ତ ରେକର୍ଡକୁ ଅତିକ୍ରମ କରିଯାଇଛି। ନିର୍ବାଚନ ଆୟୋଗ ଓ ଅଧିକାରୀମାନଙ୍କ ବ୍ୟାପକ ପକ୍ଷପାତିତା ବଳରେ ଶାସକ ଦଳ ପ୍ରାର୍ଥୀ ପୁଲିସ ଓ ପ୍ରଶାସନକୁ ବ୍ୟବହାର କରି ଭୋଟରମାନଙ୍କୁ ପ୍ରଲୋଭିତ କରାଇବାରେ ସକ୍ଷମ ହେଲେ। ଆଦର୍ଶ ଆଚରଣ ବିଧି ବାରମ୍ବାର ଖୋଲାଖୋଲି ଉଲଂଘନ ହେଉଥିବା ସତ୍ତ୍ୱେ କର୍ତ୍ତୃପକ୍ଷ ନିରବଦ୍ରଷ୍ଟା ସାଜିଲେ।

ଅନ୍ୟପଟେ ପୂର୍ବରୁ ନିକଟ ଅତୀତରେ ରାଜ୍ୟରେ ଅନୁଷ୍ଠିତ ଉପନିର୍ବାଚନଗୁଡ଼ିକରେ କଂଗ୍ରେସର ପ୍ରଦର୍ଶନ ନୈରାଶ୍ୟଜନକ ରହିଥିବା ବେଳେ ସମସ୍ତ ପ୍ରତିକୂଳ ପରିସ୍ଥିତି ସତ୍ତ୍ୱେ ଏ ଥରର ନିର୍ବାଚନରେ କଂଗ୍ରେସ ଦ୍ୱିତୀୟ ସ୍ଥାନରେ ରହିଛି। ଏହା କଂଗ୍ରେସର କ୍ରମବର୍ଦ୍ଧିଷ୍ଣୁ ଲୋକପ୍ରିୟତାର ପ୍ରମାଣ ବୋଲି ଦଳର ମିଡିଆ ସେଲ୍ ଅଧ୍ୟକ୍ଷ ଅରବିନ୍ଦ ଦାସ କହିଛନ୍ତି। ସେ କହିଛନ୍ତି, ଏହା ଆଗାମୀ ଦିନରେ ଓଡ଼ିଶା ରାଜନୀତିକୁ ଯେ ପ୍ରଭାବିତ କରିବ ଏଥିରେ ସନ୍ଦେହ ନାହିଁ। ସମସ୍ତଙ୍କ ମଧ୍ୟରୁ ଯୋଗ୍ୟତମ ପ୍ରାର୍ଥୀ ଘାସିରାମ ମାଝୀ ଏଥର କଳାହାଣ୍ଡିର ପୂର୍ବତନ ସାଂସଦ ତଥା ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ନେତୃତ୍ୱରେ କଂଗ୍ରେସ ପ୍ରାର୍ଥୀ ହୋଇଥିବାରୁ ମୂଳରୁ ହିଁ ତାଙ୍କ ବିଜୟ ଆଶା ଉଜ୍ଜଳ ଥିଲା। ତେବେ ନୂଆପଡ଼ାରେ ସ୍ୱଷ୍ଟ ଦିବାଲୋକରେ ଗଣତନ୍ତ୍ରର ହତ୍ୟା ହେବା ଯୋଗୁଁ ଏଠାରେ ବିଜେପି ଜିତିଲା। ପ୍ରତିକୂଳ ପରିସ୍ଥିତିରେ କଂଗ୍ରେସ ସପକ୍ଷରେ ରହିଥିବା ଭୋଟର ଓ ନିର୍ବାଚନରେ ଅକ୍ଲାନ୍ତ ପରିଶ୍ରମ କରିଥିବା କଂଗ୍ରେସର ନେତୃବୃନ୍ଦ ଓ କର୍ମୀଙ୍କୁ ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ପକ୍ଷରୁ ଶ୍ରୀ ଦାସ ଧନ୍ୟବାଦ ଜଣାଇଛନ୍ତି।

## ପୋଖରୀରେ ବୁଡ଼ି ଶିଶୁ ମୃତ

**ଠାକୁରମୁଣ୍ଡା, ୧୪।୧୧(ସମିସ):** ଠାକୁରମୁଣ୍ଡା ବ୍ଲକ୍ କେନ୍ଦୁଜିଆଣି ପଞ୍ଚାୟତ ଡୁମ୍ବୁରଡିହା ଗ୍ରାମରେ ଶୁକ୍ରବାର ଏକ ଅଘଟଣ ଘଟିଛି। ପୋଖରୀରେ ବୁଡ଼ି ଜଣେ ଶିଶୁ ପ୍ରାଣ ହରାଇଥିବା ବେଳେ ଅନ୍ୟ ଜଣେ ଶିଶୁକୁ ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ମୃତ ଶିଶୁ କନ୍ୟାଜଣଙ୍କ ହେଲେ, ସେହି ଗ୍ରାମର ମନୋଜ କୁମାର ପାତ୍ରଙ୍କ ଝିଅ ଶ୍ରାବଣୀ (୬)। ଗୁରୁତର ଶିଶୁ କନ୍ୟାଜଣଙ୍କ ହେଲା, କୃଷ୍ଣଚନ୍ଦ୍ର ପାତ୍ରଙ୍କ ଝିଅ ଜ୍ୟୋତିର୍ମୟୀ (୬)। ଦୁହେଁ ସ୍କୁଲରୁ ଫେରି ଘର ନିକଟରେ ଥିବା ଏକ ପୋଖରୀକୁ ଗାଧୋଇବାକୁ ଯାଇଥିଲେ। ସେଠାରେ ସେମାନେ ଅସାବଧାନତାବଶତଃ ବୁଡ଼ି ଯାଇଥିଲେ। ଏହା ଦେଖି ପାଖରେ ଗାଧୋଉଥିବା କିଛି ଗ୍ରାମବାସୀ ଦୁହିଁଙ୍କୁ ଉଦ୍ଧାର କରିଥିଲେ। ପରିବାରଲୋକ ସେମାନଙ୍କୁ ଡାକ୍ତରଖାନା ନେଇଥିଲେ ହେଁ ସେଠାରେ ଶ୍ରାବଣୀକୁ ଡାକ୍ତର ମୃତ ଘୋଷଣା କରିଥିଲେ।

## ମଦ ଦୋକାନ ବନ୍ଦ ରହିଥିବା ଅବଧି ପାଇଁ ଲାଇସେନ୍ସ ଫି' ଆଦାୟ କରାଯାଇପାରିବ ନାହିଁ

**ଆବେଦନକାରୀଙ୍କୁ ହାଇକୋର୍ଟରୁ ଆଶ୍ୱସ୍ତି**

**କଟକ, ୧୪।୧୧ (ସମିସ):** ସୁପ୍ରିମକୋର୍ଟଙ୍କ ନିଷେଧାଦେଶ ଯୋଗୁଁ ରାଜପଥ ପାର୍ଶ୍ୱ ମଦ ଦୋକାନ ବନ୍ଦ ରହିଥିବା ସମୟ ପାଇଁ ମାଲିକଙ୍କଠାରୁ ଲାଇସେନ୍ସ ଫି' ଆଦାୟ କରାଯାଇପାରିବ ନାହିଁ ବୋଲି ହାଇକୋର୍ଟ ଏକ ରାୟ ଦେଇଛନ୍ତି। ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଏବଂ ଜଷ୍ଟିସ ମାନସ ରଞ୍ଜନ ପାଠକଙ୍କୁ ନେଇ ଗଠିତ ଦୁଇଜଣିଆ ଖଣ୍ଡପୀଠ ପୁଷ୍ପଲତା ସାମଲଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଖଣ୍ଡପୀଠ ସ୍ପଷ୍ଟ କରିଛନ୍ତି ଯେ ସ୍ୱେଚ୍ଛାକୃତ ବନ୍ଦ ଏବଂ 'ଅନିଚ୍ଛାକୃତ ବନ୍ଦ' ମଧ୍ୟରେ ଏକ ପାର୍ଥକ୍ୟ ରେଖା ବାହାର କରିବାକୁ ପଡ଼ିବ। ସର୍ବୋଚ୍ଚ ନ୍ୟାୟାଳୟ ଦ୍ୱାରା ଦିଆଯାଇଥିବା ଆଦେଶକୁ କାର୍ଯ୍ୟକାରୀ କରିବା ପାଇଁ ବ୍ୟକ୍ତିଗତ ଲାଇସେନ୍ସଧାରୀ ଆବେଦନକାରୀଙ୍କୁ ଦୋକାନ ବନ୍ଦ କରିବାକୁ ବାଧ୍ୟ କରାଯାଇଥିଲା। ଏହା ଏକ ଅନିଚ୍ଛାକୃତ ବନ୍ଦ ସହିତ ସମାନ। ଜାତୀୟ ଏବଂ ରାଜ୍ୟ ରାଜପଥର ୫୦୦ ମିଟର ମଧ୍ୟରେ ଥିବା ସମସ୍ତ ମଦ ଦୋକାନ ବନ୍ଦ କରିବାକୁ ସୁପ୍ରିମକୋର୍ଟଙ୍କ ଗତ ୨୦୧୬ର ରାୟ ପରେ ଆବେଦନକାରୀଙ୍କ ଦୋକାନଟି ବନ୍ଦ ହୋଇଯାଇଥିଲା। ପରବର୍ତ୍ତୀ ସମୟରେ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକ୍ରମେ କଟକଣା କୋହଳ ହୋଇଥିଲା। ତେବେ ଆବେଦନକାରୀଙ୍କ ଦୋକାନ ଲାଇସେନ୍ସ ନବୀକରଣ ପାଇଁ ୨୦୧୮-୧୯ରୁ ଲାଇସେନ୍ସ ଫି' ଦେବାକୁ କୁହାଯାଇ ଅବକାରୀ ବିଭାଗର ଅତିରିକ୍ତ ସଚିବ ଏକ ଚିଠି ଜାରି କରିଥିଲେ। ଏହି ଅବଧିରେ ଦୋକାନ କିନ୍ତୁ ବନ୍ଦ ରହିଥିଲା। ବ୍ୟବସାୟ ବନ୍ଦ ଥିବା ବେଳେ ଏଭଳି ଲାଇସେନ୍ସ ଫି'କୁ ବିରୋଧ କରି ଆବେଦନକାରୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଅବକାରୀ ଅତିରିକ୍ତ ସଚିବଙ୍କ ଏହି ଆଦେଶକୁ ହାଇକୋର୍ଟ ରଦ୍ଦ କରିଦେଇଛନ୍ତି। ଏଥିସହ ଆବେଦନକାରୀଙ୍କ ଦ୍ୱାରା ସୁପାରିସ କରାଯାଇଥିବା ସ୍ଥାନରେ ଲାଇସେନ୍ସ ନବୀକରଣ ପାଇଁ ନିଷ୍ପତ୍ତି ନେବାକୁ ନିର୍ଦ୍ଦେଶ ଦେଇଛନ୍ତି।

**ହାଇକୋର୍ଟରେ ବେଆଇନ ଭାବେ ଅଧ୍ୟାପିକାଙ୍କୁ ଛଟେଇ ମାମଲା**

## ୨୦ ହଜାର ଟଙ୍କା ଦଣ୍ଡ ଗଣିବ କଲେଜ ପରିଚାଳନା କମିଟି

**କଟକ,୧୪।୧୧(ସମିସ):** ବେଆଇନ ଭାବେ ଜଣେ ଅଧ୍ୟାପିକାଙ୍କୁ କାର୍ଯ୍ୟରୁ ଅନ୍ତର କରି ସେହି ପଦରେ ଆଉ ଜଣଙ୍କୁ ଅବସ୍ଥାପିତ କରିବା ପ୍ରସଙ୍ଗରେ ରୁଜୁ ମାମଲାକୁ ହାଇକୋର୍ଟ ଗୁରୁତ୍ୱର ସହ ଗ୍ରହଣ କରିଛନ୍ତି। ଆବେଦନକାରୀଙ୍କୁ ତୁରନ୍ତ ଏବଂ ଯେକୌଣସି ପରିସ୍ଥିତିରେ ଆଠ ସପ୍ତାହ ମଧ୍ୟରେ ଚାକିରିରେ ପୁନଃ ଅବସ୍ଥାପିତ କରିବାକୁ ସରକାରଙ୍କୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏଥିସହ ସମ୍ପୃକ୍ତ କଲେଜ ପରିଚାଳନା କମିଟି ୮ ସପ୍ତାହ ମଧ୍ୟରେ ୨୦ହଜାର ଟଙ୍କା ଦଣ୍ଡ ରାଶି ଆବେଦନକାରୀଙ୍କୁ ପଇଠ କରିବ। ଉକ୍ତ ଅବଧିରୁ ବିଳମ୍ବ ହେଲେ ଦିନକୁ ଅତିରିକ୍ତ ୧୦୦ଟଙ୍କା ପ୍ରଦାନ କରିବ ବୋଲି କହିଛନ୍ତି ହାଇକୋର୍ଟ। ତପସ୍ୱିନୀ ପଟ୍ଟନାୟକଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ଦୀକ୍ଷିତ କ୍ରିଷ୍ଣା ଶ୍ରୀପାଦ ଏପରି ରାୟ ଦେଇଛନ୍ତି। ଯେତେବେଳେ କୌଣସି କାରଣରୁ ପଦଚ୍ୟୁତ ବ୍ୟକ୍ତିଙ୍କ ଅପସାରଣ ଦ୍ୱାରା ସୃଷ୍ଟି ହୋଇଥିବା ନିର୍ଦ୍ଦିଷ୍ଟ ଖାଲି ସ୍ଥାନରେ ନିଯୁକ୍ତ କରାଯାଏ, ସେତେବେଳେ ଏପରି ନିଯୁକ୍ତି ଉକ୍ତ ଅପସାରଣକୁ ଚାଲେଞ୍ଜ କରି ହୋଇଥିବା ମାମଲାର ଫଳାଫଳ ଉପରେ ନିର୍ଭର କରେ ବୋଲି ହାଇକୋର୍ଟ କହିଛନ୍ତି।

ଆବେଦନକାରୀ ଜଗତସିଂହପୁର ଜିଲ୍ଲା ସରସ୍ୱତୀ ସଂସ୍କୃତ ମହିଳା କଲେଜରେ ସଂସ୍କୃତ ବ୍ୟାକରଣ ବିଭାଗ ଅଧ୍ୟାପିକା ଭାବେ କାର୍ଯ୍ୟ କରୁଥିଲା ବେଳେ ଅକ୍ଟୋବର ୨୦୦୨ରୁ ତାଙ୍କର ଦୀର୍ଘ ଅନୁପସ୍ଥିତି ଯୋଗୁଁ କଲେଜର ପରିଚାଳନା କମିଟି ଗତ ୨୦୦୩ ଜୁନ୍ ୨୯ରେ ତାଙ୍କର ସେବା ସମାପ୍ତ କରିଥିଲେ। ଉକ୍ତ ପଦବୀରେ ସରଳାବାଳା ନନ୍ଦଙ୍କୁ ନିଯୁକ୍ତ କରାଯାଇଥିଲା। ଏହାକୁ ଚାଲେଞ୍ଜ କରି ଏକାଧିକ ପୂର୍ବରୁ ରୁଜୁ ମାମଲାରେ ଅଦାଲତ ଆବେଦନକାରୀଙ୍କ ଦାବି ବିଚାର ପାଇଁ କହିଥିଲେ। ତେବେ ଗତ ୨୦୦୩ ଜୁଲାଇ ୨୮ ରେ ଉଚ୍ଚ ଶିକ୍ଷା ନିର୍ଦ୍ଦେଶକ ଏହାକୁ ଖାରଜ କରି ପ୍ରତିପକ୍ଷ ସରଳାବାଳାଙ୍କ ନିଯୁକ୍ତି ଅନୁମୋଦନ ପାଇଁ ପରିଚାଳନା କମିଟିକୁ ନିର୍ଦ୍ଦେଶ ଦେଇଥିଲେ। ଏହା ବେଆଇନ ଦର୍ଶାଇ ଆବେଦନକାରୀ ପୁଣି ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଉଚ୍ଚଶିକ୍ଷା ନିର୍ଦ୍ଦେଶକଙ୍କ ଏପରି ନିର୍ଦ୍ଦେଶକୁ ଅଦାଲତ ରଦ୍ଦ କରିଦେଇଛନ୍ତି।

## ଯୁବକଙ୍କୁ ହତ୍ୟା କରି ପୋଖରୀରେ ଫିଙ୍ଗିଦେଲେ

**ନିର୍ବନ୍ଧରେ ଭିଡିଓ ସୁଟିଂ କରିବାକୁ ଆସିଥିଲେ**

**କାମାକ୍ଷାନଗର, ୧୪।୧୧(ସମିସ):** ଯୁବକଙ୍କୁ ହତ୍ୟା କରି ପୋଖରୀରେ ଫିଙ୍ଗିଦେଲେ। କାମାକ୍ଷାନଗର ଥାନାରେ ଏପରି ଏକ ଅଭିଯୋଗ ହୋଇଛି। ମୃତ ଯୁବକଜଣଙ୍କ ହେଲେ, ପରଜଙ୍ଗ ଥାନା ସାଆନ୍ଦା ଗ୍ରାମର ରାଜେଶ କୁମାର ପାଣି। ପୁଲିସ୍ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

ସୂଚନାନୁଯାୟୀ, ରାଜେଶ ତାଙ୍କ ଗାଁ ଛକରେ ଏକ ଭିଡିଓ ସୁଟିଂ ଦୋକାନ କରିଛନ୍ତି। ବିବାହ, ବ୍ରତ ଇତ୍ୟାଦିରେ ସୁଟିଂ କରି ସେ ପରିବାର ପ୍ରତିପୋଷଣ କରୁଥିଲେ। ଗତକାଲି ସକାଳେ ଏକ ନିର୍ବନ୍ଧର ଭିଡିଓ ସୁଟିଂ ପାଇଁ ସେ ମୁକ୍ତାପଶି ଗ୍ରାମକୁ ଆସିଥିଲେ। ତେବେ ସଂଧ୍ୟା ପର୍ଯ୍ୟନ୍ତ ଘରକୁ ନଫେରିବାରୁ ପରିବାରଲୋକଙ୍କ ଚିନ୍ତା ବଢ଼ିଥିଲା। ସବୁଆଡ଼େ ଖୋଜାଖୋଜି କରି ନିରାଶ ହେବା ପରେ ଏନେଇ ପରଜଙ୍ଗ ଥାନାରେ ଅଭିଯୋଗ କରିଥିଲେ। ମାତ୍ର ଆଜି ମୁକ୍ତାପଶି ଗାଁ ନିକଟରେ ଥିବା ମଠ ପୋଖରୀରୁ ରାଜେଶଙ୍କ ମୃତଦେହ ଭାସମାନ ଅବସ୍ଥାରେ ଦେଖିବାକୁ ମିଳିଥିଲା। ଖବର ପାଇ ପରିବାରଲୋକ ଘଟଣାସ୍ଥଳରେ ପହଞ୍ଚି ରାଜେଶଙ୍କୁ ଚିହ୍ନଟ କରିବା ସହ ତାଙ୍କୁ ହତ୍ୟା କରାଯାଇଛି ବୋଲି ଅଭିଯୋଗ କରିଛନ୍ତି। କେହି ଦୁର୍ବୃତ୍ତ ତାଙ୍କୁ ହତ୍ୟା କରିବା ପରେ ଏହାକୁ ଅଘଟଣ ଦର୍ଶାଇବା ପାଇଁ ଶବ ପୋଖରୀକୁ ଫିଙ୍ଗି ଦେଇଛି ବୋଲି ସେମାନେ କହିଛନ୍ତି। ଖବର ପାଇ କାମାକ୍ଷାନଗର ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅଗ୍ନିଶମ ବାହିନୀ ସହାୟତାରେ ମୃତଦେହକୁ ପୋଖରୀ ଭିତରୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲା। ସବୁ ଦିଗକୁ ନେଇ ତଦନ୍ତ ଚାଲିଛି ଏବଂ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି ପୁଲିସ କହିଛି।

## ଜିଲ୍ଲାସ୍ତରୀୟ ସମନ୍ୱୟ କମିଟି ବୈଠକ

# ସେପ୍ଟେମ୍ବର ସୁଦ୍ଧା ୧୯୮ ନୂଆ କୁଷ୍ଠ ରୋଗୀ ଚିହ୍ନଟ

### ଅଭିଯାନରେ ୧୫ ବ୍ଲକ ସାମିଲ; ୨୦୨୭ ସୁଦ୍ଧା କୁଷ୍ଠମୁକ୍ତ ଭାରତ ଗଠନ ଲକ୍ଷ୍ୟ

ବାରିପଦା, ୧୪।୧୧(ସମିସ): ଚଳିତ ବର୍ଷ ଜିଲ୍ଲାରେ ୧୭ରୁ ୩୦ତାରିଖ ମଧ୍ୟରେ ହେବାକୁ ଯାଉଥିବା କୁଷ୍ଠ ରୋଗ ଚିହ୍ନଟ ଅଭିଯାନ ଉପଲକ୍ଷେ ମୟୂରଭଞ୍ଜ ଜିଲ୍ଲାସ୍ତରୀୟ ସମନ୍ୱୟ କମିଟିର ଏକ ବୈଠକ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ମୟୂରଭଞ୍ଜ ଅତିରିକ୍ତ ଜିଲ୍ଲାପାଳ ଦୁଖବନ୍ଧୁ ନାୟକଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ଅଭିଯାନ ପ୍ରସ୍ତୁତିର ସମୀକ୍ଷା କରାଯାଇଥିଲା। ପ୍ରକାଶ ଥାଉକି ଜିଲ୍ଲାରେ ଗତ ୨୦୨୪-୨୫ ବର୍ଷରେ ୬୨୭ ଜଣ ନୂତନ କୁଷ୍ଠ ରୋଗ ଚିହ୍ନଟ ହୋଇଥିଲା ବେଳେ ଚଳିତ ବର୍ଷ ୨୦୨୫-୨୬ ବର୍ଷ ପାଇଁ ସେପ୍ଟେମ୍ବର ସୁଦ୍ଧା ୧୯୮ଟି ନୂତନଭାବେ ଚିହ୍ନଟ କରାଯାଇଛି। ଏହି ଅଭିଯାନରେ ୨୦୨୫-୨୬ ପାଇଁ ଜାତୀୟ ନୀତି ଯୋଜନା ଅନୁଯାୟୀ ରାଜ୍ୟର ଚିହ୍ନିତ ଅଞ୍ଚଳ ମଧ୍ୟରେ କୁଷ୍ଠ ରୋଗ ପ୍ରବଣ ୧୫୫ ବ୍ଲକ ମଧ୍ୟରୁ ମୟୂରଭଞ୍ଜର ୧୫ଟି ବ୍ଲକକୁ ଏହି ଅଭିଯାନରେ ସାମିଲ କରାଯାଇଛି। ଏହି ଅଭିଯାନରେ ସର୍ଭେ ଦ୍ୱାରା ଚିହ୍ନଟ କେଶ୍‌ର ୧୦୦% ମେଡ଼ିକାଲ ଅଫିସରଙ୍କ ଦ୍ୱାରା ୩ ଦିନ ମଧ୍ୟରେ ପରୀକ୍ଷା କରାଯିବ। ଆସନ୍ତା ଡିସେମ୍ବର ୫ ସୁଦ୍ଧା ଶେଷ ହେବ ଏବଂ ୧୦ ତାରିଖ ସୁଦ୍ଧା ଚୂଡ଼ାନ୍ତ ରିପୋର୍ଟ ଦାଖଲ କରାଯିବ। ଜିଲ୍ଲାର ୧୫ଟି ବ୍ଲକର ୧୯୨୪ ଗାଁରେ ୩୬୦ଟି ପିଏଚସି ସବ୍‌ସେଣ୍ଟରରେ ୮୪ ଜଣ ମେଡ଼ିକାଲ ଅଧିକାରୀ, ୧୯୧୮ ଜଣ ଆଶା କର୍ମୀ, ୩୫୦ ଜଣ ହେଲଥ୍ ୱାର୍କର, ୧୫୬ ଜଣ ହେଲଥ୍ ସୁପରଭାଇଜର ଏବଂ ୬ଟି ସ୍ୱେଚ୍ଛାସେବୀ ଅନୁଷ୍ଠାନଙ୍କ ଜରିଆରେ ଏହି ଅଭିଯାନରେ କୃଷ୍ଠ ରୋଗ ଚିହ୍ନଟ କାର୍ଯ୍ୟକ୍ରମ ସମ୍ପାଦନ କରାଯିବ। ଲୋକଙ୍କୁ କୃଷ୍ଠ ରୋଗର ଚିକିତ୍ସା ନିମନ୍ତେ ସଚେତନ କରିବା ପାଇଁ ବିଭିନ୍ନ ପ୍ରକାର ସଚେତନଧର୍ମୀ କାର୍ଯ୍ୟକ୍ରମ ମାନ ଅନୁଷ୍ଠିତ ହେବ। ଅଭିଯାନ ସମୟରେ ବିଦ୍ୟାଳୟ ରେ ରୋଗ ଚିହ୍ନଟ ପ୍ରକ୍ରିୟାକୁ ସୁଚାରୁ ରୂପେ ସମ୍ପାଦନ ପାଇଁ ଆବଶ୍ୟକ ସହଯୋଗ କରିବା ପାଇଁ ଜିଲ୍ଲା ଶିକ୍ଷାଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ସେହିପରି ଆବଶ୍ୟକ ସ୍ଥଳେ ଆଶା କର୍ମୀଙ୍କୁ ନିୟୋଜିତ କରିବା ପାଇଁ ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀଙ୍କୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ଅଭିଯାନର ସଫଳ ରୂପାୟନ ପାଇଁ ଗ୍ରାମ୍ୟ ସ୍ତରରେ ଅନୁଷ୍ଠାନକୁ ସାମିଲ କରାଇବା ନେଇ ନିଷ୍ପତ୍ତି ନିଆଯାଇଛି। ଇତିମଧ୍ୟରେ ବ୍ଲକ ଓ ଜିଲ୍ଲାସ୍ତରରେ ସମ୍ପୃକ୍ତ କର୍ମଚାରୀଙ୍କୁ ନେଇ ତାଲିମ ପ୍ରଦାନ କାର୍ଯ୍ୟକ୍ରମ ଶେଷ ହୋଇଛି। ଏହି ସର୍ଭେରେ ସମ୍ପୃକ୍ତ ହେବାକୁ ଥିବା ସମସ୍ତ କର୍ମଚାରୀ, ଅଧିକାରୀଙ୍କ ଭୂମିକା ଓ କର୍ତ୍ତବ୍ୟ ସମ୍ବନ୍ଧରେ ସେମାନଙ୍କୁ ପ୍ରଶିକ୍ଷଣ ଦିଆଯାଇଛି। ଆଗାମୀ ୨୦୨୭ ସୁଦ୍ଧା କୁଷ୍ଠ ମୁକ୍ତ ଭାରତ ଗଠନ ଲକ୍ଷ୍ୟ ରଖାଯାଇଛି। ଏଡିଏମଓ ଡା ବିଜୟ କୁମାର ଦାଶଙ୍କ ସଂଯୋଜନାରେ ଆୟୋଜିତ ବୈଠକରେ ଜିଲ୍ଲା କୁଷ୍ଠ ରୋଗ ଚିକିତ୍ସା ଅଧିକାରୀ ଡା. ଶାନ୍ତନୁ କୁମାର ଦାଶ ଅଭିଯାନ ପାଇଁ ପ୍ରସ୍ତୁତି ଓ କାର୍ଯ୍ୟକାରୀତା ସମ୍ବନ୍ଧରେ ପିପିଟି ଜରିଆରେ ଉପସ୍ଥାପନ ରଖିଥିଲେ। ଜିଲ୍ଲା କୁଷ୍ଠ ରୋଗ ଚିକିତ୍ସା ପରାମର୍ଶଦାତା ଡା ତପନ କୁମାର ମହାପାତ୍ର, ଡିପିଏମ ଅନିଲ କୁମାର ମହାନ୍ତିଙ୍କ ସହ କମିଟିର ଅନ୍ୟ ସଦସ୍ୟ ଓ ବିଭାଗୀୟ ଅଧିକାରୀମ ଉପସ୍ଥିତ ଥିଲେ।



## ଭୈରଙ୍ଗିରେ ନୂତନ ମଙ୍ଗଳା ମନ୍ଦିର ପ୍ରତିଷ୍ଠା



ରାସଗୋବିନ୍ଦପୁର, ୧୪।୧୧(ସମିସ): ରାସଗୋବିନ୍ଦପୁର ବ୍ଲକ ରାଘବପୁର ପଞ୍ଚାୟତର ଭୋଇରଙ୍ଗୀ ଗ୍ରାମରେ ନୂତନ ମଙ୍ଗଳା ମନ୍ଦିର ପ୍ରତିଷ୍ଠା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଗୃହ ନିର୍ମାଣ ନଗର ଉନ୍ନୟନ ମନ୍ତ୍ରୀ ଡା. କୃଷ୍ଣଚନ୍ଦ୍ର ମହାପାତ୍ର ଯୋଗଦେଇଥିଲେ। ଏହି ଅବସରରେ ସେ ଅସହାୟ ବୃଦ୍ଧବୃଦ୍ଧା ଓ ଭିନ୍ନକ୍ଷମଙ୍କୁ କମ୍ବଳ ବଣ୍ଟନ କରିଥିଲେ। ଏହି ମନ୍ଦିର ୭ ଲକ୍ଷ ଟଙ୍କା ବ୍ୟୟଅଟକଳରେ ନିର୍ମାଣ ହୋଇଛି। ତହସିଲଦାର, ବିଡିଓ, କାନ୍ଦ୍ରା ସରେନ, ପୂର୍ବତନ ଆଡିସନାଲ ଏସପି ସନ୍ତୋଷ ନାଏକ, ଗ୍ରାମର ସରତ ଚନ୍ଦ୍ର ମହାନ୍ତି, ଶାନ୍ତଷ କୁମାର ଜେନା, ଗଣେଶ୍ୱର ସାହୁ, କାର୍ତ୍ତିକ ଚନ୍ଦ୍ର ଜେନା, ରବୀନ୍ଦ୍ର ଜେନା, ଛାତିଶ ଚନ୍ଦ୍ର ମହାନ୍ତ, ଅଜୟ ମନ୍ତ୍ରୀ ଓ ଉମେଶ ଚନ୍ଦ୍ର ସାହୁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ମନ୍ଦିର ନିର୍ମାଣ ସମ୍ପନ୍ନ ହୋଇଛି। ମହିଳାଙ୍କ ଦ୍ୱାରା ଜମ୍ବୀରା ନଦୀରୁ ଘଟଉତ୍ତୋଳନ କରାଯାଇ ମନ୍ଦିର ପର୍ଯ୍ୟନ୍ତ ଅଣାଯାଇଥିଲା।

## ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା



କରଞ୍ଜିଆ, ୧୪।୧୧(ସମିସ): ଶୁକ୍ରବାର କରଞ୍ଜିଆ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା। ବିଡିଓ ପ୍ରଦ୍ୟୁମ୍ନ କୁମାର ନାଏକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଧାୟକ ପଦ୍ମଚରଣ ହାଇବୁରୁ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଉତ୍ସବ ଓ ପ୍ରଦର୍ଶନୀ ମେଳାକୁ ଉଦ୍‌ଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ କେବିକେ-୨ର ବରିଷ୍ଠ ବୈଜ୍ଞାନିକ ଦୀପକ କୁମାର ମହାନ୍ତି, ସମ୍ମାନିତ ଅତିଥି ଅତିରିକ୍ତ ଉପଜିଲ୍ଲା।ପାଳ ପ୍ରକାଶ କୁମାର ଦାସ, କରଞ୍ଜିଆ ଡିଏଫ୍‌ଓ ବୈଦ୍ୟନାଥ ମାଝୀ, ତହସିଲଦାର ଦିବାକର ମାଝୀ, ବ୍ଲକ ଅଧକ୍ଷା ସୁଭଦ୍ରା ମାରାଣ୍ଡି, ଜସ୍ମାରାଣୀ ମହାନ୍ତ ପ୍ରମୁଖ ଚାଷର ବିକାଶ ହେଲେ ଦେଶର ବିକାଶ ହେବ ବୋଲି କହିଥିଲେ। ଡାକ୍ତର ଆଶିଷ ଦାସ ବିବରଣୀ ପାଠ କରିଥିଲେ। ମେଳାରେ ସଫଳ ଚାଷୀ ଓ ମହିଳା ସ୍ୱୟଂର ସହାୟକ ଗୋଷ୍ଠୀକୁ ପୁରସ୍କୃତ କରାଯାଇଥିଲା। କାର୍ଯ୍ୟକ୍ରମରେ ସହକାରୀ ପ୍ରାଣୀ ଚିକିତ୍ସାଧିକାରୀ ପ୍ରଦୀପ କୁମାର ସାହୁ, ଡାକ୍ତର କଲ୍ୟାଣୀ ମାରାଣ୍ଡି, ଡାକ୍ତର ଇପ୍ସିତା ମଲ୍ଲିକ, ଡାକ୍ତର ଶିବାନୀ ମହାନ୍ତ, ଡାକ୍ତର ଜୟଶ୍ରୀ ପୁଙ୍ଗୁଆ, ଡାକ୍ତର କୈଳାସ ଚନ୍ଦ୍ର ମହାକୁଡ଼, ଡାକ୍ତର ବରଜୁ କପଣ୍ଡିଆ, ସନତ କୁମାର ପଲେଇ, ଜ୍ୟୋସ୍ନାରାଣୀ ବଡ଼ି, ଡାକ୍ତର ରାଜ କିଶୋର ଘଣା ପ୍ରମୁଖ ଉପସ୍ଥିତ ଥିଲେ। ମତ୍ସ୍ୟ ଅଧିକାରୀ ଭଗବାନ ବାରିକ୍ ଧନ୍ୟବାଦ୍ ଅର୍ପଣ କରିଥିଲେ। ଏହି ଅବସରରେ ବିଭିନ୍ନ ବିଭାଗ ତରଫରୁ ଷ୍ଟଲ୍ ପ୍ରଦର୍ଶିତ ହୋଇଥିଲା।

## ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା

ଶୁଳିଆପଦା, ୧୪।୧୧)ସମିସ): ନେତାଜୀ ଷ୍ଟାଡିୟମରେ ବ୍ଲକ ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ଗୃହ ଓ ନଗର ଉନ୍ନୟନ ମନ୍ତ୍ରୀ ଡାଃ.କୃଷ୍ଣଚନ୍ଦ୍ର ମହାପାତ୍ର ଯୋଗଦେଇ ମେଳାକୁ ଉଦ୍‌ଘାଟନ କରିଥିଲେ। ଗୋଷ୍ଠୀ ଉନ୍ନୟନ ଅଧିକାରୀ ଲକ୍ଷ୍ମୀ ସାଗର ମାଝୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସଭାରେ ମୁଖ୍ୟ ବକ୍ତା ଭାବେ ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସାଧିକାରୀ, ମୟୂରଭଞ୍ଜ ଡାଃ. ରମଣୀ ରଞ୍ଜନ ବିଶାଳ ଯୋଗଦେଇ ଚାଷୀଙ୍କୁ ପଶୁ ପାଳନ ସମ୍ବନ୍ଧୀୟ ଉପାଦେୟ ତଥ୍ୟ ପ୍ରଦାନ କରିଥିଲେ। ସମ୍ମାନିତ ଅତିଥି ଭାବେ ପୂର୍ବତନ ବିଧାୟକ କାନ୍ଦ୍ରା ସୋରେନ୍, ଜିଲ୍ଲା ମୁଖ୍ୟ ମତ୍ସ୍ୟ ଅଧିକାରୀ, ଡାଃ.ମାନସ କୁମାର ସାହୁ, ଜିଲ୍ଲା ପରିଷଦ ସଦସ୍ୟ ନଗେନ୍ଦ୍ର ନାଥ କିସ୍କୁ, ବ୍ଲକ ଉପାଧ୍ୟକ୍ଷ ଜ୍ୟୋତିଲାଲ୍ ବାରିକ୍, ତହସିଲଦାର ନାରାୟଣ ହେମ୍ବ୍ରମ, ଉପଖଣ୍ଡ ପ୍ରାଣୀ ଚିକିତ୍ସାଧିକାରୀ, ଡାଃ.ଦୀପକ ରଞ୍ଜନ ପରିଡ଼ା ପ୍ରମୁଖ ଯୋଗଦେଇ ଚାଷୀଙ୍କୁ ମତ୍ସ୍ୟ ଚାଷ ଓ ପ୍ରାଣୀ ପାଳନ ସମ୍ବନ୍ଧୀୟ ବିଭିନ୍ନ ଉପାଦେୟ ତଥ୍ୟ ପ୍ରଦାନ କରିଥିଲେ। ମେଳାରେ ୩ ଶହରୁ ଉର୍ଦ୍ଧ୍ୱ ଚାଷୀ ଉପସ୍ଥିତ ଥିଲେ। ଏହି ଅବସରରେ ବ୍ଲକର ୪ ଜଣ ସଫଳ ମତ୍ସ୍ୟ ଚାଷୀ, ୪ ଜଣ ଅଗ୍ରଣୀ ପ୍ରାଣୀ ପାଳକ ଓ କୁକୁଡା ଚାଷୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଶେଷରେ ଶସ୍ୟ ଅଧିକାରୀ ଚିନ୍ମୟ ନନ୍ଦ ଧନ୍ୟବାଦ ଅର୍ପଣ କରିଥିଲେ।

## ଜାତୀୟ ପ୍ରେସ ଦିବସ ପାଇଁ ପ୍ରସ୍ତୁତି ବୈଠକ

ବେତନଟୀ, ୧୪।୧୧(ସମିସ): ଆସନ୍ତା ୧୬ ତାରିଖରେ ଖୋର୍ଦ୍ଧାଠାରେ ଅନୁଷ୍ଠିତ ହେବାକୁ ଥିବା ଭଏସ୍ ଅଫ୍ ମିଡିଆର ରାଜ୍ୟସ୍ତରୀୟ ଜାତୀୟ ପ୍ରେସ ଦିବସ କାର୍ଯ୍ୟକ୍ରମକୁ ସଫଳ କରିବା ଉଦ୍ଦେଶ୍ୟରେ ମୟୂରଭଞ୍ଜ ଶାଖା ପକ୍ଷରୁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ଜିଲ୍ଲାର ବିଭିନ୍ନ ବ୍ଲକର ସାମ୍ବାଦିକ ପ୍ରତିନିଧି, ସଦସ୍ୟ ଓ କର୍ମକର୍ତ୍ତା ଯୋଗ ଦେଇଥିଲେ। ମୟୂରଭଞ୍ଜ ଶାଖା ସଭାପତି ରାଜେଶ ଖଣ୍ଡେଲୱାଲଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ କାର୍ଯ୍ୟକ୍ରମର ବିଭିନ୍ନ ଦିଗ ଉପରେ ବିସ୍ତୃତ ଆଲୋଚନା ହୋଇଥିଲା। ପ୍ରତ୍ୟେକ ବ୍ଲକରୁ ଅତି କମ୍‌ରେ ୧୦ ଜଣ ସାମ୍ବାଦିକ ଭୁବନେଶ୍ୱରରେ ପହଞ୍ଚିବେ ବୋଲି ନିଷ୍ପତ୍ତି ହୋଇଛି। ବୈଠକରେ ଯାତାୟାତ ପାଇଁ ବସ୍ ବ୍ୟବସ୍ଥା, ରେଜିଷ୍ଟ୍ରେସନ୍ ପ୍ରକ୍ରିୟା ଓ ସ୍ଥାନୀୟ ସମନ୍ୱୟକାରୀ ନିଯୁକ୍ତି ସମ୍ପର୍କରେ ଚୂଡ଼ାନ୍ତ ନିଷ୍ପତ୍ତି ଗ୍ରହଣ କରାଯାଇଛି। ଆଗାମୀ ୧୪ ତାରିଖ ସୁଦ୍ଧା ସମସ୍ତ ସାମ୍ବାଦିକଙ୍କ ନାମ ତାଲିକା ପ୍ରସ୍ତୁତ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

## ୬ ଆଇଏଏସ୍ ଶିକ୍ଷାନବୀସଙ୍କ ଠାକୁରମୁଣ୍ଡା ଗସ୍ତ



ମହୁଲଡିହା, ୧୪।୧୧(ସମିସ): ମୟୂରଭଞ୍ଜ ଜିଲ୍ଲାକୁ ପ୍ରଶାସନିକ ଶିକ୍ଷା ଅଭିଜ୍ଞତା ନିମନ୍ତେ ଆସିଥିବା ୬ ଜଣ ଶିକ୍ଷାନବୀସ ଆଇଏଏସ୍ ଠାକୁରମୁଣ୍ଡା ଗସ୍ତରେ ଆସି ଏକାଧିକ ପଞ୍ଚାୟତରେ ବିଭିନ୍ନ ପ୍ରକଳ୍ପ ଦେଖିବା ସହିତ ସ୍ଥାନୀୟ ଲୋକଙ୍କ ସହିତ ଭାବବିନିମୟ କରି ୧୨ ତାରିଖରେ ଫେରି ଯାଇଛନ୍ତି। ସେମାନେ ଏଠାରେ ୪ ଦିନର ରହଣି ମଧ୍ୟରେ ସ୍ଥାନୀୟ ପ୍ରଶାସନ ପକ୍ଷରୁ ସମସ୍ତ ପ୍ରକାର ସହଯୋଗ ଯୋଗାଇ ଦିଆଯାଇଥିଲା। ଗତ ୮ ତାରିଖରେ ୬ ଜଣ ଶିକ୍ଷାନବୀସ ଶୁଭମ ଶୁକ୍ଲା, ରାମ ନିବାସ ସିଆଗ, ପିୟୂଷ ଗଥାଲା, ଅନୁପମ ଯାଦବ, ଆଦିବା ଆନମ ଓ କଭିନ ମୋଝି ଏମଭି ଠାକୁରମୁଣ୍ଡା ପହଞ୍ଚିବା ପରେ ତାଙ୍କୁ ପ୍ରଶାସନ ପକ୍ଷରୁ ସ୍ୱାଗତ କରାଯାଇଥିଲା। ତାପରଠାରୁ ବିଡ଼ିଓ ସପ୍ନେଶ୍ୱର ବେହେରାଙ୍କ ନେତୃତ୍ୱରେ ସମସ୍ତେ କେନ୍ଦୁଜିଆଣୀ ଗ୍ରାମପଞ୍ଚାୟତର ଡୁମୁରିଡିହା ଗ୍ରାମରେ ପହଞ୍ଚି ଲୋକଙ୍କ ସହିତ ଆଲୋଚନା କରିଥିଲେ। ଲୋକଙ୍କ ସହିତ ଅଣୁ ଯୋଜନା ପ୍ରସ୍ତୁତି, ଡାଟା ସଂଗ୍ରହ, ଡାଟା ବିଶ୍ଳେଷଣ, ସରକାରୀ ଯୋଜନାର କ୍ରିୟାନ୍ୱୟନ, ବାସ୍ତବ ସ୍ଥିତି ଅନୁଧ୍ୟାନ କରିଥିଲେ। ସେଠାରୁ ସାରୁବିଲ ଗ୍ରାମ, ପଡ଼ିଆବେଡା ସ୍ୱାସ୍ଥ୍ୟକେନ୍ଦ୍ର, ଏଦେଲବେଡା, ସାଲେଇବେଡାରେ ଥିବା ବିସ୍ଥାପିତ ଖଡିଆ କଲୋନୀରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଥିଲେ। ୧୨ ତାରିଖରେ ସାତକୋଶିଆରେ ନୂତନ ନିର୍ମାଣାଧୀନ ଥିବା ଏକଲବ୍ୟ ମଡେଲ ଆବାସିକ ସ୍କୁଲ ପରିଦର୍ଶନ ଓ ଠାକୁରମୁଣ୍ଡା ମା' ବାସୁଳୀ ମନ୍ଦିରରେ ପୂଜାର୍ଚ୍ଚନା କରି ବାରିପଦା ଅଭିମୁଖେ ପ୍ରତ୍ୟାବର୍ତ୍ତନ କରିଥିଲେ।

## ଜାତୀୟ ନାଟ୍ୟ ମହୋତ୍ସବ ଉଦ୍‌ଘାଟିତ

# ଦର୍ଶକଙ୍କୁ ସ୍ତବ୍ଧ କଲା ନାଟକ 'ଅଲ୍ ମାଇ ସନ୍ସ'



ବାରିପଦା, ୧୪।୧୧(ସମିସ): ବାରିପଦା ସହିଦ ସ୍ମୃତି ଭବନରେ ଓମ ନାଟ୍ୟ ସଂସ୍ଥାର ରୌପ୍ୟ ଜୟନ୍ତୀ ପାଳନ ଅବସରରେ ଜାତୀୟ ନାଟ୍ୟ ମହୋତ୍ସବ ଉଦଘାଟିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡଃ କୃଷ୍ଣଚନ୍ଦ୍ର ମହାପାତ୍ର ଯୋଗଦେଇ ମହୋତ୍ସବକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ବାରିପଦା ଉପ ଜିଲ୍ଲାପାଳ ଡଃ ଦୟାସିନ୍ଧୁ ପରିଡ଼ା, ଶିକ୍ଷାବିତ ପ୍ରୀତିଶ ବଶା, ପୂର୍ବତନ ବିଧାୟକ କାନ୍ଦରା ସୋରେନ ପ୍ରମୁଖ ଉପସ୍ଥିତ ରହି ଓମ ନାଟ୍ୟସଂସ୍ଥାର ୨୫ ବର୍ଷ ପୂର୍ତ୍ତି ଉପଲକ୍ଷେ ଅଭିନନ୍ଦନ ଜଣାଇଥିଲେ। ସଂସ୍ଥାର ପ୍ରତିଷ୍ଠାତା ଧୀର ବଶା ମହୋତ୍ସବକୁ ସଫଳ କରିବା ପାଇଁ ଦର୍ଶକଙ୍କୁ ଅନୁରୋଧ କରିଥିଲେ। ରାଜେଶ ଦାଶ ମଞ୍ଚ ପରିଚାଳନା କରିଥିଲେ। ଉଦଘାଟନୀ ସନ୍ଧ୍ୟାରେ ନୂଆଦିଲ୍ଲୀସ୍ଥିତ ୟୁନିକର୍ଣ୍ଣ ଷ୍ଟୁଡିଓ ପ୍ରଯୋଜିତ, ଆର୍ଥର ମିଲାରଙ୍କ ରଚିତ ତଥା ହେପି ରଣଜିତଙ୍କ ନିର୍ଦ୍ଦେଶିତ ହିନ୍ଦୀ ନାଟକରେ ଗୌରୀ ଦେୱାଲ, ସେହାଜ ହର୍ଜାଇ, କ୍ରିଆର୍ଥ ସିଂହ, ଉନିଷ ପ୍ରତାପ ସିଂହ, ଏଭା ସିଦ୍ଦିକି ଓ ସାହିଲ ନିରୋବଲା ଅଭିନୟ କରିଥିଲେ। ଅଭିନେତାଙ୍କ ଜୀବନ୍ତ ଅଭିନୟ ଦର୍ଶକଙ୍କୁ ସ୍ତବ୍ଧ କରିଥିଲା। ଏହି ମହୋତ୍ସବ ଆସନ୍ତା ୧୮ ତାରିଖରେ ଉଦ୍‌ଯାପିତ ହେବ। ଶୁକ୍ରବର ଲିଟିଲ ଥେସ୍ପିୟାନ, କୋଲକାତା ପ୍ରଯୋଜିତ ହିନ୍ଦୀ ନାଟକ 'ପତଝଡ଼' ମଞ୍ଚସ୍ଥ ହେବବୋଲି ଗଣମାଧ୍ୟମ ସଂଯୋଜକ ସୋମନାଥ ସିଂହ ଜଣାଇଛନ୍ତି।

## ମେଘାସନ ମହାବିଦ୍ୟାଳୟରେ ନବାଗତଙ୍କ ସ୍ୱାଗତ ସମ୍ବର୍ଦ୍ଧନା

# ସଂସ୍କୃତ ହିଁ ଆମ ଦେଶର ପରିଚୟ



ପିଙ୍ଗୁ, ୧୪।୧୧(ସମିସ): କପ୍ତିପଦା ବ୍ଲକ ନୁଦଡ଼ିହା ଗ୍ରାମସ୍ଥିତ ମେଘାସନ ମହାବିଦ୍ୟାଳୟ ପରିସରରେ ଗତ ୧୩ ତାରିଖରେ ସଂସ୍କୃତ ବିଭାଗରେ ନାମ ଲେଖାଇଥିବା ନବାଗତ ଛାତ୍ରଛାତ୍ରୀଙ୍କ ନିମନ୍ତେ ଏକ ସ୍ୱାଗତ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଛି। ଆୟୋଜିତ ସାଧାରଣ ସଭାରେ ଅଧ୍ୟକ୍ଷ ପ୍ରମୋଦ କୁମାର ରାଉତ ଯୋଗଦେଇ ନବାଗତଙ୍କୁ ବିଭିନ୍ନ ପରାମର୍ଶ ଦେଇଥିଲେ। ଅଧ୍ୟାପକ ପ୍ରସନ୍ନ କୁମାର ପଣ୍ଡା ମଞ୍ଚ ପରିଚାଳନା କରିଥିଲେ। ଅଧ୍ୟାପକ ଡ଼. ନୀରଞ୍ଜନ ପାଠି ମୁଖ୍ୟବକ୍ତା ଭାବରେ ଯୋଗ ଦେଇ ସଂସ୍କୃତ ଭାଷା ପାଇଁ ଆମ ଦେଶ କିପରି ଏକ ସ୍ୱତନ୍ତ୍ର ପରିଚୟ ରହିଛି ସେ ନେଇ ବକ୍ତବ୍ୟ ରଖିଥିଲେ। ଅଧ୍ୟାପକ ଡ଼. କମଳାକାନ୍ତ ଲେଙ୍କା ଦେଶ ବିଭାଜନ ସମୟରେ ତକ୍ଷଶିଳା ବିଶ୍ୱବିଦ୍ୟାଳୟ ପାକିସ୍ଥାନକୁ ଚାଲିଯିବା ସହ କିପରି ଧ୍ୱଂସ ପାଲଟିଯାଇଥିଲା ତାହାର ଏକ ଦୃଶ୍ୟର ଚିତ୍ର ଉପସ୍ଥାପନ କରିଥିଲେ। ଏହାପରେ ନବାଗତ ଛାତ୍ରଛାତ୍ରୀଙ୍କୁ ସ୍ୱାଗତ କରାଯାଇଥିଲା। ଅଧ୍ୟାପକ ଲଳିତ କୁମାର ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ବିଭିନ୍ନ ଶିକ୍ଷାନୁଷ୍ଠାନରେ ଶିଶୁ ଦିବସ

# ବଡ଼ମଣିଷ ହେବା ପାଇଁ ନିଷ୍ଠା ଓ ଆନ୍ତରିକତା ଆବଶ୍ୟକ

ବାରିପଦା, ୧୪।୧୧(ସମିସ): ମହାରାଜପୁର ସ୍ଥିତ ମହର୍ଷି ଇଣ୍ଟ ରନେସନାଲ ପବ୍ଲିକ ସ୍କୁଲର ଛାତ୍ରଛାତ୍ରୀଙ୍କୁ ନେଇ ଶିଶୁଦିବସ ପାଳିତ ହୋଇଯାଇଛି। ପ୍ରଧାନ ଶିକ୍ଷୟିତ୍ରୀ ଜ୍ୟୋସ୍ନାରାଣୀ ପତିଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୟୂରଭଞ୍ଜ କଲେଜ ଅଫ ଆକାଉଣ୍ଟାନ୍‌ସୀ ଆଣ୍ଡ ମ୍ୟାନେଜମେଣ୍ଟର ବାଣିଜ୍ୟ ବିଭାଗର ମୁଖ୍ୟ ସବିତାରାଣୀ ଦାଶ ମୁଖ୍ୟଅତିଥି ଭାବେ ଯୋଗ ଦେଇ କୁନି କୁନି ଛାତ୍ରଛାତ୍ରୀଙ୍କୁ ଶିଶୁ ଦିବସ ପାଳନ କରିବାର ତାତ୍ପର୍ଯ୍ୟ କହିବା ସହ ଭଲ ମଣିଷଟିଏ ହେବା ପାଇଁ ନିର୍ଦ୍ଦିଷ୍ଟ ଲକ୍ଷ୍ୟରେ ଆଗେଇବାକୁ ପରାମର୍ଶ ଦେଇଥିଲେ। ପ୍ରଧାନ ଶିକ୍ଷୟିତ୍ରୀ ଜ୍ୟୋସ୍ନାରାଣୀ ପତି ଛାତ୍ରଛାତ୍ରୀଙ୍କୁ ଭବିଷ୍ୟତରେ ନିଜକୁ ବଡମଣିଷ ହେବା ପାଇଁ ନିଷ୍ଠା ଓ ଉଦ୍ୟମ ଆବଶ୍ୟକ ବୋଲି ବକ୍ତବ୍ୟ ରଖିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିକ୍ଷକ ସମ୍ବିତ ସାହୁ ଓ ଶିକ୍ଷୟତ୍ରୀ ଅର୍ଘ୍ୟରୂପା ଜେନା ସୁନ୍ଦର କବିତା ମାଧ୍ୟମରେ ନିଜର ଅଭିଭାଷଣ ଦେଇଥିଲେ। ଆଶୁ ପାଶୱାନ, ଅରୁଷି ଘୋଷ, ଗୌରବ ସିଂ ଓ ତନୁଷ୍କା ସିଂ ଶିଶୁଦିବସ ଉପରେ ବକ୍ତୃତା ଦେଇଥିଲେ। ବରିଷ୍ଠ ଶିକ୍ଷକ ସିଧିରଞ୍ଜନ ଲେଙ୍କା ଧନ୍ୟବାଦ ଅର୍ପଣ କରିଥିଲେ।



ସେହିପରି ଶାନ୍ତିବିଦ୍ୟାମନ୍ଦିରଠାରେ ପୂର୍ବତନ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହରଲାଲ ନେହେରୁଙ୍କ ପବିତ୍ର ଜନ୍ମ ଦିବସରେ ଶିଶୁ ଦିବସ ଭାବେ ପାଳିତ ହୋଇଯାଇଛି। ଏହି ଅବସରରେ ଶାନ୍ତି ବିଦ୍ୟାମନ୍ଦିରର ୱାଲିଗଞ୍ଜ ଶାଖା ଏବଂ ମୁର୍ଗାବାଡି ଶାଖାଠାରେ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଫଟୋ ଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ ପୂର୍ବକ ସାଧାରଣ ସଭା ଅନୁଷ୍ଠିତ ହୋଇଥିଲା। ପରେ କୌତୁକ ପୋଷାକ ପ୍ରତିଯୋଗିତା ହୋଇଥିଲା। ଏହି କୌତୁକ ପୋଷାକ ପ୍ରତିଯୋଗିତାରେ ବିଚାରକ ଭାବେ ୱାଲିଗଞ୍ଜ ଶାଖା ଠାରେ ମଞ୍ଚ ଅଭିନେତା ତଥା ନିର୍ଦ୍ଦେଶକ ଗୁହୀରାମ ଜେନା, ବିଦ୍ୟାଳୟର ସମ୍ପାଦକ ରବୀନ୍ଦ୍ର ନାଥ ଦାଶ, ପରିଚାଳନା କମିଟି ଉପଦେଷ୍ଟା ସତ୍ୟମ ଶିବମ ସୁନ୍ଦରମ ପାଣି ଯୋଗଦେଇଥିଲେ। ସେହିପରି ମୁର୍ଗାବାଡି ଶାଖାରେ ବିଦ୍ୟାଳୟ ପରିଚାଳନା କମିଟି ଉପଦେଷ୍ଟା ଜ୍ୟୋତି ପ୍ରକାଶ ଦାସ ଏବଂ ନୃତ୍ୟ ନିର୍ଦ୍ଦେଶକ ତଥା ନୃତ୍ୟ ଶିକ୍ଷକ ଦେବାନନ୍ଦ ପାତ୍ର ଯୋଗଦାନ କରିଥିଲେ। ଶେଷରେ ବିଭିନ୍ନ ପ୍ରତିଯୋଗିତାରେ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କାର ବିତରଣ କରାଯାଇଥିଲା। ଅଧ୍ୟକ୍ଷା ମଧୁସ୍ମିତା ପଟ୍ଟନାୟକଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।




**ବାରିପଦା :** ବାରିପଦା ସହରରେ ଅବସ୍ଥିତ ଶ୍ରୀ ଶ୍ରୀ ହରିବଳ ଦେବ ଜୀଉ ଶିଶୁ ମନ୍ଦିରରେ ଶିଶୁ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ଶିଶୁଙ୍କ ମଧ୍ୟରେ କୌତୁକ ପୋଷକ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପ୍ରଧାନାଚାର୍ଯ୍ୟ ରାମଚନ୍ଦ୍ର ନାଥ ଶର୍ମାଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ପରିଚାଳନା ସମିତିର ସାଧାରଣ ସମ୍ପାଦକ ଡ଼ା ଆଦିତ୍ୟ କୁମାର ପଣ୍ଡା ଯୋଗ ଦେଇଥିଲେ। ବରିଷ୍ଠ ଗୁରୁଜୀ ସୁନୀଲ କୁମାର ମହାନ୍ତି ଓ ବିମଳ କୁମାର ମହାପାତ୍ର ମଧ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। କୌତୁକ ପୋଷକ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିବା କନିଷ୍ଠ ବର୍ଗରୁ ସିଦ୍ଧି କୁମାରୀ ରାମ ପ୍ରଥମ, ହିତେଶ ରଞ୍ଜନ ବେହେରା ଦ୍ୱିତୀୟ ଓ ରାଜ କୁମାର ଦାସ ତୃତୀୟ ଏବଂ ବରିଷ୍ଠ ବର୍ଗରୁ ଆଶିଷ ରଞ୍ଜନ ମିଶ୍ର ପ୍ରଥମ, ଆୟାନ ପୃଷ୍ଟି ଦ୍ୱିତୀୟ ଓ ସରନ୍ୟା ମିଶ୍ର ତୃତୀୟ ସ୍ଥାନ ହାସଲ କରିଥିଲେ।



**ଖୁଣ୍ଟିଂ :** ଶୁକୁଳି ବ୍ଲକ ଅନ୍ତର୍ଗତ କୁମ୍ଭୀର୍ଦା କୀଚକେଶ୍ୱରୀ ସରକାରୀ ଉଚ୍ଚ ବିଦ୍ୟାଳୟରେ ପୂର୍ବତନ ପ୍ରଧାନ ମନ୍ତ୍ରୀ ପଣ୍ଡିତ ଜବାହରଲାଲ ନେହେରୁଙ୍କ ପବିତ୍ର ଜୟନ୍ତୀ ସମାରୋହରେ ପାଳିତ ହୋଇଯାଇଛି। ପ୍ରଧାନ ଶିକ୍ଷକ ଶୁଭେନ୍ଦୁ କୁମାର ମାଝୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ପ୍ରାକ୍ତନ ପ୍ରଧାନ ଶିକ୍ଷକ ହାଡିବନ୍ଧୁ ରାଉତ ନେହେରୁଙ୍କ ଫଟୋଚିତ୍ରରେ ପୁଷ୍ପ ମାଲ୍ୟାର୍ପଣ କରିବା ସହିତ ଏହି ଦିବସ ପାଳନର ତାତ୍ପର୍ଯ୍ୟ ସମ୍ପର୍କରେ ଛାତ୍ରଛାତ୍ରୀଙ୍କ ଉଦ୍ଦେଶ୍ୟରେ ବକ୍ତବ୍ୟ ରଖିଥିଲେ। ଏହି ଅବସରରେ ମୁକ୍ତିକାନ୍ତ ବଳ, ଯୁଗଳ କିଶୋର ମହାନ୍ତ ଓ ରୋମି ଟୁଡୁ ପ୍ରମୁଖ ସହକାରୀ ଶିକ୍ଷକ, ଶିକ୍ଷୟିତ୍ରୀ ପଣ୍ଡିତ ନେହେରୁଙ୍କ ନୀତି ଓ ଆଦର୍ଶରେ ଅନୁପ୍ରାଣିତ ହେବାକୁ ପରାମର୍ଶ ଦେଇଥିଲେ।



## ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଇଁ ପ୍ରସ୍ତୁତି

ମହୁଲଡିହା, ୧୪।୧୧(ସମିସ): ଠାକୁରମୁଣ୍ଡା ବ୍ଲକ ସାତକୋଶିଆ ଗ୍ରାମ ପଞ୍ଚାୟତ ଅନ୍ତର୍ଗତ ପଥୁରିଆ ସାହି ନିକଟ ବାଗଦଫା ଛକରେ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ପାଳନ ପାଇଁ ବିର୍ସା ମୁଣ୍ଡା ଯୁବକ ସଂଘ ଆନୁକୂଲ୍ୟରେ ଏକ ପ୍ରସ୍ତୁତି ବୈଠକ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ଆସନ୍ତା ୧୫ ଓ ୧୬ ତାରିଖରେ ସହିଦ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଉପଲକ୍ଷେ ଫୁଟବଲ ଖେଳ ସହ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ଏ ନେଇ ବହୁ ସଂଖ୍ୟାରେ ଲୋକଙ୍କୁ ନିମନ୍ତ୍ରଣ କରାଯାଇଥିବା ସଂଘର ସଭାପତି କହିଛନ୍ତି। ବୈଠକରେ ଯୁବକ ସଂଘର ସଭାପତି ଚକ୍ରଧର ହାଇବ୍ରୁରୁ, ସମ୍ପାଦକ ତୁରାମ ଜଙ୍କ ଉପସ୍ଥିତ ଥିଲେ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

### ବଡ଼ଦାଣ୍ଡରୁ ବାହାରିଲା ସାଇବର ସୁରକ୍ଷା ସଚେତନତା ୱାକାଥନ

# ଚାଲି ଚାଲି ସହର ପରିକ୍ରମା କଲେ ଜିଲ୍ଲାପାଳ ଓ ଏସ୍‌ପି




**ବାରିପଦା, ୧୪।୧୧(ସମିସ)**

ମୟୂରଭଞ୍ଜ ଜିଲ୍ଲା ଏବଂ ପୁଲିସ ପ୍ରଶାସନ ଆନୁକୂଲ୍ୟରେ ସାଇବର ସୁରକ୍ଷା ସଚେତନତା ଅଭିଯାନ ପାଳନ ଅବସରରେ ଶୁକ୍ରବାର ସନ୍ଧ୍ୟାରେ ଏକ ସଚେତନତା ୱାକାଥନ ଅନୁଷ୍ଠିତ ହୋଇଥିଲା। ଦ୍ୱିତୀୟ ଶ୍ରୀକ୍ଷେତ୍ର ବାରିପଦା ଜଗନ୍ନାଥ ମନ୍ଦିର ପ୍ରାଙ୍ଗଣରୁ ଜିଲ୍ଲାପାଳ ହେମକାନ୍ତ ସଏ ଓ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ବରୁଣ ଗୁଣ୍ଟୁପାଲ୍ଲି ଏହି ୱାକଥନକୁ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ। ସାଇବର ଠକଙ୍କ କବଳରୁ ସୁରକ୍ଷିତ ରହିବା ପାଇଁ ସତର୍କତା ଅବଲମ୍ବନ ନିମନ୍ତେ ଜନସାଧାରଣଙ୍କ ମଧ୍ୟରେ ବ୍ୟାପକ ସଚେତନତା ସୃଷ୍ଟି କରିବା ଏହି ୱାକଥନର ଉଦ୍ଦେଶ୍ୟ ବୋଲି ଏସ୍‌ପି କହିଥିଲେ। ପରିବର୍ତ୍ତିତ ସମୟ ଅନୁସାରେ ବର୍ତ୍ତମାନ ପ୍ରତ୍ୟେକ କାର୍ଯ୍ୟ କ୍ଷେତ୍ରରେ ଉନ୍ନତ ବୈଷୟିକ ଜ୍ଞାନ କୌଶଳର ପ୍ରୟୋଗ ସାଙ୍ଗକୁ ଇଣ୍ଟରନେଟ ଓ ସ୍ମାର୍ଟ ଫୋନ୍‌ର ବହୁଳ ବ୍ୟବହାର ସମସ୍ତଙ୍କ ପାଇଁ ଅପରିହାର୍ଯ୍ୟ ହୋଇପଡ଼ିଛି। ଏହାର ସୁଯୋଗ ନେଇ ସାଇବର ଠକମାନେ ନୂଆ ନୂଆ ଉପାୟରେ ଠକୁଛନ୍ତି ବୋଲି କହିଥିଲେ। ତେଣୁ ସାମାଜିକ ଗଣମାଧ୍ୟମ ବ୍ୟବହାର, ଅନଲାଇନ ସପିଙ୍ଗ, ଅନଲାଇନ ଆର୍ଥିକ କାରବାର, ଅନଲାଇନରେ କ୍ରୟ ବିକ୍ରୟ ସମୟରେ ଯଥେଷ୍ଟ ସତର୍କତା ଅବଲମ୍ବନ କରିବାକୁ ପରାମର୍ଶ ଦେଇଥିଲେ। ଜିଲ୍ଲାପାଳ କହିଥିଲେ ଯେ ବର୍ତ୍ତମାନ ଦେଖାଯାଉଛି ବହୁ ସମୟରେ ଫୋନ କଲ୍ ମାଧ୍ୟମରେ ଏଟିଏମ/ପ୍ୟାନ/ଆଧାର କାର୍ଡ ଇତ୍ୟାଦି ଅପଡେଟ ପାଇଁ ପିନ ପାସ ୱାର୍ଡ, ଓଟିପି ଶେୟାର କରିବା ପାଇଁ, ଟିଭି ଟାୱାର ବସାଇବା ନେଇ ଆର୍ଥିକ ପ୍ରଲୋଭନର ଦେଖାଇବା, ଚାକିରି ଦେବା ନାଁରେ କିଛି ଅର୍ଥ ପୈଠ ପାଇଁ ପ୍ରବର୍ତ୍ତାଇବା, ମାର୍ଟିମୋନିଆଲ ସାଇଟରେ ତଥ୍ୟ ସେୟାର କରିବା ପାଇଁ କହିବା, ମାଗଣାରେ କୌଣସି ଉପହାର ଦେବା, ବିଭିନ୍ନ ଆପ ଜରିଆରେ ବିନା ସୁଧରେ ଋଣ ଦେବା, ସିମ ସ୍ୱାପ, ଡିଜିଟାଲ ଆରେଷ୍ଟ ସନ୍ଦେଶ ଦେବା, ଲୋଭ ଦେଖାଇ ସନ୍ଦେହ ଜନକ ଅଜଣା ଲିଙ୍କରେ କ୍ଲିକ ପାଇଁ କହିବା, କୌଣସି ଅଜଣା ବ୍ୟକ୍ତିଙ୍କ ସହ ବ୍ୟକ୍ତିଗତ ତଥ୍ୟ ବା ଫଟୋଭିଡିଓ ସେୟାର କରିବା ଆଦି ଠକାମିର ଶିକାର ନହେବା ପାଇଁ ସଚେତନ କରାଯାଉଛି। ଯଦି କେହି ସାଇବର ଠକେଇର ଶିକାର ହୁଅନ୍ତି ତେବେ ତୁରନ୍ତ ୧୯୩୦ରେ କଲ କରିବାକୁ ସଚେତନ କରାଯାଉଛି ବୋଲି କହିଥିଲେ। ୱାକାଥନ ରଥ ଖଳାଠାରେ ଆରମ୍ଭ ହୋଇ ବଡଦାଣ୍ଡ ପରିକ୍ରମା ପରେ ମା' ଅମ୍ବିକା ମନ୍ଦିର ନିକଟରେ ସମାପନ ହୋଇଥିଲା। ଜିଲ୍ଲାପାଳ ଓ ଏସି ନିଜେ ଚାଲି ଚାଲି ସହର ପରିକ୍ରମା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଦୁଖବନ୍ଧୁ ନାୟକ ଓ ଇଶ୍ୱର ଚନ୍ଦ୍ର ନାଏକ, ତହସିଲଦାର ସପନ କୁମାର ସାହୁ, ପୌରପାଳିକା ନିର୍ବାହୀ ଅଧିକାରୀ ଦେବୀ ପ୍ରସାଦ ରାଉତ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଦୀପକକୁମାର ଗୋଛାୟତ, ଗୌତମ କିଷାନ, ରିଜର୍ଭ ପୁଲିସ ନିରୀକ୍ଷକ ଆଲୋକ କୁମାର କାନୁନଗୋ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ବିକାଶ ରଞ୍ଜନ ମହାନ୍ତି ପ୍ରମୁଖ ଅଂଶଗ୍ରହଣ କରିଥିଲେ।

## ବ୍ଲକସ୍ତରୀୟ ଶିଶୁ ପ୍ରତିଭା ସମ୍ମାନ ସମାରୋହ



**ଖୁଣ୍ଟ, ୧୪।୧୧(ସମିସ)**: ଶୁକୃଳି ଗୋଷ୍ଠୀ ଶିକ୍ଷା କାର୍ଯ୍ୟାଳୟ ଅନ୍ତର୍ଗତ ସରକାରୀ ପ୍ରାଥମିକ ବିଦ୍ୟାଳୟରେ ପବିତ୍ର ଶିଶୁ ଦିବସ ଅବସରରେ ବ୍ଲକ ସ୍ତରୀୟ ଶିଶୁ ପ୍ରତିଭା ସମ୍ମାନ ସମାରୋହ ଅନୁଷ୍ଠିତ ହୋଇଯାଇଛି। ପ୍ରାଥମିକ ଶିକ୍ଷକ ସଂଘର ସଭାପତି ତାପସ କୁମାର ବେହେରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଭାବରେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ତଥା ଗୋଷ୍ଠୀ ସାଧନ କେନ୍ଦ୍ର ସଂଯୋଜକ ନୟନତାରା ମହାନ୍ତ, ମୁଖ୍ୟବକ୍ତା ଭାବେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ରାମଚନ୍ଦ୍ର ବେହେରା ଓ ସମ୍ମାନିତ ଅତିଥି ରୂପେ ପ୍ରାଥମିକ ଶିକ୍ଷକ ସଂଘର ସମ୍ପାଦକ ମୋହିନୀ ପାତ୍ର ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ମାର୍ଗଦର୍ଶନ କରିଥିଲେ। ପ୍ରକାଶ ଥାଉକି ଏହି ଅବସରରେ ଶିକ୍ଷାବର୍ଷ ୨୦୨୨-୨୩ ଓ ୨୦୨୩-୨୪ରେ ଅନୁଷ୍ଠିତ ହୋଇଥିବା ବ୍ଲକ ସ୍ତରୀୟ ୩ୟ ଓ ୫ମ ଶ୍ରେଣୀ ମେଧାବୃତ୍ତି ପରୀକ୍ଷାରେ କୃତିତ୍ୱ ହାସଲ କରିଥିବା ଶୁକୃଳି ବ୍ଲକର ୩୯ଜଣ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧନା ପତ୍ର, ପଦକ ତଥା ପୁରସ୍କାର ପ୍ରଦାନ କରାଯାଇଥିଲା। ଶିକ୍ଷକ ଗଣେଶ୍ୱର ସାହୁ ଅତିଥି ପରିଚୟ ଓ ଶିକ୍ଷକ ଇନ୍ଦ୍ରମଣି ଗିରି ଧନ୍ୟବାଦ ଅର୍ପଣ କରିଥିଲେ।

## ଶିଶୁ ଦିବସ ଅବସରରେ 'ଘୋଷ ସଞ୍ଚଳନ'

**ରାଇରଙ୍ଗପୁର, ୧୪।୧୧(ସମିସ)**: ରାଇରଙ୍ଗପୁରସ୍ଥିତ ଶିଶୁ ବିଦ୍ୟା ମନ୍ଦିର ପକ୍ଷରୁ ଶିଶୁ ଦିବସ ପାଳିତ ହୋଇଛି। ଛାତ୍ରଛାତ୍ରୀ ପ୍ରଥମେ ଚାଚା ନେହେରୁଙ୍କ ଫୋଟରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ। ଦେଶର ପ୍ରଥମ ପ୍ରଧାନମନ୍ତ୍ରୀ ଚାଚା ନେହେରୁଙ୍କ ଜୀବନ ଦର୍ଶନ ବାବଦରେ ଆଲୋଚନା କରିଥିଲେ। ଏହାପରେ ଘୋଷ ସଞ୍ଚଳନ, ବାଲ ଶିବିର ଓ କନ୍ୟା ଶିବିର ଅନୁଷ୍ଠିତ ହୋଇଥିଲା। ଏକ ଶୋଭାଯାତ୍ରାରେ ସହର ପରିକ୍ରମା ସହ ଘୋଷ ସଞ୍ଚଳନ କରିଥିଲେ। ସଞ୍ଚଳନ ସରିବା ପରେ ବାଲ ଶିବିରକୁ ସହ ଜିଲ୍ଲା ପ୍ରମୁଖ ବାବୁଲାଲ ଦାସ ପ୍ରଦୀପ ପ୍ରଜ୍ୱଳନ କରି ଉଦଘାଟନ କରିଥିଲେ। ପ୍ରଧାନ ଆଚାର୍ଯ୍ୟ କେଦାରନାଥ ବାରିକ ବାଲ ଶିବିରର ଆଭିମୁଖ୍ୟ ଉପରେ କହିଥିଲେ। ଏଥିସହିତ କନ୍ୟା ଶିବିରକୁ ଚିକିତ୍ସିକା ନିବେଦିତା ମୁଣ୍ଡାରୀ ପ୍ରଦୀପ ପ୍ରଜ୍ୱଳନ କରି ଉଦଘାଟନ କରିଥିଲେ। କନ୍ୟା ମାନଙ୍କ ସ୍ୱାସ୍ଥ୍ୟ ସମ୍ବନ୍ଧୀୟ କିଛି ଉପାଦେୟ ବକ୍ତବ୍ୟ ପ୍ରଦାନ କରିଥିଲେ। ଆଚାର୍ଯ୍ୟା ମାନିନୀ ଜେନା କନ୍ୟା ଶିବିର ଆଭିମୁଖ୍ୟ ପ୍ରଦାନ କରିଥିଲେ।

### ସ୍ୱାମୀ ସଦାନନ୍ଦ ସରସ୍ୱତୀ ସ୍ୱତନ୍ତ୍ର ବକ୍ତୃତା କାର୍ଯ୍ୟକ୍ରମ

# 'ବିଶ୍ୱାସ ନୁହେଁ, ଅନୁଭବ ହିଁ ଆଧ୍ୟାତ୍ମିକତା'




**ବାରିପଦା, ୧୪।୧୧(ସମିସ)**: ବାରିପଦା ଏମପିସି ସ୍ୱୟଂଶାସିତ କଲେଜରେ ଚିନ୍ମୟ ମିଶନ ଓ ରୋଭର ରେଞ୍ଜର ୟୁନିଟର ସହଭାଗିତାରେ ଏକ ସ୍ୱତନ୍ତ୍ର ବକ୍ତୃତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। 'ଆଧୁନିକ ଶିକ୍ଷା ଓ ଆଧ୍ୟାତ୍ମିକତା' ଶୀର୍ଷକ ପ୍ରସଙ୍ଗରେ ଚିନ୍ମୟ ମିଶନର ଓଡ଼ିଶା ମୁଖ୍ୟ ସ୍ୱାମୀ ସଦାନନ୍ଦ ସରସ୍ୱତୀ ବିଶଦ ବ୍ୟାଖ୍ୟା କରିଥିଲେ। ଈଶ୍ୱର ବିଶ୍ୱାସ ନୁହେଁ, ଜ୍ଞାନେନ୍ଦ୍ରିୟର ଅନୁଭବ ହିଁ ଆଧ୍ୟାତ୍ମିକତା ବୋଲି ସ୍ୱାମୀଜୀ ନିଜ ବକ୍ତବ୍ୟରେ ଗୁରୁତ୍ୱାରୋପ କରିଥିଲେ। କଲେଜ ଅଧ୍ୟକ୍ଷ ପ୍ରଫେସର ନାରାୟଣ ପ୍ରସାଦ ବେହେରାଙ୍କ ପୌରୋହିତ୍ୟରେ ବକ୍ତୃତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପ୍ରଫେସର ବେହେରା ସ୍ୱାଗତ ଭାଷଣ ଦେଇ କହିଥିଲେ ଯେ, 'ଭାରତୀୟ ସାଂସ୍କୃତିକ ଓ ବୌଦ୍ଧିକ ପରମ୍ପରାରେ ସାଧୁସନ୍ଥଙ୍କ ପୂଜନ ଏକ ଗୁରୁତ୍ୱପୂର୍ଣ୍ଣ ବିଭବ। ଛାତ୍ରଛାତ୍ରୀଙ୍କ ମଧ୍ୟରେ ଆଧ୍ୟାତ୍ମିକ ଚେତନା ବୃଦ୍ଧି ସାମ୍ପ୍ରତିକ ସମୟର ସବୁଠୁ ବଡ଼ ଆହ୍ୱାନ। ରୋଭର ଲିଡର ତଥା ଦର୍ଶନ ବିଭାଗର ମୁଖ୍ୟ ଡ ଦୀପକ କୁମାର ବେହେରା ଅତିଥି ପରିଚୟ ଓ କାର୍ଯ୍ୟକ୍ରମକୁ ସଞ୍ଚାଳନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଚିନ୍ମୟ ମିଶନ ବାରିପଦା କେନ୍ଦ୍ରର ଆଚାର୍ଯ୍ୟ ସ୍ୱାମୀ ଗୋବିନ୍ଦାନନ୍ଦ ସରସ୍ୱତୀ, ଚିନ୍ମୟ ମିଶନ, ଉଦଳାର ଆଚାର୍ଯ୍ୟ ବ୍ରହ୍ମଚାରୀ ଅଚ୍ୟୁତ ଚୈତନ୍ୟ, ଚିନ୍ମୟ ମିଶନ, ଦେଉଳଡିହାର ଆଚାର୍ଯ୍ୟ ବ୍ରହ୍ମଚାରୀ ଅନିକେତ ଚୈତନ୍ୟ ଓ ଚିନ୍ମୟ ମିଶନ, ବାରିପଦା କେନ୍ଦ୍ରର ସମ୍ପାଦକ ଅଜିତ କୁମାର ବେହେରା ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ରାଇମଣି ମାରାଣ୍ଡି, ଡ ଦେବପ୍ରିୟ ପ୍ରିୟଦର୍ଶୀ ଚକ୍ର, ଡ ଦିଲ୍ଲୀପ ଦଲେଇ, ଛନ୍ଦିତା ବିଶ୍ୱାଳ, ଡ ନିରୂପମା ନାୟକ, ଡ ନରେନ୍ଦ୍ର ବେହେରା, ଡ ପ୍ରଭାକର ଦୁଆରୀ, ଡ ଅନାମ ରାଉଳ, ସତ୍ୟବ୍ରତ ବାରିକ, ଡ ହରପ୍ରସାଦ ମହାପାତ୍ରଙ୍କ ସମେତ ସମସ୍ତ ଅଧ୍ୟାପକ-ଅଧ୍ୟାପିକା ଓ କର୍ମଚାରୀ ଉପସ୍ଥିତ ଥିଲେ। ଏହି ଅବସରରେ ଛାତ୍ରଛାତ୍ରୀମାନେ ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ରେଞ୍ଜର ଲିଡର ରଶ୍ମିତା ନାଏକ ଧନ୍ୟବାଦ ଅର୍ପଣ କରିଥିଲେ।

## ପିଏମ୍‌ଶ୍ରୀ ଯୋଜନା କାର୍ଯ୍ୟକାରିତା ନେଇ କେନ୍ଦ୍ରୀୟ ଟିମ୍‌ର ସମୀକ୍ଷା



**ବାରିପଦା, ୧୪।୧୧(ସମିସ)**: ପିଏମଶ୍ରୀ ଯୋଜନାର କାର୍ଯ୍ୟକାରିତା ଏବଂ ଅଗ୍ରଗତି ସମ୍ବନ୍ଧରେ ସମୀକ୍ଷା କରିବା ପାଇଁ କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟର ସ୍କୁଲ ଶିକ୍ଷା ଏବଂ ସାକ୍ଷରତା ବିଭାଗ ଏବଂ ଜିଲ୍ଲା ଶିକ୍ଷା ବିଭାଗର ଏକ ଉଚ୍ଚ କ୍ଷମତା ସମ୍ପନ୍ନ ଟିମ୍ ଶୁକ୍ରବାର ଲକ୍ଷୀପୋଷି ସ୍ଥିତ ପିଏମଶ୍ରୀ କେନ୍ଦ୍ରୀୟ ବିଦ୍ୟାଳୟ-୧ ବାରିପଦା ପରିଦର୍ଶନ କରିଛନ୍ତି। କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟର ସ୍କୁଲ ଶିକ୍ଷା ଏବଂ ସାକ୍ଷରତା ବିଭାଗ ଉପ ସଚିବ ଲିଙ୍ଗରାଜ ପଣ୍ଡା ଏହି ଦଳଟିର ନେତୃତ୍ୱ ନେଇଥିଲେ। ତାଙ୍କ ସହିତ ସ୍କୁଲ ଶିକ୍ଷା ଏବଂ ସାକ୍ଷରତା ବିଭାଗର ମୁଖ୍ୟ ପରାମର୍ଶଦାତା ଡେପୁଟି କମିଶନର ସନ୍ତୋଷ କୁମାର ଏନ, ବୀରବଳ ଧିନୱା ଓ ଅନ୍ୟ ଜିଲ୍ଲା ଶିକ୍ଷା ଅଧିକାରୀ ଉପସ୍ଥିତ ଥିଲେ। ଏହି ଯୋଜନା ଅଧୀନରେ ହୋଇଥିବା ୬ଟି ଦିଗରେ ହୋଇଥିବା ସର୍ବାଙ୍ଗୀନ ଉନ୍ନତି, ଶୈକ୍ଷିକ ଭିତ୍ତିଭୂମିର ବିକାଶ ଓ କାର୍ଯ୍ୟକାରିତା, ଡିଜିଟାଲ ପ୍ରଯୁକ୍ତି ବିଦ୍ୟାର ବ୍ୟବହାର ଏବଂ ସାମଗ୍ରିକ ପ୍ରୟୋଗ ଓ ବ୍ୟବହାରର ମୂଲ୍ୟାଙ୍କନ କରିଥିଲେ। ସମସ୍ତେ ବିଭିନ୍ନ ପ୍ରୟୋଗଶାଳା, ପୁସ୍ତକାଳୟ, ଖେଳପଡ଼ିଆ ଏବଂ ଅନ୍ୟାନ୍ୟ ସୁବିଧା ସୁଯୋଗର ପରିଦର୍ଶନ କରିଥିଲେ। ବିଦ୍ୟାଳୟ ଦ୍ୱାରା କରାଯାଇଥିବା ଉନ୍ନତି ପାଇଁ ସେମାନେ ବିଦ୍ୟାଳୟର ଅଧ୍ୟକ୍ଷ ଏବଂ ଅଧ୍ୟାପକଙ୍କ ପ୍ରଶଂସା କରିଥିଲେ। ସେମାନେ ସିଏମପି କକ୍ଷ, କ୍ରୀଡ଼ା କକ୍ଷ, ସଙ୍ଗୀତ କକ୍ଷ ମଧ୍ୟ ପରିଦର୍ଶନ କରିଥିଲେ। ଏହି ଅବସରରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ପ୍ରସ୍ତୁତ କରାଯାଇଥିବା ବିଭିନ୍ନ ସୃଜନଶୀଳ ଧାରଣା ଯଥା ବିଜ୍ଞାନ ପ୍ରକଳ୍ପ ଏବଂ କାର୍ଯ୍ୟକାରୀ ମଡେଲ୍ ସବୁର ପରିଦର୍ଶନ କରିଥିଲେ। ଶେଷରେ ଶିଶୁ ଦିବସ କାର୍ଯ୍ୟକ୍ରମକୁ ଉଦଘାଟନ କରି ପିଲାଙ୍କୁ ଜୀବନରେ ଭଲ ମଣିଷ ହେବା ପାଇଁ ପ୍ରେରଣା ଦେଇଥିଲେ। ଅଧ୍ୟକ୍ଷ ଅକ୍ଷୟ କୁମାର ମଲ୍ଲିକ ଧନ୍ୟବାଦ ଅର୍ପଣ କରିଥିଲେ।

## ସାଇ ଆଦର୍ଶ ଇଣ୍ଟରନ୍ୟାସନାଲ ସ୍କୁଲରେ ଲାରନାର ଲିଡ୍ ସମ୍ମିଳନୀ

**ବାରିପଦା, ୧୪।୧୧(ସମିସ)**: ସାଇଆଦର୍ଶଇଣ୍ଟରନେସନାଲ ସ୍କୁଲରେ ଲାରନାର ଲିଡ୍ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ସମ୍ମିଳନୀରେ ପ୍ରୋପେଲ ଗ୍ରୁପର ଓଡ଼ିଶା ସଂଯଜିକା ସୁଚିସ୍ମିତା ରାଜଗୁରୁ ମୁଖ୍ୟଅତିଥି, ସାଇଆଦର୍ଶ ଗ୍ରୁପଅଫ ଇନ୍‌ଷ୍ଟିଚ୍ୟୁଟର ସଭାପତି ମିନାରାଣୀ ସାହୁ ଓ ମୁଖ୍ୟ ଉପଦେଷ୍ଟା ଡକ୍ଟର ପୂର୍ଣ୍ଣଚନ୍ଦ୍ର ସାହୁ ସମ୍ମିଳନୀକୁ ଉଦଘାଟନ କରିଥିଲେ। ସାଇ ଆଦର୍ଶ ବିଦ୍ୟାମନ୍ଦିରର ପ୍ରଧାନ ଶିକ୍ଷକ କମଳ ଲୋଚନ ସାହୁ ମୁଖ୍ୟବକ୍ତା ଏବଂ ସାଇ ଆଦର୍ଶ ଡିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଜିତେନ୍ଦ୍ର ପାଳ ଓ ସାଇ ଆଦର୍ଶ ହାୟର ସେକେଣ୍ଡାରୀ ସ୍କୁଲର ପ୍ରଶାସନିକ ଅଧିକାରୀ ଦୀନକୃଷ୍ଣ ମାହାନା ଓ ଅଧ୍ୟକ୍ଷା ଲକ୍ଷ୍ମୀପସମ୍ମାନିତ ଅତିଥି ରୂପେ ଯୋଗ ଦେଇ ଲିଡ୍ ଓ ପ୍ରୋପେଲ ଗ୍ରୁପର ଏକାଡେ଼ମିକ ସାପୋର୍ଟରେ ପାଠ୍ୟକ୍ରମର ଉପକାରିତା ସମ୍ପର୍କରେ ଉପସ୍ଥାପନ କରିଥିଲେ। ଏହି ପରିପ୍ରେକ୍ଷୀରେ ଛାତ୍ରଛାତ୍ରୀ ଗଣିତ, ବିଜ୍ଞାନ, ହିନ୍ଦୀ, ଓଡିଆ, ସାମାଜିକ ବିଜ୍ଞାନ ଓ କମ୍ପ୍ୟୁଟର ଆଦି ଉପରେ ଅକର୍ଷଣୀୟ ପ୍ରକଳ୍ପ ଗୁଡିକ ପ୍ରଦର୍ଶିତ କରିଥିଲେ।



### ସର୍ବଭାରତୀୟ ପ୍ରଶାସନିକ ସେବା ଅଧିକାରୀ ଦଳର ଦୁଇଦିନିଆ ବାରିପଦା ଗସ୍ତ

## ଜଗଦ୍ଧାତ୍ରୀ ମେଳା ପଡ଼ିଆ ସଫେଇରେ ହେଲେ ସାମିଲ



**ବାରିପଦା, ୧୪।୧୧(ସମିସ)**: ସର୍ବଭାରତୀୟ ପ୍ରଶାସନିକ ସେବାର ୧୨ ଜଣିଆ ଅଧିକାରୀ ଦଳ ଦୁଇଦିନିଆ ବାରିପଦା ଗସ୍ତରେ ଆସି ପୌରାଞ୍ଚଳର କାର୍ଯ୍ୟ ପ୍ରଣାଳୀ ଓ ବିଭିନ୍ନ ଉନ୍ନୟନ ମୂଳକ କାର୍ଯ୍ୟ ପରିଦର୍ଶନ କରିଛନ୍ତି। ଗୁରୁବାର ପୂର୍ବାହ୍ନରେ ପୌର କାର୍ଯ୍ୟାଳୟର ସମ୍ମିଳନୀ କକ୍ଷରେ ପ୍ରତିନିଧି ଦଳ ପୌରପାଳ କୃଷ୍ଣାନନ୍ଦ ମହାନ୍ତି, ଉପନଗରପାଳ ସୀମା ଦାସ ଓ କାର୍ଯ୍ୟ ନିର୍ବାହୀ ଅଧିକାରୀ ଦେବୀପ୍ରସାଦ ରାଉତଙ୍କ ସହିତ ପୌର ପ୍ରଶାସନର ବିଭିନ୍ନ କାର୍ଯ୍ୟ ପ୍ରଣାଳୀ ଏବଂ ବର୍ତ୍ତମାନ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ଉନ୍ନୟନ ମୂଳକ ଯୋଜନା ସମ୍ପର୍କରେ ଅବଗତ ହୋଇଥିଲେ। ପରେ ସମସ୍ତେ ଦେବେନ୍ଦ୍ରପୁର ଠାରେ ଅବସ୍ଥିତ ସହରାଞ୍ଚଳ ସ୍ୱାସ୍ଥ୍ୟକେନ୍ଦ୍ର, ମଳ ବିଶୋଧନାଗାର, ମୋଖତ ଓ ବର୍ଜ୍ୟବସ୍ତୁ ପୃଥକୀକରଣ କେନ୍ଦ୍ର, ମହାରାଣୀ ପ୍ରେମକୁମାରୀ ବାଳିକା ବିଦ୍ୟାଳୟ ସହିତ ବସ୍ତି ଅଞ୍ଚଳ ପରିଦର୍ଶନ ପୂର୍ବକ ଲୋକଙ୍କ ସହିତ ଭାବବିନିମୟ କରିଥିଲେ। ଶୁକ୍ରବାର ସକାଳେ ସମସ୍ତେ ଭଞ୍ଜପୁର ଜଗଦ୍ଧାତ୍ରୀ ମେଳା ପରିସରର ସଫେଇ କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ଏହି ପ୍ରତିନିଧି ମଣ୍ଡଳରେ ମୋହନା ପୌରାଣୀ ଏସଜି, ଅମିଷା ଯାଦବ, ଜୟକୁମାର ଶଙ୍କର ଆଡେ, ରାଜ କୁମାର ମହାତୋ, ପରଗୀ ଭରଦ୍ୱାଜ, ଶୁଭମ ଶୁକ୍ଳା, ରାମନିବାସ ସିଆଦ, ପିୟୂଷ ଗୋଠାଲା, ଅନୁପମ ଯାଦବ, ଆଦିକା ଅନାମ, କୋଭିନ ମୋଝି ଏମ ଭି, ଭରତ ଯାବତ ଓ ଯୋଶବନ୍ତ ନାୟକ ସାମିଲ ଥିଲେ।

## ଜିଲ୍ଲାସ୍ତରୀୟ ଶିକ୍ଷୟିତ୍ରୀ ସମାବେଶ



**ବାରିପଦା, ୧୪।୧୧(ସମିସ)**: ମୟୂରଭଞ୍ଜ ଜିଲ୍ଲା ଓଡ଼ିଶା ମାଧ୍ୟମିକ ଶିକ୍ଷକ ସଂଘ (ଓଷ୍ଟା)ର ଜିଲ୍ଲା ସମ୍ପାଦକ କିଶୋର କୁମାର ଆଚାର୍ଯ୍ୟଙ୍କ ଆବାହକତ୍ୱରେ ମୁର୍ଗାବାଡି ସ୍ଥିତ ସଂଘ କାର୍ଯ୍ୟାଳୟରେ ଜିଲ୍ଲାସ୍ତରୀୟ ମହିଳା ଶିକ୍ଷୟିତ୍ରୀ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ବାଙ୍ଗିରିପୋଷି ବିଧାୟିକା ସଞ୍ଜଲୀ ମୁର୍ମୁ ମୁଖ୍ୟ ଅତିଥି ଭାବେ ଯୋଗଦେଇ ସମ୍ମିଳନୀକୁ ଉଦଘାଟନ କରିଥିଲେ। ଜିଲ୍ଲା ସଭାପତି ଚିତ୍ତରଞ୍ଜନ ପଳତାଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଓଷ୍ଟାର ରାଜ୍ୟ ସଭାପତି ଅକ୍ଷୟ କୁମାର ମିଶ୍ର, ସାଧାରଣ ସମ୍ପାଦକ ରଞ୍ଜନ କୁମାର ଦାଶ, ରାଜ୍ୟ ସଂଗଠନର ଯୁଗ୍ମ ସାଧାରଣ ସମ୍ପାଦକ ବ୍ରଜ କିଶୋର ବିଶ୍ୱାଳ, ପୂର୍ବତନ ରାଜ୍ୟ ସମ୍ପାଦକ ଭରତ ଚନ୍ଦ୍ର ବରାଳ, ପୂର୍ବତନ ଜିଲ୍ଲା ସଭାପତି ସନ୍ତୋଷ କୁମାର କାସ୍ତ, ରାଧାକାନ୍ତ ମହାରଣା ପ୍ରମୁଖ ସମ୍ମାନିତ ଅତିଥି ଭାବେ ମଞ୍ଚାସୀନ ଥିଲେ। ମହିଳାଙ୍କ ବିକାଶ ହେଲେ ଦେଶର ବିକାଶ ହେବ। ଶିକ୍ଷୟିତ୍ରୀଙ୍କୁ ସଚେତନ କରିବା ସହିତ କିପରି ସେମାନେ ସମାଜର ମୁଖ୍ୟ ସ୍ରୋତରେ ସାମିଲ ହୋଇପାରିବେ ସେ ବିଷୟରେ ଅତିଥିମାନେ ମତବ୍ୟକ୍ତ କରିଥିଲେ। ଜିଲ୍ଲା ସହ ସମ୍ପାଦିକା ଅତସୀ କୁଣ୍ଡୁ ଅତିଥି ପରିଚୟ ଓ ଜିଲ୍ଲା ଉପ ସଭାପତି ରଞ୍ଜିତା ରାଣୀ ଦାସ ଓ ତନୁଜା ମିଶ୍ର ଅତିଥିଙ୍କୁ ସ୍ୱାଗତ କରିଥିଲେ। କାର୍ଯ୍ୟକ୍ରମରେ ସମସ୍ତ ବ୍ଲକ ସଭାପତି, ସମ୍ପାଦକ, ଜିଲ୍ଲା କାର୍ଯ୍ୟକାରୀ କମିଟି ସଦସ୍ୟଙ୍କ ସହ ଓ ଜିଲ୍ଲାର ବିଭିନ୍ନ ବିଦ୍ୟାଳୟରୁ ଆସିଥିବା ଶିକ୍ଷକ, ଶିକ୍ଷୟିତ୍ରୀ ଓ କର୍ମଚାରୀ ଅଂଶ ଗ୍ରହଣ କରିଥିଲେ। ଶଷରେ ଜିଲ୍ଲା କାର୍ଯ୍ୟକାରୀ ସଭାପତି ଦୟାନିଧି ମହାନ୍ତ ଧନ୍ୟବାଦ ଅର୍ପଣ କରିଥିଲେ।

## ବାସନ୍ଧ ପରିବାରକୁ ନ୍ୟାୟ ନ ମିଳିଲେ ସେଙ୍ଗେଲର ଧାରଣା


**ବାରିପଦା, ୧୪।୧୧(ସମିସ)**



ଆଦିବାସୀ ସେଙ୍ଗେଲ ଅଭିଯାନର ଓଡ଼ିଶା ପ୍ରଦେଶ କମିଟିର ସେଙ୍ଗେଲ ପାର୍ଗାନା ସହ ବାରିପଦା ଜୋନାଲ ସଭାପତି ନାରାନ ମୁର୍ମୁଙ୍କ ନେତୃତ୍ୱରେ ମୟୂରଭଞ୍ଜର ଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ଶୁକ୍ରବାର ଏକ ଦାବିପତ୍ର ପ୍ରଦାନ କରାଯାଇଛି। ବିଶୋଇ ଥାନା ପୁଲିସ ସାମାଜିକ ବାସନ୍ଧ ଭଳି ଘୋର ଅପରାଧିକ ମାମଲାକୁ ଗୁରୁତ୍ୱ ଦେଇ ନଥିବା ଅଭିଯୋଗ ହୋଇଛି। ଦୀର୍ଘ ୫ବର୍ଷ ଧରି ନିର୍ଯାତନା ଭିତରେ ଜୀବନ କାଟୁଥିବା ଗୋଟିଏ ସାମାଜିକ ବାସନ୍ଧ ପରିବାରକୁ ନ୍ୟାୟ, ସୁରକ୍ଷା ଏବଂ ଅଧିକାର ଦେବାରେ ନାଟକବାଜି ସହ ପୁଲିସ ବିଫଳ ହୋଇଛି। ପରିବାର ପକ୍ଷରୁ ବାରମ୍ବାର ଗୁହାରି କରିବା ସତ୍ତ୍ୱେ ଅଭିଯୁକ୍ତଙ୍କ ଉପରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉନାହିଁ କି ଏହି ଘଟଣାର ସମାଧାନ ବି ହେଉନାହିଁ। ତେଣୁ ପୁଲିସ ପ୍ରଶାସନର ଅବହେଳା ହିଁ ବାସନ୍ଧ ପରିବାରକୁ ଆତ୍ମଦାହ କରିବା ପାଇଁ ବାଧ୍ୟ କରାଉଛି ବୋଲି କୁହଯାଉଛି। ସୂଚନା ମୁତାବକ, ବିଶୋଇ ଥାନା ଅନ୍ତର୍ଗତ ରୁଗୁଡିହି ଗ୍ରାମର ଦମ୍ପତ୍ତି ମୁଚିରାମ ଟୁଡୁ ଓ ନାକିଙ୍କ ଉପରେ ଅମାନୁଷିକ ଭାବରେ ପଶୁତୁଲ୍ୟ ଆକ୍ରମଣ, ଅତ୍ୟାଚାର, ମାରପିଟ୍ କରି ନିଜ ଘରୁ ଓ ଗାଁରୁ ଘୋଷାରି ତଡି ଦିଆଯାଇଛି। ପୁଲିସ ପ୍ରଶାସନ ଏହିପରି ସମ୍ବେଦନଶୀଳ ଅପରାଧିକ ମାମଲାରେ ଚୁପ ରହିବା ଅତି ଦୁର୍ଭାଗ୍ୟଜନକ। ଯାହାକି ଏବେ ନିରୀହ ଦମ୍ପତ୍ତି ତିନିଟି ନାବାଳକ ସହିତ ସେପ୍ଟେମ୍ବର ୨୧ ତାରିଖରୁ ବେସାହାରା ହୋଇ ନିରାଶ୍ରୟ ଭାବରେ ଅନ୍ୟର ପିଣ୍ଡାରେ କାଳ କାଟୁଛନ୍ତି। ଏବାବଦରେ ମୟୂରଭଞ୍ଜର ଏସପି, ଥାନା ଅଧିକାରୀଙ୍କୁ ଅଭିଯୋଗ କରାଯାଇଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ କୌଣସି ସାକାରାତ୍ମକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାନଯିବା ଦୁର୍ଭାଗ୍ୟପୂର୍ଣ୍ଣ ବୋଲି ସେଙ୍ଗେଲ ପକ୍ଷରୁ କୁହାଯାଇଛି। ତେଣୁ ଆସନ୍ତା ୨୨ ତାରିଖ ସୁଦ୍ଧା ଦୋଷୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରା ନ ଗଲେ ଏବଂ ବାସନ୍ଧ ପରିବାରକୁ ନ୍ୟାୟ, ସୁରକ୍ଷା, ଅଧିକାର ଦିଆନଗଲେ ଆଦିବାସୀ ସେଙ୍ଗେଲ ଅଭିଯାନ ୨୪ ତାରିଖରୁ ବିଶୋଇ ରାଜରାସ୍ତାରେ ଧାରଣା ଦେବ ବୋଲି ଚେତାବନୀ ଦେଇଛି। ଦାବିପତ୍ର ପ୍ରଦାନ ବେଳେ ବାରିପଦା ଜୋନାଲ ଉପସଭାପତି ବାହାଦୁର ମୁର୍ମୁ, ଜିଲ୍ଲା ଯୁବା ମୋର୍ଚ୍ଚା ସଭାପତି ଉଦୟନାଥ ହେମ୍ବ୍ରମ, ଜିଲ୍ଲା ମାଝୀ-ପାର୍ଗାନା ମାଡୱା ସଭାପତି ବିକାଶ ଚନ୍ଦ୍ର ହେମ୍ବ୍ରମ, ସୋନୁ ସାହୁ ଉପସ୍ଥିତ ଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ଅନ୍ୟକୁ ମାତ୍ରାଧିକ ଭଲପାଇବା ଭିତରେ ନିଜକୁ ହଜାଇ ଦେବା ଓ ନିଜର ସ୍ୱତନ୍ତ୍ରତାକୁ ଭୁଲି ଯିବା ସବୁଠାରୁ କଷ୍ଟଦାୟକ ।
-ଅର୍ନେଷ୍ଟ ହେମିଙ୍ଗୱେ

## ମୁଦ୍ରାସ୍ଫୀତି ହ୍ରାସ

ରିଜର୍ଭ ବ୍ୟାଙ୍କ ପକ୍ଷରୁ ସୁଧହାର ବା ରିପୋ ରେଟ ହ୍ରାସ ଅନେକଟା ନିର୍ଭରଶୀଳ ମୁଦ୍ରାସ୍ଫୀତି ସ୍ଥିତିକୁ ନେଇ । ଗତ ଅକ୍ଟୋବରରେ ଖୁଚୁରା ମୁଦ୍ରାସ୍ଫୀତି ହାର ୦.୨୫ ପ୍ରତିଶତକୁ ହ୍ରାସ ପାଇଛି । ତେଣୁ ଆସନ୍ତା ଡିସେମ୍ବରରେ ଅନୁଷ୍ଠିତ ହେବାକୁ ଥିବା ରିଜର୍ଭବ୍ୟାଙ୍କ ମୁଦ୍ରାନୀତି କମିଟିର ନିଷ୍ପତ୍ତିକୁ ଏହା ନିଶ୍ଚୟ ପ୍ରଭାବିତ କରିବ । କାରଣ ଗତ ୧୦ ବର୍ଷ ମଧ୍ୟରେ ମୁଦ୍ରାସ୍ଫୀତି ଏବେ ସର୍ବନିମ୍ନ ସ୍ତରରେ ପହଞ୍ଚିଛି । ରିଜର୍ଭବ୍ୟାଙ୍କ ପକ୍ଷରୁ ପ୍ରୟୋଗ କରାଯାଇଥିବା କଟକଣା ଅନୁଯାୟୀ ୬ ପ୍ରତିଶତ ମୁଦ୍ରାସ୍ଫୀତି ସହନୀୟ ସ୍ଥିତି ଏବଂ ୪ ପ୍ରତିଶତକୁ ହ୍ରାସ ରହିଛି ଲକ୍ଷ୍ୟ । ଏବେ ପରିସ୍ଥିତି ସଂପୂର୍ଣ୍ଣ ରୂପେ ବଦଳି ଯାଇଛି । ତେଣୁ ରେପୋରେଟ ହ୍ରାସ ପାଇଁ ମୁଦ୍ରାନୀତି କମିଟି ଆଉ କୁଣ୍ଠିତ ହେବେ ନାହିଁ ।

ଜାତୀୟ ପରିସଂଖ୍ୟାନ କାର୍ଯ୍ୟାଳୟ ପକ୍ଷରୁ ପ୍ରକାଶିତ ରିପୋର୍ଟରେ ଦର୍ଶାଯାଇଛି ଯେ ଖାଦ୍ୟ ସାମଗ୍ରୀର ଦରଦାମ ହ୍ରାସ ସହିତ ସାମଗ୍ରୀ ଓ ସେବା ଟିକସ (ଜିଏସଟି) ରେ ସଂସ୍କାର ଅଣାଯାଇଥିବାରୁ ତାହାର ଅନୁକୂଳ ପ୍ରଭାବ ମୁଦ୍ରାସ୍ଫୀତି ଉପରେ ପଡ଼ିଛି । ପନିପରିବା, ଫଳ, ଅଣ୍ଡା ଭଳି ସାମଗ୍ରୀ ମୂଲ୍ୟ କମିଥିବା ବେଳେ ପରିବହନ ଓ ଯୋଗାଯୋଗ ଅପେକ୍ଷାକୃତ ଶସ୍ତା ହୋଇଥିବାରୁ ଖୁଚୁରା ସାମଗ୍ରୀର ମୂଲ୍ୟକୁ ତାହା ପ୍ରଭାବିତ କରିଛି । ଏହି ପରିସଂଖ୍ୟାନର ସବୁଠାରୁ ଉଲ୍ଲେଖଯୋଗ୍ୟ ଦିଗ ହେଲା, ସହରାଞ୍ଚଳ ଅପେକ୍ଷା ଗ୍ରାମାଞ୍ଚଳରେ ଖାଉଟି ମୁଦ୍ରାସ୍ଫୀତି ଅପେକ୍ଷାକୃତ ଅଧିକ ହ୍ରାସ ଘଟିଛି । ତେଣୁ ଗ୍ରାମୀଣ ଜୀବନ ଦରଦାମ ବୃଦ୍ଧି ଜନିତ କଷ୍ଟରୁ ମୁକ୍ତ ହେଉଛି । ଏହି ପରିବେଶରେ ଗ୍ରାମାଞ୍ଚଳରେ ଉପାର୍ଜନ ବୃଦ୍ଧି ସକାଶେ ସୁବିଧା ଓ ସୁଯୋଗ ସୃଷ୍ଟି ହେଲେ ସେମାନଙ୍କ କ୍ରୟ ଶକ୍ତି ବଢ଼ିବ । ସାମଗ୍ରିକ ଭାବେ ତାହା ବଜାର ବ୍ୟବସ୍ଥାକୁ ସୁଧାରିବାରେ ସହାୟକ ହେବ । ଓଡ଼ିଶା ସମେତ ଯେଉଁସବୁ ପ୍ରମୁଖ ରାଜ୍ୟରେ ଖୁଚୁରା ମୁଦ୍ରାସ୍ଫୀତି ହାର ବିଯୁକ୍ତସ୍ଥିତିରେ ରହିଛି ସେମାନଙ୍କ ମଧ୍ୟରେ ଆସାମ, ବିହାର, ଛତିଶଗଡ଼, ଦିଲ୍ଲୀ, ଗୁଜୁରାଟ, ହରିୟାଣା, ଝାଡ଼ଖଣ୍ଡ, ତେଲେଙ୍ଗାନା, ମଧ୍ୟପ୍ରଦେଶ, ରାଜସ୍ଥାନ ଓ ଉତ୍ତର ପ୍ରଦେଶ ଅନ୍ୟତମ ।

ଦେଶର ଏଭଳି କିଛି ରାଜ୍ୟ ଅଛି, ଯେଉଁଠାରେ ଖୁଚୁରା ମୁଦ୍ରାସ୍ଫୀତି ହାର ଏବେ ମଧ୍ୟ ଉଦ୍‌ବେଗଜନକ ସ୍ଥିତିରେ ରହିଛି । କେରଳରେ ଏହି ହାର ସର୍ବାଧିକ ୮.୫୬ ପ୍ରତିଶତ ହୋଇଛି । ଏହା ପଛକୁ ଜାମ୍ମୁ-କାଶ୍ମୀରରେ ୨.୯୫ ପ୍ରତିଶତ ଓ କର୍ଣ୍ଣାଟକରେ ୨.୩୪ ପ୍ରତିଶତ ରହିଛି । କେରଳର ଏହି ସ୍ଥିତି କ୍ରମାଗତ ୧୦ ମାସ ଧରି ବଳବତ୍ତର ରହିଛି । ତେବେ ଏହି ପାର୍ଥକ୍ୟ କାହିଁକି? ହୋଇପାରେ ସେଠାରେ ସାଧାରଣ ଗ୍ରାହକଙ୍କ କ୍ରୟଶକ୍ତି ଅଧିକ । ସେମାନଙ୍କ ବର୍ଦ୍ଧିତ ଚାହିଦା ଯୋଗୁଁ ବଜାରରେ ଉପଲବ୍ଧ ସାମଗ୍ରୀର ମୂଲ୍ୟ ବୃଦ୍ଧି ପାଇଛି । ଆମ ଦେଶର ୧୪୫ କୋଟି ଜନସମୁଦାୟର ବର୍ଦ୍ଧିତ କ୍ରୟଶକ୍ତି ହିଁ ବଜାର ଅର୍ଥନୀତିକୁ ସମୃଦ୍ଧ କରିପାରିବ । ମୁଦ୍ରାସ୍ଫୀତିରେ ପରିଲକ୍ଷିତ ଅବନତିରୁ ସ୍ପଷ୍ଟ ଯେ ଖାଉଟିଙ୍କ ଚାହିଦା ଆଶାନୁରୂପ ଭାବେ ବୃଦ୍ଧି ପାଉନାହିଁ । ତେଣୁ ରିଜର୍ଭବ୍ୟାଙ୍କ ସୁଧହାର ହ୍ରାସ ମାଧ୍ୟମରେ ମୁଦ୍ରାପ୍ରଚଳନ ବୃଦ୍ଧି କରିବାକୁ ଚାହାନ୍ତି । ଋଣପ୍ରାପ୍ତି ଯେତେ ସହଜ ଓ ସରଳ ହେଲେ ମଧ୍ୟ ଗ୍ରହୀତାଙ୍କ ଆର୍ଥିକ ସାମର୍ଥ୍ୟ ବୃଦ୍ଧି ନ ପାଇଲେ ପରିଶୋଧ ଜନିତ ସମସ୍ୟା ସ୍ଥିତିକୁ ଆହୁରି ବିଗାଡ଼ି ଦେବ । ସରକାର ସାଧାରଣ ଲୋକଙ୍କ ଉପାର୍ଜନ ବୃଦ୍ଧି ପ୍ରତି ସ୍ୱତନ୍ତ୍ର ଧ୍ୟାନ ନଦେଲେ ଆର୍ଥିକ ସ୍ଥିତିରେ ଆଶାଜନକ ପରିବର୍ତ୍ତନ ସମ୍ଭବ ନୁହେଁ ।

## ସାମାଜିକ କଳଙ୍କ

ଆମ ରାଜ୍ୟର ଗ୍ରାମୀଣ ଜୀବନରେ ଗୁଣିଗାରେଡ଼ି ଓ ତନ୍ତ୍ର ପ୍ରୟୋଗ ଭଳି ଅନ୍ଧବିଶ୍ୱାସ ଏବେ ମଧ୍ୟ ତିଷ୍ଠି ରହିଛି । ବହୁ ଘଟଣାରେ ଏହା ପାରିବାରିକ ଓ ସାମାଜିକ ଜୀବନକୁ ପ୍ରଭାବିତ କରୁଛି । ଏହାକୁ କେନ୍ଦ୍ର କରି ଆପରାଧିକ କାର୍ଯ୍ୟକଳାପ ଏବଂ ଏକାଧିକ କ୍ଷେତ୍ରରେ ହତ୍ୟାକାଣ୍ଡ ଭଳି ନୃଶଂସତା ପରିଲକ୍ଷିତ ହେଉଛି । ବିଜ୍ଞାନ ଓ ବୈଷୟିକ ଜ୍ଞାନକୌଶଳର ବିକାଶ ଓ ପ୍ରୟୋଗ କ୍ରମେ ଲୋକଙ୍କ ମନରୁ ଏହି ବିଭ୍ରାନ୍ତି ଦୂର କରିବାରେ ଅନେକାଂଶରେ ସହାୟକ ହୋଇଛି । ଏହାସତ୍ତ୍ୱେ ରାଜ୍ୟର ଦଶଟି ଜିଲ୍ଲାରେ ଏଭଳି ଅନ୍ଧବିଶ୍ୱାସ ସହ ସଂଶ୍ଲିଷ୍ଟ କିଛି ଲୋକ ତନ୍ତ୍ର ପ୍ରୟୋଗ ଓ ତାନ୍ତ୍ରିକ ସନ୍ଦେହରେ ସେମାନଙ୍କୁ ଶାରୀରିକ ନିର୍ଯାତନା ଦେବା ସହ ନୃଶଂସ ଭାବେ ହତ୍ୟା ମଧ୍ୟ କରୁଛନ୍ତି । ଏହାର ପ୍ରୟୋଗ ଓ ପ୍ରୋତ୍ସାହନର ପୃଷ୍ଠଭାଗରେ ଥିବା ବ୍ୟକ୍ତିବିଶେଷଙ୍କ ବିରୋଧରେ ଦଣ୍ଡବିଧାନ ହେଉନଥିବାରୁ ଆମ ସାମାଜିକ ବ୍ୟବସ୍ଥାରେ ଏବେ ମଧ୍ୟ ଏହି ଅନ୍ଧବିଶ୍ୱାସ ତିଷ୍ଠି ରହିଛି । ତେଣୁ ୨୦୧୩ ମସିହାର ଓପିଡବ୍ଲ୍ୟୁ ଆଇନର ପରିସରକୁ ଆହୁରି ବ୍ୟାପକ କରିବା ସକାଶେ ସରକାର ଚିଠା ସଂଶୋଧନ ପ୍ରସ୍ତୁତ କରିଛନ୍ତି ।

ରାଜ୍ୟର ଆଦିବାସୀ ବହୁଳ ଅଞ୍ଚଳରେ କ୍ରମାଗତ ଭାବେ ଗୁଣିଗାରେଡ଼ିକୁ କେନ୍ଦ୍ର କରି ଶାରୀରିକ ଅତ୍ୟାଚାର ଓ ହିସାକାଣ୍ଡ ଏବେ ମଧ୍ୟ ଚିନ୍ତା ଓ ଉଦ୍‌ବେଗର କାରଣ ହୋଇଛି । ଲୋକଙ୍କ ମନରୁ ଏପ୍ରକାର ଅନ୍ଧବିଶ୍ୱାସ ଦୂର କରିବା ଦିଗରେ ସାମାଜିକ ସ୍ତରରେ ସେଭଳି ସଚେତନତା ସୃଷ୍ଟି ଉଦ୍ୟମ ହୋଇନାହିଁ । ମୟୂରଭଞ୍ଜ, ସୁନ୍ଦରଗଡ଼, କେଉଁଝର, ରାୟଗଡ଼ା, ଗଞ୍ଜାମ, ଗଜପତି, ନବରଙ୍ଗପୁର ଓ କନ୍ଧମାଳ ଜିଲ୍ଲାରେ ତନ୍ତ୍ର ଓ ମନ୍ତ୍ର ପ୍ରୟୋଗ ଭଳି ଅନ୍ଧବିଶ୍ୱାସରୁ ସୃଷ୍ଟି ହିଂସାକାଣ୍ଡରେ ୬୦୬ ଲୋକଙ୍କ ଗତ ୧୧ ବର୍ଷରେ ମୃତ୍ୟୁ ଘଟିଛି । ଏକଥା ସତ ଯେ ୨୦୧୩ ର ଆଇନ ଏପ୍ରକାର ଅମାନୁଷିକ କାର୍ଯ୍ୟକଳାପକୁ ରୋକିବାରେ କେତେକାଂଶରେ ସଫଳ ହୋଇଛି । ତେବେ ଆଇନ ପରିସରରୁ ଅସଲ ପ୍ରାୟୋଜକ ଓ ସହାୟକ ଖସି ଯାଉଥିବାରୁ ନିୟନ୍ତ୍ରଣ ପ୍ରକ୍ରିୟା ସେଭଳି ପ୍ରଭାବୀ ହୋଇପାରୁନାହିଁ । ଏବେ ମଧ୍ୟ ବର୍ଷକୁ ଅନ୍ୟୂନ ୫୦ ଜଣ ଏହି ଅନ୍ଧବିଶ୍ୱାସର ଶିକାର ହେଉଛନ୍ତି । ଗତ ୫ ବର୍ଷ ମଧ୍ୟରେ ଏପ୍ରକାର କାର୍ଯ୍ୟକଳାପ ବିରୋଧରେ ୪୦୮ ମାମଲା ରୁଜୁ ହେବା ସହ ୩୮୮ ଜଣଙ୍କୁ ଗିରଫ କରାଯାଇଛି । ପ୍ରଣୀତ ଆଇନ କେତେଦୂର ସଫଳ ଓ ବିଫଳ ହେଉଛି ସେ ନେଇ ନିର୍ଦ୍ଦିଷ୍ଟ ବ୍ୟବଧାନରେ ତର୍ଜମା କରାଯିବା ଜରୁରୀ । କାର୍ଯ୍ୟକାରୀ ହେଉଥିବା ଆଇନର ପରିସର ବୃଦ୍ଧି ଓ କଠୋର ଦଣ୍ଡବିଧାନର ଆବଶ୍ୟକତା ଅନୁଭବ କରି ରାଜ୍ୟ ବିଧି ଆୟୋଗ ଦେଇଥିବା ସୁପାରିସ କ୍ରମେ ସରକାର ଓ ବିଭାଗୀୟ ଅଧିକାରୀଙ୍କ ପକ୍ଷରୁ ଚିଠା ସଂଶୋଧନ ପ୍ରସ୍ତାବ ପ୍ରସ୍ତୁତ ହୋଇଛି ।

ଗୁଣିଗାରେଡ଼ି ସନ୍ଦେହରେ କାହାକୁ ହତ୍ୟାକରିବା, ସାମାଜିକ ନିର୍ଯାତନା ଦେବା ଭଳି ଜଘନ୍ୟ ଅପରାଧ ଏକ ସାମାଜିକ କଳଙ୍କ । ମାନବ ସଭ୍ୟତା ବିକାଶର ପ୍ରଭାବ ଅନୁଭୂତ ହୋଇ ନଥିବା ଆମ ରାଜ୍ୟର ଆଦିବାସୀ ଅଧ୍ୟୁଷିତ ଅଞ୍ଚଳରେ ଶିକ୍ଷା ଓ ସ୍ୱାସ୍ଥ୍ୟର ଯେ ଆଶାନୁରୂପ ଅଗ୍ରଗତି ହୋଇପାରିନାହିଁ ତାହାକୁ ସ୍ୱୀକାର କରିବାକୁ ପଡ଼ିବ । ଏହି କଳଙ୍କିତ ଅଧ୍ୟାୟର ପରିସମାପ୍ତି ସକାଶେ ଆଇନର ପରିସର ବୃଦ୍ଧି ଓ କଠୋର ଦଣ୍ଡବିଧାନ ଯେତେ ଜରୁରୀ ନୁହେଁ, ତା'ଠାରୁ ଅଧିକ ଜରୁରୀ ସେମାନଙ୍କ ମଧ୍ୟରେ ସଚେତନତା ସୃଷ୍ଟି ଏବଂ ସାମାଜିକ ବ୍ୟବସ୍ଥାକୁ ଯୁଗୋପଯୋଗୀ କରିବା ସକାଶେ ପରିବିର୍ତ୍ତିତ ଦେଶଦୁନିଆର ବାର୍ତ୍ତା ପହଞ୍ଚାଇବା । ଏଥିଲାଗି ତୃଣମୂଳ ସ୍ତରରେ ସମର୍ପିତ ସାମାଜିକ କର୍ମୀ ନିୟୋଜିତ ହେବା ଆବଶ୍ୟକ ।

# ବିହାର ନିର୍ବାଚନ: ଏକ ଦୃଷ୍ଟିପାତ

ଦୁଇପର୍ଯ୍ୟାୟରେ ଅନୁଷ୍ଠିତ ବିହାର ବିଧାନସଭା ନିର୍ବାଚନର ଫଳାଫଳ ଓ ନିଷ୍କର୍ଷ ପ୍ରାୟତଃ ସ୍ପଷ୍ଟ ହୋଇସାରିଛି । ଯଦି ଏନ୍‌ଡିଏରେ ସେଭଳି ନେତୃତ୍ୱ କନ୍ଦଳ ସୃଷ୍ଟି ନ ହୁଏ ତେବେ ନୀତୀଶ କୁମାର ୧୦ମ ଥର ପାଇଁ ବିହାରର ମୁଖ୍ୟମନ୍ତ୍ରୀ ଦାୟିତ୍ୱ ନେବାକୁ ଯାଉଛନ୍ତି । ଅପରପକ୍ଷରେ ପ୍ରମୁଖ ଆଶାୟୀ ଲାଲୁ ପ୍ରସାଦ ଯାଦବଙ୍କ ଆରଜେଡିକୁ ୨୯ ଆସନରେ ସନ୍ତୁଷ୍ଟ ହେବାକୁ ପଡ଼ିଥିବା ବେଳେ ଦେଶର ସର୍ବପୁରାତନ ଜାତୀୟ ଦଳ କଂଗ୍ରେସ ଦୁଇ ଅଙ୍କ ମଧ୍ୟ ଟପିପାରିନାହିଁ । ଏହି ଦଳ ମାତ୍ର ୬ଟି ଆସନ ଜିତିପାରିଛି ।

ଆଞ୍ଚଳିକ ଓ ଜାତୀୟ ରାଜନୀତିରେ ସବୁବେଳେ ଚର୍ଚ୍ଚାରେ ରହୁଥିବା ଏବଂ ଉଦାହରଣ ସୃଷ୍ଟି କରିଆସିଥିବା ବିହାର ଏଥର ରେକର୍ଡ ସଂଖ୍ୟକ ଭୋଟଦାନ ହାର ସହିତ ଜାତୀୟ ସ୍ତରରେ ଦୃଷ୍ଟି ଆକର୍ଷଣ କରିଥିଲା । ଅନଗ୍ରସର ଓ ଅଳ୍ପପାଠୁଆ ରାଜ୍ୟ ଭାବେ ଅପଖ୍ୟାତି ଅର୍ଜନ କରିଥିବା ଏହି ରାଜ୍ୟର ମହିଳା ଭୋଟରମାନେ ଏଥର ବିପୁଳ ଉତ୍ସାହର ସହିତ ରେକର୍ଡ ସଂଖ୍ୟାରେ ମତଦାନ କରିଥିବାରୁ ଭୋଟଦାନ ହାର ପୂର୍ବର ସମସ୍ତ ରେକର୍ଡ ଭାଙ୍ଗିଥିଲା । ସାଧାରଣତଃ ଭାରତୀୟ ନିର୍ବାଚନୀ ରାଜନୀତିରେ ଭୋଟଦାନ ହାର ଅଧିକ ହେଲେ ସରକାର ବଦଳିବାର ଏକ ଅଲିଖିତ ଧାରଣା ରହି ଆସିଛି । ତେଣୁ ଏଥର ବିହାରରେ ସରକାର ବଳଦିବ ବୋଲି ଆରଜେଡି ଓ କଂଗ୍ରେସ ନେତୃତ୍ୱାଧୀନ ମହାଗଟବନ୍ଧନ ମେଣ୍ଟ ପ୍ରବଳ ଆଶାୟୀ ଥିଲେ । କିନ୍ତୁ ସବୁ ଧାରଣା ଓ ଅଙ୍କକଷାକୁ ଓଲଟପାଲଟ କରି ବିହାର ପୁଣି ଥରେ ଜାତୀୟ ରାଜନୀତିରେ ଆଚମ୍ବିତ ପରିବେଶ ସୃଷ୍ଟି କରିଛି । ସେହିପରି ବିହାର ବିଧାନସଭା ନିର୍ବାଚନରେ ପରେ ଏକ୍‌ଜିଟ୍ ପୋଲ୍ ବା ବୁଥ ବାହୁଡ଼ା ମତ ଆକଳନ ପ୍ରାୟତଃ ଭୁଲ୍ ସାବ୍ୟସ୍ତ ହୋଇଥିବା ବେଳେ ଏଥର ଠିକ୍ ପ୍ରମାଣିତ ହୋଇଛି ।

ନିର୍ବାଚନ ଫଳାଫଳାକୁ ନେଇ ରାଜନୈତିକ ବିଶାରଦମାନେ ଆଲୋଚନା ଆରମ୍ଭ କରିସାରିଛନ୍ତି । ଜାତୀୟ ରାଜନୀତିରେ ଏହାର ପ୍ରଭାବ ରହୁଥିବାରୁ ଆହୁରି କିଛିଦିନ ଧରି ତର୍ଜମା ଓ ଆଲୋଚନା ଜାରି ରହିବ । ତେବେ ଏନ୍‌ଡିଏର ବିପୁଳ ବିଜୟ ଓ ମହାଗଟ୍‌ବନ୍ଧନ, ବିଶେଷକରି କଂଗ୍ରେସର ଶୋଚନୀୟ ପରାଜୟକୁ ନେଇ ରାଜନୈତିକ ପଣ୍ଡିତମାନେ ଏବେ ମୁଖର ହୋଇଛନ୍ତି । ବିରୋଧୀଦଳର ପରାଜୟ ପାଇଁ ଦୁର୍ବଳ ନେତୃତ୍ୱ ଓ ଅନାକର୍ଷଣୀୟ ପ୍ରସଙ୍ଗକୁ ଦାୟୀ କରାଯାଇଥିବା ବେଳେ ଶାସକ ଦଳର ବିଜୟ ପାଇଁ ମହିଳା ଭୋଟର, ପ୍ରବାସୀ ଶ୍ରମିକଙ୍କ ଭୋଟ, ଫ୍ରିବିଜ୍ ବା ୧୦ ହଜାର ଟଙ୍କା ବଣ୍ଟନ ସହିତ ନୀତୀଶଙ୍କ କେତେକ ସାମାଜିକ କାର୍ଯ୍ୟକ୍ରମକୁ ଶ୍ରେୟ ଦିଆଯାଇଛି । ଏଥିସହିତ ବିଜେପି ବିରୋଧରେ ପ୍ରମୁଖ ନିର୍ବାଚନୀ ଅସ୍ତ୍ର 'ଭୋଟ ଚୋରି' ଅଭିଯାନର ପ୍ରଥମ ପ୍ରୟୋଗ କଂଗ୍ରେସ ନେତା ରାହୁଲ୍ ଗାନ୍ଧୀ ବିହାରରେ କରିଥିବାରୁ ତା'ର ପ୍ରଭାବ ଉପରେ ଦେଶର ସମସ୍ତଙ୍କ ଦୃଷ୍ଟି ନିବଦ୍ଧ ଥିଲା । ଆଗାମୀ କେତେକ ରାଜ୍ୟର ବିଧାନସଭା ନିର୍ବାଚନ ସହିତ ଜାତୀୟ ନିର୍ବାଚନ ଉପରେ ଏହାର ପ୍ରଭାବ ପଡ଼ିବ କି ନାହିଁ ତା'ର ପ୍ରୟୋଗଶାଳା ମଧ୍ୟ ବିହାର ଥିଲା । କିନ୍ତୁ ରାହୁଲ୍ ଗାନ୍ଧୀଙ୍କ ଏହି ଅସ୍ତ୍ର ପ୍ରଭାବହୀନ ସାବ୍ୟସ୍ତ ହୋଇଛି ।

କଂଗ୍ରେସ ନେତୃତ୍ୱାଧୀନ ମହାଗଟବନ୍ଧନ ବିଫଳ ହେବାର ପ୍ରମୁଖ କାରଣ ମଧ୍ୟରୁ ପ୍ରଥମତଃ, ପ୍ରାର୍ଥିପତ୍ର ଦାଖଲ ପର୍ଯ୍ୟନ୍ତ ମେଣ୍ଟ ଭିତରେ ଆସନ ବୁଝାମଣା ଅଙ୍କ ଛିଣ୍ଡି ନଥିଲା । ଶେଷ ମୁହୂର୍ତ୍ତରେ ତରବରିଆ ଭାବରେ ଏହି କାର୍ଯ୍ୟଟି ହେଲା । ନିର୍ବାଚନ ଲଢ଼ିବା ପାଇଁ ଟିକେଟ୍ ପାଇଥିବା କିଛି କଂଗ୍ରେସ ପ୍ରାର୍ଥୀଙ୍କ ନିକଟରୁ ତାହା ପୁଣି ପ୍ରତ୍ୟାହାର କରି ନିଆଯାଇଥିଲା । ଅଳ୍ପଶିକ୍ଷିତ ହେଲେ ମଧ୍ୟ ବିହାର ଭୋଟର ଯେ ଏହାକୁ ଅତି ଗୁରୁତ୍ୱର ସହ ନିରୀକ୍ଷଣ କରୁଥିଲେ, ତାହା ଆରଜେଡି କିମ୍ବା କଂଗ୍ରେସର ନେତୃମଣ୍ଡଳୀ ଦୃଷ୍ଟି ଦେଇ ନଥିଲେ । ବୋଧହୁଏ ଭୋଟରଙ୍କ ମନରେ ଧାରଣା ସୃଷ୍ଟି ହେଲା ଯେଉଁମାନେ ନିଜ ସ୍ୱାର୍ଥ ପାଇଁ ବିହାରକୁ ଭାଗବଣ୍ଟା କରୁଛନ୍ତି ସେମାନେ ଶାସନ କ୍ଷମତାକୁ ଆସିଲେ ଲୋକହିତ ଅପେକ୍ଷା ନିଜ ସ୍ୱାର୍ଥ ଉପରେ ଅଧିକ ଧ୍ୟାନ ଦେଇ କଳହ କରିବେ, ଯାହା ସରକାରକୁ ଅଧିକ ଦିନ ଧରି ରଖିପାରିବ ନାହିଁ । ବିହାରରୁ ଏନ୍‌ଡିଏକୁ ହଟାଇବାକୁ ଦୃଢ଼ ପରିକର ଥିଲେ କଂଗ୍ରେସ ନିଜେ ନିର୍ବାଚନରୁ ଓହରି ଯାଇ ଆରଜେଡିକୁ ପୂର୍ଣ୍ଣ ସମର୍ଥନ କରିବାର ଆବଶ୍ୟକ ଥିଲା । ଏହାପରେ ହୁଏତ ବିହାରରେ କ୍ଷମତା ଦଖଲ ପାଇଁ କଂଗ୍ରେସ ପାଖରେ ସୁଯୋଗ ରହିଥା'ନ୍ତା । ଟିକେଟ୍ ପ୍ରତ୍ୟାହାର ପରେ କଂଗ୍ରେସରେ ଆନ୍ତଃକନ୍ଦଳ ଏକ ସଙ୍କଟର ରୂପ ନେଲା, ଯାହା ଫଳରେ ଦଳ ଦୁଇ ଅଙ୍କ ମଧ୍ୟ ଟପି ପାରିଲା ନାହିଁ ।

ଦ୍ୱିତୀୟତଃ, କଂଗ୍ରେସ ଅଣଯାଦବ ଭୋଟ ହାତେଇବା ପାଇଁ ତେଜସ୍ୱୀ ଯାଦବଙ୍କ ମୁଖ୍ୟମନ୍ତ୍ରୀ ପ୍ରାର୍ଥିତ୍ୱକୁ ପ୍ରତ୍ୟକ୍ଷ ସମର୍ଥନ କଲା ନାହିଁ । ତେଣୁ ମାତ୍ର ଦୁଇ/ତିନୋଟି ସଭାକୁ ଛାଡ଼ିଦେଲେ ରାହୁଲ୍ ଗାନ୍ଧୀ ଓ ତେଜସ୍ୱୀ ଯାଦବଙ୍କୁ ଗୋଟିଏ ମଞ୍ଚରେ ଦେଖିବାକୁ ମିଳିଲା ନାହିଁ । ଏହା ଭୋଟରଙ୍କୁ ଭୁଲ୍ ବାର୍ତ୍ତା ଦେଲା । ତୃତୀୟତଃ, ଦଳିତ ବର୍ଗର ଭୋଟ ହାତେଇବା ପାଇଁ କଂଗ୍ରେସ ଉଚ୍ଚବର୍ଗକୁ ସମ୍ପୂର୍ଣ୍ଣ ଅଣଦେଖା କଲା, ଯାହାର ଧ୍ରୁବୀକରଣ ଭୋଟ ଫଳାଫଳରେ ପ୍ରତିଫଳିତ ହେଲା । ଚତୁର୍ଥତଃ, ବିହାରବାସୀ ଲାଲୁ ପ୍ରସାଦ ଯାଦବଙ୍କ 'ଜଙ୍ଗଲ ରାଜ' ଶାସନରେ ଏତେ ଅତିଷ୍ଠ ହୋଇସାରିଥିଲେ ଯେ ସେମାନେ ପୁଣି ଥରେ ବିପଦ ବରଣ କରିବାକୁ ଚାହିଁଲେ ନାହିଁ । ଏହି କଥାଟି ଏନ୍‌ଡିଏ ଉଚିତ ସମୟରେ ବିହାର ଭୋଟରଙ୍କୁ ମନେ ପକାଇ ଦେଲା । ବିହାରରେ ଶିକ୍ଷା, ସ୍ୱାସ୍ଥ୍ୟ, ନିଯୁକ୍ତି ପରି ଏକାଧିକ ସାମାଜିକ-ଅର୍ଥନୈତିକ ସମସ୍ୟା ରହିଥିବା ବେଳେ କଂଗ୍ରେସ 'ଭୋଟ ଚୋରି'କୁ ପ୍ରସଙ୍ଗ କଲା, ଯାହା ଲୋକେ ପ୍ରତ୍ୟାଖ୍ୟାନ କଲେ । ଗତ ସାଧାରଣ ନିର୍ବାଚନରେ ମଧ୍ୟ ଦରଦାମ ବୃଦ୍ଧି ବଦଳରେ କଂଗ୍ରେସ ସମ୍ବିଧାନର ସୁରକ୍ଷାକୁ ପ୍ରସଙ୍ଗ କରି ବିଫଳ ହୋଇଥିଲା ।

ଅପରପକ୍ଷରେ ବିହାରର ଜାତିଭିତ୍ତିକ ଭୋଟ ରାଜନୀତିକୁ ଏନ୍‌ଡିଏ ବହୁପୂର୍ବରୁ ଗୁରୁତ୍ୱ ଦେଇ ଆସିଥିଲା ଏବଂ ଯେକୌଣସି ଛୋଟ ଛୋଟ ସମ୍ପ୍ରଦାୟକୁ ବାଦ୍ ଦେଇ ନଥିଲା । ଗତ ଫେବୃଆରୀରେ ସାଧାରଣ ବଜେଟ୍ ଉପସ୍ଥାପନ ବେଳେ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ୍ ମଧୁବନୀ ଶାଢ଼ି ପିନ୍ଧିବା, ବଜେଟ୍‌ରେ ମାଖନା କ୍ଷେତ୍ରର ବିକାଶ ପାଇଁ ୧୦୦ କୋଟି ଟଙ୍କାର ବ୍ୟୟବରାଦ କରିବା ପରେ ଜଣାପଡ଼ିଯାଇଥିଲା ଏନ୍‌ଡିଏର ମୂଳ ଲକ୍ଷ୍ୟ କ'ଣ । ତେଣୁ ନିର୍ବାଚନ ରଣନୀତିରେ ଏନ୍‌ଡିଏ ଦଳିତ ସହିତ ଅର୍ଥନୈତିକ ପଛୁଆ ବର୍ଗକୁ କେନ୍ଦ୍ରରେ ରଖିଲା । ଏଥର ନିର୍ବାଚନ ରଣନୀତିରେ ମହାଗଟ୍‌ବନ୍ଧନ ମୁସ୍‌ଲିମ୍ ଓ ଦଳିତ ଭୋଟରଙ୍କୁ ପ୍ରାଧାନ୍ୟ ଦେଇଥିବା ବେଳେ ନୀତୀଶ କୁମାର ମହିଳା ଓ ଯୁବବର୍ଗଙ୍କୁ ପ୍ରାଧାନ୍ୟ ଦେଲେ । ନିର୍ବାଚନ ଆଚରଣ ବିଧି ଲାଗୁ ହେବା ପୂର୍ବରୁ ଏନ୍‌ଡିଏ ଚତୁରତାର ସହିତ 'ମୁଖ୍ୟମନ୍ତ୍ରୀ ମହିଳା ରୋଜଗାର ଯୋଜନା' ଅଧୀନରେ ମହିଳା ଉଦ୍ୟୋଗୀଙ୍କୁ ୨.୧ ଲକ୍ଷ ଟଙ୍କା ଲେଖାଏଁ ଦେବାର ଘୋଷଣା କଲେ ଏବଂ ଅଗ୍ରୀମ ୧୦ ହଜାର ଟଙ୍କା ଲେଖାଏଁ ୧.୨୧ କୋଟି ମହିଳାଙ୍କ ବ୍ୟାଙ୍କ ଆକାଉଣ୍ଟକୁ ହସ୍ତାନ୍ତର କଲେ ।

ଏହାଛଡ଼ା ନୀତୀଶକୁମାରଙ୍କ ଅଭିଯୋଗ ସମାଧାନ ସହିତ ଶିକ୍ଷକ, ପୁଲିସ, ପ୍ରଶାସନିକ କର୍ମଚାରୀ ନିଯୁକ୍ତିକୁ ତ୍ୱରାନ୍ୱିତ କରି ସେବାରେ ସ୍ୱଚ୍ଛତା ଆଣିବା, ପଞ୍ଚାୟତିରାଜ କର୍ମୀଙ୍କୁ ଭତ୍ତା, ବରିଷ୍ଠ ନାଗରିକଙ୍କୁ ଅଧିକ ଭତ୍ତା, ଆଶା ଓ ଅଙ୍ଗନବାଡ଼ି କର୍ମୀଙ୍କ ପାରିଶ୍ରମିକ ବୃଦ୍ଧି, ଜୀବିକା ଦିଦିଙ୍କୁ ୧୦ ହଜାର ଟଙ୍କା, ଘରୋଇ ବିଦ୍ୟୁତ ଉପଭୋକ୍ତାଙ୍କୁ ରିହାତି ଆଦି କାର୍ଯ୍ୟକ୍ରମ ଭୋଟରଙ୍କୁ ଛୁଇଁଲା ଏବଂ ତାହା ଭୋଟରେ ରୂପାନ୍ତରିତ ହେଲା । ଏନ୍‌ଡିଏ ସପକ୍ଷରେ ଆଉ ଏକ ନିର୍ଣ୍ଣାୟକ ସାବ୍ୟସ୍ତ ହେଲା ଛଟ୍ ପୂଜା ପାଇଁ ପ୍ରବାସୀ ଶ୍ରମିକମାନଙ୍କର ଘରବାହୁଡ଼ା । ଏହାକୁ ମୌକାରେ ପରିଣତ କରିବା ପାଇଁ ଏନ୍‌ଡିଏ କୌଣସି ସୁଯୋଗ ହାତଛଡ଼ା କରି ନଥିବା ବେଳେ କଂଗ୍ରେସ ତାହାକୁ ଅଣଦେଖା କରିଥିଲା । ଏପରିକି ନିର୍ବାଚନ ସହିତ ଧର୍ମକୁ ଯୋଡ଼ିବା ପାଇଁ ଏନ୍‌ଡିଏ ଭରପୂର ପ୍ରୟାସ କରି ପ୍ରୀତିଭାଜନ ହୋଇଥିବା ବେଳେ କଂଗ୍ରେସ ଏହାକୁ ନାଟକ କହି ଭୋଟରଙ୍କ ରୋଷଭାଜନ ହେଲା ।

ଏହି ନିର୍ବାଚନରେ ସବୁଠାରୁ ଉଲ୍ଲେଖନୀୟ ହେଲା ପ୍ରତ୍ୟକ୍ଷ ଭାବେ ନିର୍ବାଚନକୁ ଓହ୍ଲାଇଥିବା ନିର୍ବାଚନୀ ରଣନୀତିକାର ବା ଚାଣକ୍ୟ ରୂପେ ସ୍ୱୀକୃତ ଓ ବିଦିତ ପ୍ରଶାନ୍ତ କିଶୋରଙ୍କ ନିର୍ବାଚନୀ ଫଳାଫଳ ପୁଣି ଥରେ ପ୍ରମାଣିତ କରିଦେଲା ଯେ ରଣନୀତିକାର ଓ ରାଜନୈତା ଭିତରେ ବହୁ ତଫାତ ଅଛି ।

(ସକାଳ ମିଡିଆ ସର୍ଭିସ୍)

# ସାମ୍ବାଦିକତା ଓ ସାମାଜିକ ଅଙ୍ଗୀକାରବଦ୍ଧତା

ପଞ୍ଚାନନ ଅଗ୍ରୱାଲ

କର୍ତ୍ତବ୍ୟନିଷ୍ଠ ସାମ୍ବାଦିକ ଦେଶର ଜାଗ୍ରତ ପ୍ରହରୀ ରୂପେ କାମ କରିଥାଏ । ତତ୍‌ସଙ୍ଗେ ସଙ୍ଗେ ସାମାଜିକ ଅଙ୍ଗୀକାରବଦ୍ଧତା ସହିତ ଦାୟିତ୍ୱ ତୁଲାଇଥାଏ । ବର୍ତ୍ତମାନ ସ୍ଥିତିରେ ଗଣମାଧ୍ୟମର ସ୍ୱତନ୍ତ୍ରତା ଚର୍ଚ୍ଚାର ପରିଧିକୁ ଆସିଛି । ପ୍ରେସ୍ ସ୍ୱାଧୀନତା ମୂଳରେ ତିନି ଜଣ ମୁଖ୍ୟତଃ ଆସୁଛନ୍ତି । ସେମାନେ ହେଲେ ମାଲିକ, ସମ୍ପାଦକ ଆଉ ପାଠକ । ପ୍ରେସ ସ୍ୱାଧୀନତାର ଅର୍ଥ ସାମ୍ବାଦିକର ସ୍ୱାଧୀନତା ହେଉ ନାହିଁ । ସାମାଜିକ ଅଙ୍ଗୀକାରବଦ୍ଧତା ସହିତ ରାଷ୍ଟ୍ରର ହିତ ସାଧନା ହିଁ ସାମ୍ବାଦିକର ଲକ୍ଷ୍ୟ ହେବା ଉଚିତ, ମାତ୍ର ଏଥିରେ ବ୍ୟତିକ୍ରମ ଦେଖାଯାଉଛି । ବର୍ତ୍ତମାନ ମାଲିକର ଉଦ୍ଦେଶ୍ୟକୁ ଚରିତାର୍ଥ କରିବା ସାମ୍ବାଦିକର ଧର୍ମ ହୋଇଯାଇଛି । ବିଶିଷ୍ଟ ସମାଲୋଚକ, ହିନ୍ଦୀ ସାମ୍ବାଦିକ ରାକିଶୋର କହନ୍ତି ଯେ ଖବରକାଗଜ ଅଥବା ସାମ୍ବାଦିକମାନଙ୍କ ନିଜର କୌଣସି ଅଭିବ୍ୟକ୍ତି ନଥିବା କାରଣରୁ ସାମ୍ବାଦିକମାନେ ସ୍ପେୟାର ପାର୍ଟସ ଭଳି ହୋଇଯାଉଛନ୍ତି । ଯେ କେହି ଏହାକୁ ନେଇ ବ୍ୟବହାର କରିପାରିବ । ତେବେ ଏହାକୁ ଅଭିବ୍ୟକ୍ତିର ସ୍ୱାଧୀନତା କହିବା ନା ପେଶାର ସ୍ୱାଧୀନତା? ସାମ୍ବାଦିକଙ୍କ ସ୍ୱାଧୀନତା ଅର୍ଥ ଆଜି ପେଣ୍ଡୁଲମ ଭଳି ଦୋଳାୟମାନ ସ୍ଥିତିରେ ଅଛି ।

ଏ କଥା ନିଶ୍ଚୟ ଚିନ୍ତାଜନକ । ଅଧିକ ପ୍ରସାରିତ ଖବରଗକାଗଜ ମାଲକାନା ଧନିକ ଶ୍ରେଣୀର । ପ୍ରେସ ସ୍ୱାଧୀନତାର ବଡ଼ ଅଂଶ ମାଲିକମାନେ ପାଉଛନ୍ତି । ସମସ୍ତେ ପୁଞ୍ଜିପତି ବର୍ଗ । ଏଣୁ ରାଜନୀତିର ପରିସରଭୁକ୍ତ ହୋଇଯାଉଛନ୍ତି । ସାମ୍ବାଦିକମାନେ ଏଥିନେଇ ଅଧିକ ମୁଣ୍ଡ ଖେଳାଇବାକୁ ପସନ୍ଦ କରୁନାହାନ୍ତି । ସାମ୍ବାଦିକତାକୁ ଅନ୍ୟ ବ୍ୟବସାୟିକ ଶିଳ୍ପ ସଂସ୍ଥା ବୁଝିବା ଦ୍ୱାରା ଏହାର ମୂଳ ଉଦ୍ଦେଶ୍ୟ ଆର୍ଥିକ ଫାଇଦା ଉଠାଇବା ହୋଇଯାଉଛି । ଆଜି ସାମ୍ବାଦିକତାକୁ ରାଜନୀତିରୁ ଅଲଗା କରି ରଖି ହେବ ନାହିଁ । ପ୍ରକାଶନ ମାଲିକମାନଙ୍କୁ କେବଳ ଅର୍ଥଲୋଭ ନୁହେଁ, ତା' ସହିତ କ୍ଷମତା ଲୋଭ ମଧ୍ୟ ଘାରିଛି । ଏଣୁ ଏମାନେ ସବୁବେଳେ କ୍ଷମତାର ମୁଖ୍ୟଧାରାରେ ଜଡ଼ିତ ହେବାକୁ ପସନ୍ଦ କରନ୍ତି ।

'ହଂସ' ପତ୍ରିକାର ବାର୍ଷିକ ଉତ୍ସବରେ ହିନ୍ଦୀ କଥା ସମ୍ରାଟ ପ୍ରେମଚାନ୍ଦ ଲେଖିଥିଲେ ଆମର ଆର୍ଥିକ ହାନି ଘଟିଛି, ରାଜନୈତିକ ଦଣ୍ଡ ମଧ୍ୟ ସହିବାକୁ ପଡ଼ିଛି । ତଥାପି ଆମେ ସାହସ ବାନ୍ଧି ରଖିଛୁ, ହାରି ଯାଇନାହୁଁ । ଆମ ସମ୍ମୁଖରେ ଯେଉଁ ଆଦର୍ଶ ଅଛି ତାହା ଆମକୁ ଅଧିକ ଉତ୍ସାହିତ କରୁଛି । ଆମକୁ ଲାଭ-କ୍ଷତି ପାଇଁ କୌଣସି ବ୍ୟସ୍ତ ହେବାର ନାହିଁ । ବର୍ତ୍ତମାନ ଯୁଗରେ ସଫଳତାର ମାନଦଣ୍ଡକୁ ପ୍ରେମଚାନ୍ଦଙ୍କ ଆଧାରରେ ନେବା ସମୀଚୀନ ହେବନାହିଁ । ୧୯୩୨ ଅଗଷ୍ଟ ୨୨ରେ 'ଜାଗରଣ'କୁ ନୂଆ ରୂପରେ ପ୍ରକାଶିତ କରାଇବା ଅବସରରେ ସେ ଲେଖିଥିଲେ 'ସତ୍ୟକୁ ଖୋଜିବା ଦରକାର, ସତ୍ୟର ପୂଜାରୀ ହେବାକୁ ପଡ଼ିବ, ସତ୍ୟକୁ ସହିବା ପାଇଁ ଯେତେ ଅପମାନ ସହୁ ନା କାହିଁକି, ଅପ୍ରିୟ ସତ୍ୟ କହିବାକୁ ଭୁଲିବ ନାହିଁ । ସେକେବେ ଅନ୍ୟର ଦୋଷକୁ ଦେଖିବ ନାହିଁ, ବରଂ ନିଜର ଦୋଷକୁ ମଧ୍ୟ ସ୍ୱୀକାର କରିବାକୁ ପଡ଼ିବ ।

ଆଜି ସାମ୍ବାଦିକତା କ୍ଷେତ୍ରରେ 'ସତ୍ୟ' ଖୋଜିବା ସ୍ଥାନ ନେଇଛି 'ଷ୍ଟୋରୀ' ଖୋଜିବା । ଆଜିକାଲି ଖବରକାଗଜ ପୃଷ୍ଠାଗୁଡ଼ିକରେ ନିଜ ପ୍ରତିନିଧିଙ୍କ ଖବର ବଦଳରେ ବାସ୍ତୁବାଦୀ, ଆମ୍ରପୂରକ, ଉତ୍ତେଜକ କଥା କାହାଣୀ ରୂପରେ ପ୍ରକାଶ ପାଉଛି । ଅନେକ ସମୟରେ ପାଠକ ସତ୍ୟ ଖୋଜିବାରେ ଝୁଣ୍ଟିପଡୁଛି, ନିରାଶ ମଧ୍ୟ ହେଉଛି । ସାମ୍ବାଦିକ ଶିଳ୍ପ ସଂସ୍ଥା ଭଳି ଅର୍ଥକେନ୍ଦ୍ରିକ, ଜନଚେତନା, ସତ୍ୟର ଉଦ୍‌ଘାଟନ ଓ ବିକାଶ ସହିତ ସଂଶ୍ଳିଷ୍ଟ ହେବା ଉଚିତ୍ । ମାଖନଲାଲ ଚତୁର୍ବେଦୀ ମୁଖ୍ୟତଃ କବି ଥିଲେ । ରାଜନୈତିକ କର୍ମକର୍ତ୍ତା ମଧ୍ୟ ଥିଲେ । ୧୯୨୫ ମସିହାରେ ସେ ପତ୍ରକାର ପରିଷଦରେ ଭାଷଣ ଦେଇ କହିଥିଲେ, 'ଯଦି ସମାଚାର ପତ୍ର ଦୁନିଆରେ ସବୁଠାରୁ ବଳୀୟାନ ଓ ଶକ୍ତିଶାଳୀ, ତେବେ ତା' ମୁଣ୍ଡରେ ଆପଦ ବିପଦ ଘେରି ହୋଇରହିଛି । ସେ ରାଷ୍ଟ୍ରୀୟ ସୁରକ୍ଷାର ବଡ଼ ପ୍ରାଚୀର ହୋଇ ରହିଛି । ସେ ହିମାଳୟର ଶିଖର ଭଳି ଝଟକି ଉଠୁଛି । ତା' ଉପରେ ଦେଶର ବହୁ ଗୁରୁଦାୟିତ୍ୱ ରହିଛି ।

ଅଙ୍ଗୀକାରବଦ୍ଧତା ସହିତ ସାମ୍ବାଦିକତା କ୍ଷେତ୍ରରେ ବହୁ କ୍ରାନ୍ତିକାରୀ ନେତା ଗୋଟିଏ ଝୁମ୍‌ରେ କଲମ ମୁନ ଧରି ଆଗେଇ ଆସି ସାମ୍ବାଦିକତାର ସାରସ୍ୱତ ଭଣ୍ଡାରକୁ ଋଦ୍ଧିମନ୍ତ କରିଯାଇଛନ୍ତି । ସେତେବେଳେ ପତ୍ରପତ୍ରିକା ମଧ୍ୟରେ ଥିଲେ ମର୍ଯ୍ୟାଦା, ଅଭ୍ୟୁଦୟ, ବିକ୍ରମ, ପ୍ରତାପ, କର୍ମବୀର, ସରସ୍ୱତୀ, ପ୍ରଭା, ମତୱାଲ, ଚାନ୍ଦ, ମାଧୁରୀ, ହଂସ, ଜାଗରଣ, ନବଜୀବନ, ସୁଧା ଆଦି । ସେମାନଙ୍କ ଦେଶ ଓ ଜାତି ପ୍ରତି କର୍ତ୍ତବ୍ୟବୋଧ, ସାମାଜିକ ଅଙ୍ଗୀକାରବଦ୍ଧତା ଅକ୍ଷୁଣ୍ଣ ଥିଲା । ସେମାନେ କେବଳ ଦୃଷ୍ଟିକୋଣକୁ ଆଧାର ରଖି ନଥିଲେ ବରଂ ଜନତାଙ୍କ ହିତ ଦୃଷ୍ଟିକୁ ଅଗ୍ରାଧିକାର ଦେଉଥିଲେ । ୧୯୬୫ ମସିହାରେ ପଣ୍ଡିତ ଗୋଦାବରୀଶ ମିଶ୍ର 'ସମାଜ' ସମ୍ପାଦକୀୟରେ ଲେଖିଥିଲେ, ଆଜିକାଲି ସମ୍ବାଦପତ୍ର ସବୁ କୌଣସି ଦଳର ମୁଖପତ୍ର, କିନ୍ତୁ 'ସମାଜ' ଜନ୍ମ ସମୟରେ ଦେଶର ଏ ଅବସ୍ଥା ନଥିଲା । ଗୋପବନ୍ଧୁ ରାଜନୀତି, ଦଳଗତକୁ ଊର୍ଦ୍ଧ୍ୱରେ ରହି ଦେଶ ସେବା ପାଇଁ କେବଳ ଲେଖନୀ ଚାଳନା କରିଥିଲେ ।

ବେଳେବେଳେ କିଛି ନିର୍ଦ୍ଦିଷ୍ଟ ଖବରକାଗଜ ଧାରା ପ୍ରବାଦ ନେତାଙ୍କ ନିନ୍ଦାଗାନରେ ମଜିଥା'ନ୍ତି । ପ୍ରଧାନମନ୍ତ୍ରୀ ହେବା ପୂର୍ବରୁ ମୋରାଜୀ ଦେଶାଇ ମହାରାଷ୍ଟ୍ରର ମୁଖ୍ୟମନ୍ତ୍ରୀ ଥିଲେ । ବ୍ଲିଜ୍ ସାପ୍ତାହିକ ଲଗାତାର ତାଙ୍କ ବିରୁଦ୍ଧରେ ସମ୍ବାଦ ପରିବେଷଣ କରୁଥିଲା । ସେତେବେଳେ ପତ୍ରିକାର ମାଲିକ ଓ ସଂପାଦକ ଥାଆନ୍ତି ଆର୍.କେ.କରିଆ । କେହି ହିତାକାଂକ୍ଷୀ ଦେଶାଇଙ୍କୁ ବ୍ଲିଜ ବିଷୟରେ କହିବାକୁ ସେ ଉତ୍ତର ଦେଲେ, 'ମୁଁ ବ୍ଲିଜ କେବେ ପଢ଼େନାହିଁ ।' ଯେତେବେଳେ ସେ ପ୍ରଧାନମନ୍ତ୍ରୀ ହେଲେ ସେ ଯଦି ଚାହିଁଥା'ନ୍ତେ ସାମ୍ବାଦିକଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ କରିପାରିଥା'ନ୍ତେ, କିମ୍ବା ସରକାରୀ ବିଜ୍ଞାପନ ବନ୍ଦ କରିଦେଇ ପାରିଥା'ନ୍ତେ । ମାତ୍ର ସେ ସେପରି କଲେ ନାହିଁ । ସମାଜରେ ଅଙ୍ଗୀକାରବଦ୍ଧତା ସହିତ ସାମ୍ବାଦିକକୁ ରାଷ୍ଟ୍ର ହିତ ଉଦ୍ଦେଶ୍ୟରେ କଲମ ଚାଳନା କରିବାକୁ ପଡ଼ିବ । ତେବେ ଯାଇ ସେ ଶୀର୍ଷ ସ୍ଥାନକୁ ଯାଇପାରିବ ।

ଭୁବନେଶ୍ୱର, ମୋ: ୯୭୭୭୭୪୦୭୧

# ପଦ୍ମପୁର: ପଦ୍ମସମ୍ଭବଙ୍କ ଜନ୍ମସ୍ଥଳ

ପ୍ରବୀର କୁମାର ପଟ୍ଟନାୟକ

*ପୂର୍ବପ୍ରକାଶିତ ଉତ୍ତାରୁ...*

ନିକଟସ୍ଥ ଭିକମପାଲି ଗ୍ରାମରେ ଏକ ନୂତନ ପଦ୍ମାସିନୀ ମନ୍ଦିର ନିର୍ମାଣ କରାଯାଇଛି । ସେହିଭଳି ବୁଡ଼ି ଯାଇଥିବା ପଦ୍ମପୁରର ମୂଳ ପଦ୍ମାସିନୀ ଦେବୀ ନିକଟସ୍ଥ ପୂଜାରିପାଲି ଗ୍ରାମରେ ପୂଜା ପାଉଛନ୍ତି ନୂତନ ଭାବେ ନିର୍ମିତ ପୂଜା ସ୍ଥଳରେ । ଦକ୍ଷିଣ କୋଶଳରୁ ବଙ୍ଗୋପସାଗର ପର୍ଯ୍ୟନ୍ତ ସମସ୍ତ ମହାନଦୀ ଅବବାହିକା ଅଞ୍ଚଳରେ ପ୍ରାଚୀନ ବୌଦ୍ଧ କୀର୍ତ୍ତି ଓ ବୌଦ୍ଧ ସ୍ଥଳମାନ ବିଛାଇ ହୋଇ ରହିଛନ୍ତି । ଏହା ମଧ୍ୟରେ ପ୍ରାଚୀନ ଧ୍ୱଂସପ୍ରାପ୍ତ ବୌଦ୍ଧ ବିହାର, ମନ୍ଦିର, ଗୁମ୍ଫା, ବୌଦ୍ଧ ଅନୁଷ୍ଠାନ ସବୁ ବୌଦ୍ଧ ମୂର୍ତ୍ତିମାନ, ବୌଦ୍ଧ ଦେବଦେବୀ ମୂର୍ତ୍ତି ସବୁ ବହୁସଂଖ୍ୟାରେ ଦେଖାଯାଏ । କିଛିସ୍ଥଳରେ ଖନନ ହୋଇ ଉଦ୍ଧାର କରାଯାଇଛି; ମାତ୍ର ବହୁସ୍ଥଳରେ କୌଣସି ଖନନ ଅଥବା ସଠିକ ଅନୁସନ୍ଧାନ ଅଥବା ଅନ୍ୱେଷଣ ମଧ୍ୟ କରାଯାଇନାହିଁ ।

ପଦ୍ମପୁର ଏବଂ ଏହାର ଚାରିପାଖର ଅନେକ ଗ୍ରାମର ନାମ ଏବେ ମଧ୍ୟ ଏ ଅଞ୍ଚଳର ପ୍ରାଚୀନ ବୌଦ୍ଧ ପରିମ୍ପରାକୁ ସୂଚାଇ ଥାଏ । ବହୁ ଗ୍ରାମ ଓ ସ୍ଥଳମାନ ବୌଦ୍ଧ ନାମ ଧାରଣ କରିଥିବା ଜଣାଯାଏ । ବୌଦ୍ଧ ଭିକ୍ଷୁ ତଥା ବୌଦ୍ଧ ଦେବଦେବୀଙ୍କ ନାମ ମଧ୍ୟ । ଏ ଅଞ୍ଚଳ ବଜ୍ରଯାନର ଦୁର୍ଗଭଳି ପରିଣତ ହୋଇଥିଲା । ଗ୍ରାମଗୁଡ଼ଡ଼କ ଏହିଭଳି - ଭିକମପାଲି (ଭିକ୍ଷୁପାଲି), ଆମ୍ବପାଲି (ଆମ୍ରପାଲି), ଯୋଗୀଢିପ, ଯୋଗିନୀ, ମଚ୍ଛିଦା(ମତ୍ସ୍ୟେନ୍ଦ୍ରନାଥ), ମହାସିଂଘା, ପାଲସଦା, କନକତାରା, ଗୌତମଖୋଟ ଓ ବିକ୍ରମ ଖେଶଲ (ଏ ଦୁଇଟି ପାହାଡ଼), ବାସମପାଲି, କଣ୍ଟାପାଲି, କଦମଘାଟ, ଦେବଧାର, କୋଟଗଡ଼, ରୋହିଣୀ, କେସରଜିମା, ବସ୍ତି, ଅଟ୍ଟାବିରା, ରେମଣ୍ଡା, ସିଙ୍ଗାରପୁର(ସିଂହଳ), ବିନ୍ଦୁପାଲି, ବୁଧେଲକାଣି, ସୁଖ ଡିହ ।



ଦ୍ୱିତୀୟ-ବୁଦ୍ଧ କଥା

ପଦ୍ମପୁର ପାଖାପାଖି ଅଞ୍ଚଳରେ ଅନେକ ବୌଦ୍ଧ ଭିକ୍ଷୁମାନଙ୍କର ଗୁମ୍ଫା ରହିଛି । ସେଥିରୁ ଏ ଅଞ୍ଚଳରେ ଅନେକ ବୌଦ୍ଧ ଭିକ୍ଷୁ ବସବାସ କରୁଥିବା ଜଣା ।ଯାଉଛି । ଗୁଜା ପାହାଡ଼ରେ ଅନେକଗୁଡ଼ିଏ ଗୁମ୍ଫା ରହିଛି ଏବଂ ଏହା ମଧ୍ୟ ହୀରାକୁଦ ଜଳଭଣ୍ଡାର ବୁଡ଼ି ଅଞ୍ଚଳ ମଧ୍ୟରେ । ମାତ୍ର ଏହାକୁ ପୋତାଯାଇ ରାସ୍ତା କରାଯାଇଛି ଏବଂ ସେହି ପାହାଡ଼ ପାଦଦେଶରେ ଏକ ଭ୍ରମଣସ୍ଥଳ ସୃଷ୍ଟି ରାଯାଇଛି । ସେହି ରମ୍ଭାଲୁଗାଠାରେ ମଧ୍ୟ ଏକ ଭ୍ରମଣକେନ୍ଦ୍ର ସୃଷ୍ଟି କରାଯାଇଛି ଏବଂ ସେଠାରେ ପଦ୍ମସମ୍ଭବଙ୍କର ଏକ ବୃହତ୍ତ ବ୍ରୋଞ୍ଜ ମୂର୍ତ୍ତି ସ୍ଥାପନ କରାଯିବାର ଯୋଜନା ରହିଛି । ସେହିଭଳି ଭିକମପାଲିଠାରେ ନିକଟରେ ଗୁରୁପଦ୍ମସମ୍ଭବଙ୍କ ଆବିର୍ଭାବ ଦିବସରେ ଉତ୍ସବ ପାଳନ ଅବସରରେ ସେଠାରେ ମାର୍ବଲ ନିର୍ମିତ ମୂର୍ତ୍ତି, ଭଗବାନ ବୁଦ୍ଧ ଓ ଶ୍ରୀଜଗନ୍ନାଥଙ୍କ ପ୍ରସ୍ତର ମୂର୍ତ୍ତିମାନ ବୌଦ୍ଧ ନୀତିନିୟମ ମୁତାବକ ସ୍ଥାପନ କରାଯାଇଛି ଏବଂ ପ୍ରତିଷ୍ଠା ଉତ୍ସବ ମଧ୍ୟ କରାଯାଇଛି ।ନିକଟସ୍ଥ ପଲସଦା ଗ୍ରାମରେ ଏକ ବୌଦ୍ଧସ୍ତୂପ ଥିବାର ଜଣାଯାଇଛି ।

ପଦ୍ମପୁର ପଦ୍ମସମ୍ଭବଙ୍କର ଜନ୍ମସ୍ଥାନ । ସ୍ଥାନୀୟ ପରମ୍ପରା ମୁତାବକ ଆଠବର୍ଷ ବୟସରେ ସେ କୌଣସିପରିସ୍ଥିତିରେ ଘର ଛାଡ଼ି ମହାନଦୀ କୂଳେ ତଳକୁ ସମ୍ବଲ ରାଜପ୍ରସାଦ ଆଡ଼କୁ ଯାହାକି ତାଙ୍କ ଗ୍ରାମଠାରୁ ବହୁ ଦୂରବର୍ତ୍ତୀ ଅଞ୍ଚଳ ନୁହେଁ, ଚାଲିଯାଇଥିଲେ । ସେଠାରେ ଧନକୋଷ ପୁଷ୍କରିଣୀ (ହ୍ରଦ କୁହାଯାଇଛି) ନିକଟରେ ଇନ୍ଦ୍ରଭୂତିଙ୍କ ମନ୍ତ୍ରୀ ତାଙ୍କୁ ଉଦ୍ଧାର କରିଥିଲେ । ପରେ ରାଜା ଆସି ତାଙ୍କୁ ରାଜପ୍ରସାଦକୁ ନେଇ ପରେ ପୋଷ୍ୟପୁତ୍ରଭାବେ ଗ୍ରହଣ କରିଥିଲେ । କୁହାଯାଏ ଧନକୋଷ ହ୍ରଦରେ ଅନେକ ପଦ୍ମଫୁଲ ସବୁବେଳେ ଫୁଟିଥାଏ, ଏବେ ମଧ୍ୟ ଫୁଟୁଛି । ପଦ୍ମଫୁଲ ହ୍ରଦ ପାଖରୁ ପାଇ ରାଜା ତାଙ୍କୁ ପଦ୍ମସମ୍ଭବ ନାମରେ ନାମିତ କରିଥିଲେ । ତାଙ୍କ ଜନ୍ମସ୍ଥଳ ଗ୍ରାମ ବା ନଗର / ସହରକୁ ମଧ୍ୟ ତାଙ୍କ ନାମରେ ରାଜା ହିଁ ପଦ୍ମପୁର ନାମରେ ନାମିତ କରି ତାଙ୍କ ସ୍ମୃତିରେ ସେଠାରେ ପଦ୍ମାସିନୀ ମନ୍ଦିର ନିର୍ମାଣ କରିଥିଲେ । ଏହି ପଦ୍ମପୁର ନଗର ସମକାଳରେ ଜନ୍ମ ମହାକବି ଭବଭୂତିଙ୍କର ମଧ୍ୟ ଜନ୍ମସ୍ଥାନ । ସେ ମଧ୍ୟ ପଦ୍ମସମ୍ଭବଙ୍କ ଭଳି ସେହିସ୍ଥାନରେ ଅଷ୍ଟମ ଶତାବ୍ଦୀରେ ଜନ୍ମଗ୍ରହଣ କରିଥିଲେ ।(ସମାପ୍ତ)

ଭୁବନେଶ୍ୱର, ମୋ: ୭୨୦୫୦୨୨୭ ୯୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

### ଦ୍ୱାରଶୁଣୀ ଘାଟି ରାସ୍ତା ସଂପ୍ରସାରଣ

## ୧୮ ରୁ ୨୪ ଯାଏ କଟକଣା

**ମଧ୍ୟାହ୍ନରୁ ଅପରାହ୍ଣ ୪ଟା ଯାଏ ସବୁ ଗାଡି ଚଳାଚଳ ବନ୍ଦ**

ବାରିପଦା, ୧୪।୧୧(ସମିସ): ବାଙ୍ଗିରିପୋଷି ନିକଟ ୪୯ ନଂ. ଜାତୀୟ ରାଜପଥ ଦ୍ୱାରଶୁଣୀ ଘାଟି ୯କିମି ରାସ୍ତା ସମ୍ପ୍ରସାରଣ ପାଇଁ ପ୍ରଶାସନ ପକ୍ଷରୁ କଟକଣା ବିଜ୍ଞପ୍ତି ପ୍ରକାଶ ପାଇଛି। କଣ୍ଟ୍ରୋଲ୍ ବ୍ଲାଷ୍ଟିଂ ସମୟରେ କୌଣସି ପଦଚାରୀ ଓ ଯାନବାହନର ପ୍ରବେଶ ୧୮ରୁ ୨୪ ତାରିଖ ପର୍ଯ୍ୟନ୍ତ କଟକଣା କରାଯାଇଛି। ଏହି କଟକଣା ମଧ୍ୟାହ୍ନ ୧୨ଟାରୁ ଅପରାହ୍ଣ ୪ଟା ଯାଏ ଗାଡ଼ି ଚଳାଚଳ ଉପରେ ସମ୍ପୂର୍ଣ୍ଣ ନିଷେଧ କରାଯାଇଛି। ଏଥିସହ ପଶୁପାଳକ ଓ ଅନ୍ୟ ଲୋକଙ୍କୁ ମଧ୍ୟ କୌଣସି ଗୃହପାଳିତ ପଶୁଙ୍କ ଛାଡ଼ିବାକୁ ବାରଣ କରାଯାଇଛି। ଆମ୍ବୁଲାନ୍ସ ଓ ଜରୁରୀ ସେବା ଯାନବାହନକୁ ପରିସ୍ଥିତି ଅନୁସାରେ ଏନଏଚଆଇ/ପୁଲିସ୍ କ୍ଲିୟରାନ୍ସ ପରେ ଅନୁମତି ଦିଆଯିବ। ସମସ୍ତ ଜନସାଧାରଣଙ୍କୁ ପ୍ରକଳ୍ପର ସଫଳତା ପାଇଁ ସହଯୋଗ କରିବାକୁ ଏନ୍ଏଚଆଇ ପକ୍ଷରୁ ନିବେଦନ କରାଯାଇଛି। ଏହି ସମୟରେ ବିଶୋଇ ଅର୍ଗଲବିନ୍ଧା, ଶଙ୍ଖାଭଙ୍ଗା, ଜୋକା, ଚନ୍ଦନପୁର, କାତରା ଛକ ଦେଇ ଯାନବାହନ ଯାତାୟାତ କରିପାରିବେ।

### ହାଇକୋର୍ଟରେ ପାଟଣାଗଡ଼ ପାର୍ସଲ ବୋମା ବିସ୍ଫୋରଣ ମାମଲା

## ନିମ୍ନ ଅଦାଲତଙ୍କ ରେକର୍ଡ ଦାଖଲ ନିର୍ଦ୍ଦେଶ

କଟକ,୧୪।୧୧(ସମିସ): ବହୁଚର୍ଚ୍ଚିତ ପାଟଣାଗଡ଼ ପାର୍ସଲ ବୋମା ବିସ୍ଫୋରଣ ମାମଲାରେ ନିମ୍ନ ଅଦାଲତଙ୍କ ରେକର୍ଡପତ୍ର ଦାଖଲ କରିବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ପାର୍ସଲ ବୋମା ବିସ୍ଫୋରଣର ମୁଖ୍ୟ ଅଭିଯୁକ୍ତ ପୁଞ୍ଜିଲାଲ ମେହେରଙ୍କ ତରଫରୁ ନିମ୍ନ ଅଦାଲତଙ୍କ ଆଜୀବନ ଜେଲ ଦଣ୍ଡାଦେଶକୁ ଚାଲେଞ୍ଜ କରି ଦାୟର ଆବେଦନର ଶୁଣାଣି କରି ଜଷ୍ଟିସ ସଙ୍ଗମ କୁମାର ସାହୁ ଓ ଜଷ୍ଟିସ ଶିବଶଙ୍କର ମିଶ୍ରଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ଦେଇଛନ୍ତି। ସେହିପରି ପରବର୍ତ୍ତୀ ତାରିଖରେ ଜରିମାନା ରାଶି ପାଇଠ ନିର୍ଦ୍ଦେଶ ଉପରେ ରହିତାଦେଶ ଓ ଜାମିନ ପ୍ରଦାନ ପାଇଁ ପୁଞ୍ଜିଲାଲଙ୍କ ତରଫରୁ ଦାୟର ଅନ୍ତରୀଣ ଆବେଦନ ଉପରେ ଶୁଣାଣି ହେବ ବୋଲି ହାଇକୋର୍ଟ କହିଛନ୍ତି।

ପ୍ରକାଶଥାଉକି ଗତ ମେ' ୨୮ ତାରିଖରେ ପାଟଣାଗଡ଼ ଅତିରିକ୍ତ ଦୌରାଜଜ୍ ଏହି ଘଟଣାରେ ଏକମାତ୍ର ଅଭିଯୁକ୍ତ ପୁଞ୍ଜିଲାଲଙ୍କୁ ଦୋଷୀ ସାବ୍ୟସ୍ତ କରି ଆଜୀବନ ଜେଲ ଦଣ୍ଡାଦେଶ ପ୍ରଦାନ କରିଥିଲେ। ମୃତ୍ୟୁ ପର୍ଯ୍ୟନ୍ତ ଜେଲରେ ରହିବା ସହ ୫୦ ହଜାର ଟଙ୍କା ଜରିମାନା ପ୍ରଦାନ ପାଇଁ ନିମ୍ନ ଅଦାଲତ ପ୍ରକାଶ କରିଥିବା ରାୟରେ ଉଲ୍ଲେଖ କରିଥିଲେ। ଏହି ରାୟକୁ ଚାଲେଞ୍ଜ କରି ପୁଞ୍ଜିଲାଲ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି।

ସୂଚନାଯୋଗ୍ୟ ଯେ ୨୦୧୮ ଫେବୃଆରୀ ୨୩ରେ ପାଟଣାଗଡ଼ସ୍ଥିତ ଏକ ବିବାହ ଭୋଜିରେ ଉପହାର ପାର୍ସଲ ବୋମା ବିସ୍ଫୋରଣରେ ନବବିବାହିତ ସୌମ୍ୟଶେଖର ସାହୁ ଓ ତାଙ୍କ ଜେଜେ ମା' ଜେମାମଣିଙ୍କ ମୃତ୍ୟୁ ହୋଇଥିଲା। ମୁଖ୍ୟ ଅଭିଯୁକ୍ତ ଭଇଁସା କଲେଜରେ ଇଂରାଜୀ ଅଧ୍ୟାପକ ପୁଞ୍ଜିଲାଲ ମେହେର ଏହି ଘଟଣା ଘଟାଇଥିଲେ। ତାଙ୍କୁ କ୍ରାଇମବ୍ରାଞ୍ଚ ଗତ ୨୦୧୮ ଏପ୍ରିଲ ୨୫ରେ ଗିରଫ କରିଥିଲା।

### ■ ସାହିତ୍ୟ ଅକାଦେମୀ ବାଲ୍ ସାହିତ୍ୟ ପୁରସ୍କାର

## ଓଡ଼ିଆ ଭାଷା ପାଇଁ ରାଜକିଶୋର ପାଢ଼ୀ ପୁରସ୍କୃତ



୨୪ ଭାରତୀୟ ଭାଷାର ବାଲ୍ ସାହିତ୍ୟକାର ପୁରସ୍କୃତ

ଭୁବନେଶ୍ୱର,୧୪।୧୧(ସମିସ):ସାହିତ୍ୟ ଅକାଦେମୀ ପକ୍ଷରୁ 'ବାଲ ସାହିତ୍ୟ ପୁରସ୍କାର-୨୦୨୫' ପ୍ରଦାନ ସମାରୋହ ଅନୁଷ୍ଠିତ ହୋଇଯାଇଛି। ଶୁକ୍ରବାର ନୂଆଦିଲ୍ଲୀର ତ୍ରିବେଣୀ କଳା ସଙ୍ଗମରେ ଆୟୋଜିତ ଏକ ଭବ୍ୟ ସମାରୋହରେ ୨୪ଟି ଭାରତୀୟ ଭାଷାରେ ବାଲ୍ୟ ସାହିତ୍ୟକାରଙ୍କୁ ପୁରସ୍କୃତ କରାଯାଇଛି। ସେଥିମଧ୍ୟରେ ଓଡ଼ିଆ ଭାଷାରେ କବିତା 'କେତେ ଫୁଲ ଫୁଟିଚି' ପାଇଁ ରାଜକିଶୋର ପାଢ଼ୀଙ୍କୁ ବାଲ୍ ସାହିତ୍ୟ ପୁରସ୍କାର-୨୦୨୫ ପ୍ରଦାନ କରାଯାଇଛି। ସମ୍ମାନ ସ୍ୱରୂପ ପୁରସ୍କୃତ ବାଲ ସାହିତ୍ୟକାରମାନଙ୍କୁ ତାମ୍ରଫଳକ ସମେତ ତଥା ୫୦ହଜାରଟଙ୍କାଲେଖାଏଁଅର୍ଥରାଶିପ୍ରଦାନକରାଯାଇଛି। ସମାରୋହରେ ମୁଖ୍ୟ ଅତିଥି ଭାବେ ବିଖ୍ୟାତ ଗୁଜରାଟୀ ଲେଖିକା ବର୍ଷା ଦାସ ଯୋଗଦେଇ କହିଛନ୍ତି ଯେ, ବାଲ ସାହିତ୍ୟ ଆମକୁ ବିବିଧତାରେ ଏକତାର ଅନନ୍ୟ ସନ୍ଦେଶ ଦେଇଥାଏ। ତେଣୁ ଏହାର ଲେଖନ ଆମ ସମାଜ ପାଇଁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଏବଂ ପିଲାମାନଙ୍କୁ ବାଲ ସାହିତ୍ୟ ନିରନ୍ତର ମିଳୁଥିବା ପାଇଁ ସର୍ବଦା ଚେଷ୍ଟା କରିବା ଉଚିତ୍। ସେହିପରି ସେ ଗୁଜରାଟୀର ବିଖ୍ୟାତ ବାଲ୍ ସାହିତ୍ୟକାର ଗିଜୁ ଭାଇ ବଧେକାଙ୍କ ଲେଖନୀର ଅନେକ ଉଦାହରଣ ଦେଇ କହିଛନ୍ତି ଯେ ପିଲାମାନେ ବାଲ ସାହିତ୍ୟ ପଢ଼ି ପାଠପଢ଼ାରେ ରୁଚି ନେଉଥିବା ସହ ସେମାନଙ୍କ ଆତ୍ମବିଶ୍ୱାସ ମଧ୍ୟ ବଢ଼ିଥାଏ। କାହାଣୀର ବିବିଧତା ସେମାନଙ୍କୁ ସମଗ୍ର ବିଶ୍ୱ ସହ ଯୋଡ଼ିଥାଏ। ସେ ସାହିତ୍ୟ ଆକାଦେମୀ ଦ୍ୱାରା ବିଭିନ୍ନ ଭାରତୀୟ ଭାଷାରେ ବାଲସାହିତ୍ୟରଅନୁବାଦକୁଅତିଆବଶ୍ୟକମାନି ଏହାକୁ ନିରନ୍ତରବଜାୟରଖିବାରପରାମର୍ଶଦେଇଛନ୍ତି। ସାହିତ୍ୟ ଆକାଦେମୀର ଅଧ୍ୟକ୍ଷ ମାଧବ କୌଶିକ କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରି କହିଛନ୍ତି, ପିଲାମାନଙ୍କୁ ବାଲ୍ୟାବସ୍ଥାରୁ ଯଦି ଭଲ ବାଲ୍ ସାହିତ୍ୟ ପଢ଼ିବାକୁ ମିଳେ ତେବେ ସେମାନେ ବିଭିନ୍ନ ପ୍ରକାରର ଆତଙ୍କବାଦୀ କାର୍ଯ୍ୟକଳାପରୁ ଦୂରରେ ରହିବେ। ଏଥିରେ ଅନ୍ୟଅତିଥିଙ୍କ ମଧ୍ୟରେ ସଂସ୍କୃତି ମନ୍ତ୍ରଣାଳୟର ଉପସଚିବ ଅମିତା ପ୍ରସାଦ ସରଭାଇ, ଅକାଦେମୀର ସଚିବ ପଲ୍ଲବୀ ପ୍ରଶାନ୍ତ ହୋଲକର, ଅକାଦେମୀର ଉପାଧ୍ୟକ୍ଷା କୁମୁଦ ଶର୍ମା ପ୍ରମୁଖ ଉପସ୍ଥିତ ରହି ବାଲ ଲେଖକ କୌତୂହଳ, ଉତ୍କଣ୍ଠା ଓ ଜିଜ୍ଞାସାର ଭୂମିରେ ନିଜ କଲମରେ ଯାହା ସୃଷ୍ଟି କରନ୍ତି, ତାହା ନିଶ୍ଚୟ ପିଲାମାନଙ୍କ ପାଇଁ ପ୍ରଭାବଶାଳୀ ହୋଇଥାଏ ବୋଲି ମତବ୍ୟକ୍ତ କରିଛନ୍ତି। ଆସନ୍ତା କାଲି ଅଧ୍ୟକ୍ଷତା ସାହିତ୍ୟ ଆକାଦେମୀର ଉପାଧ୍ୟକ୍ଷା କୁମୁଦ ଶର୍ମାଙ୍କ ଅଧ୍ୟକ୍ଷତାରେ ସାହିତ୍ୟ ଏକାଡେମୀ ଅଡିଟୋରିୟମ୍, ପ୍ରଥମ ମହଲାରେ ଆୟୋଜିତ ହେବାକୁ ଥିବା 'ଲେଖକ ସମ୍ମିଳନୀ'ରେ ପୁରସ୍କୃତ ବାଲ୍ ସାହିତ୍ୟକାରମାନେ ନିଜ ରଚନାତ୍ମକ ଅନୁଭବ ପ୍ରଦାନ କରିବେ।

## ଏମ୍ସରେ କଣ୍ଠଶିଳ୍ପୀ ହ୍ୟୁମାନ୍ସାଗର

### ଲିଭର ଓ କିଡ୍ନୀ ଜନିତ ରୋଗରେ ଆକ୍ରାନ୍ତ



ଭୁବନେଶ୍ୱର,୧୪।୧୧(ସମିସ): ଓଡିଆ ସଂଗୀତ ଜଗତର ଲୋକପ୍ରିୟ କଣ୍ଠଶିଳ୍ପୀ ହ୍ୟୁମାନ ସାଗରଙ୍କୁ ଗୁରୁତର ଅବସ୍ଥାରେ ଭୁବନେଶ୍ୱର ଏମସ୍‌ରେ ଭର୍ତ୍ତି କରାଯାଇଛି। କିଡନୀ ଓ ଲିଭର୍ ଜନିତ ସମସ୍ୟା ଯୋଗୁଁ ସେ ଏକ ଘରୋଇ ହସ୍ପିଟାଲରେ ଚିକିତ୍ସିତ ହେଉଥିବା ବେଳେ ଶୁକ୍ରବାର ତାଙ୍କୁ ଏମ୍ସକୁ ସ୍ଥାନନ୍ତର କରାଯାଇଛି। ସୂଚନା ଅନୁସାରେ ବର୍ତ୍ତମାନ ହ୍ୟୁମାନସାଗର ଭେଣ୍ଟିଲେଟରରେ ରହି ଚିକିତ୍ସିତ ହେଉଛନ୍ତି। ତାଙ୍କର ମଲ୍ଟି ଅରଗାନ୍ ଡିସଫଙ୍କସନାଲ ରହିଛି ବା ଶରୀରର ଅଧିକାଂଶ ଅଙ୍ଗ କାମ କରୁନାହିଁ। ବ୍ରେନରେ ସମସ୍ୟା ରହିବା ସହ ରେସପାରେଟୋରୀ ନିମୋନିଆ, ଲିଭର ଡିଜିଜ୍ ସାଙ୍ଗକୁ ସୋଡିୟମ ପରିମାଣ ମଧ୍ୟ କମିଥିବା ଜଣାପଡ଼ିଛି। ସେହିପରି କ୍ଡ଼ନୀରେ ସମସ୍ୟା ଥିବା ସହ ନିମୋନିଆ ଯୋଗୁଁ ଅବସ୍ଥା ଅଧିକ ଗୁରୁତର ହୋଇପଡ଼ିଛି। ଏପଟେ ରକ୍ତଚାପ ମଧ୍ୟ ସ୍ଥିର ହେଉନଥିବାରୁ ତାଙ୍କୁ ଔଷଧ ଦିଆଯାଉଛି। ବର୍ତ୍ତମାନ ତାଙ୍କ ଅବସ୍ଥା ଗୁରୁତର ଥିବା ଏମସ୍ ପକ୍ଷରୁ କୁହାଯାଇଛି। ତେବେ ୨୦୨୪ରୁ ସେ ଅସୁସ୍ଥ ରହିଥିବା ଜଣାପଡ଼ିଛି।

ସେହିପରି ଓଲିଉଡର ଆଗଧାଡ଼ିର ସଙ୍ଗୀତ ନିର୍ଦ୍ଦେଶକ ତଥା କଣ୍ଠଶିଳ୍ପୀ ଅଭିଜିତ ମଜୁମଦାର ମଧ୍ୟ ସେପ୍ଟେମ୍ବର ୪ ତାରିଖରୁ ଏମ୍ସରେ ଚିକିତ୍ସିତ ହେଉଛନ୍ତି। ପୂର୍ବରୁ ସେ ଭେଣ୍ଟିଲେଟରରେ ଥିବା ବେଳେ ବର୍ତ୍ତମାନ ସେ ୱାର୍ଡକୁ ସ୍ଥାନାନ୍ତର ହୋଇଛନ୍ତି। ତାଙ୍କ ସ୍ୱାସ୍ଥ୍ୟବସ୍ଥାରେ କୌଣସି ସୁଧାର ଆସିନଥିବା ଜଣାପଡ଼ିଛି।

### ■ ପୀତବାସ ହତ୍ୟାକାଣ୍ଡ ମାମଲା

## ଶନିବାର ଟିଆଇ ପରେଡ୍‌ରେ ସାମିଲ ହେବେ ୮ ଗିରଫ ଅଭିଯୁକ୍ତ

ବ୍ରହ୍ମପୁର, ୧୪।୧୧ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ ୧୬ ଜଣ ଅଭିଯୁକ୍ତଙ୍କ ମଧ୍ୟରୁ ୮ ଜଣଙ୍କର ଟିଆଇ ପରେଡ ହେବ। ପରେଡରେ ସାମିଲ ହେବାକୁ ଥିବା ଅଭିଯୁକ୍ତମାନେ ହେଲେ, କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ, ଯୋଗେନ୍ଦ୍ର ରାଉତ, ଉମା ବିଷୋୟୀ, ଶିଶୁପାଳ ପାଶ୍ୱାନ, କୁନ୍ଦନ କୁମାର, ସିମାଞ୍ଚଳ ନାୟକ ଓ ବିପିନ ସ୍ୱାଇଁ। ମାମଲାର ତଦନ୍ତ ଅଧିକାରୀ ପ୍ରିୟସ ରଞ୍ଜନ ଛୋଟରାୟ ଏଥିପାଇଁ କରିଥିବା ଆବେଦନକୁ ଏସଡିଜେଏମ୍ କୋ ଅନୁମତି ଦେଇଛନ୍ତି। ତଦନୁଯାୟୀ, ଆସନ୍ତା ଶନିବାର ବ୍ରହ୍ମପୁର ମଣ୍ଡଳ କାରାଗାରରେ ଅଭିଯୁକ୍ତଙ୍କର ଟିଆଇ ପରେଡ ହେବ। ତେବେ ପୁଲିସ ଏହି ମାମଲାରେ କାହାକୁ ପ୍ରତ୍ୟକ୍ଷଦର୍ଶୀ ରଖିଛି, ତାହା ସ୍ପଷ୍ଟ ହୋଇନାହିଁ। ଶନିବାର ଜେଲରେ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ସାକ୍ଷୀମାନେ ଓ ଅନ୍ୟ ଅଧିକାରୀଙ୍କ ଗହଣରେ ଅଭିଯୁକ୍ତଙ୍କୁ ଚିହ୍ନଟ କରିବେ। ସାକ୍ଷୀ ଭାବେ ପୁଲିସ ଆକାଶ ବିଶୋୟୀ, ଏନ୍. କିରଣ କୁମାରଙ୍କ ସମେତ ଏକାଧିକ ବ୍ୟକ୍ତିଙ୍କୁ ସାମିଲ କରିଥିବା ସୂଚନା ମିଳିଛି। ତେବେ ଟିଆଇ ପରେଡ ପୂର୍ବରୁ ବିଭିନ୍ନ ଗଣମାଧ୍ୟମରେ, ଏପରିକି ଅଭିଯୁକ୍ତଙ୍କୁ କୋର୍ଟଚାଲାଣ ବେଳେ ସେମାନଙ୍କ ମୁହଁ ଖୋଲା ଚିତ୍ରକୁ ସାକ୍ଷୀମାନେ ଦେଖିଥିବାରୁ ଟିଆଇ ପରେଡରେ ଅପରାଧୀ ଚିହ୍ନଟ ପ୍ରକ୍ରିୟା ପ୍ରଭାବିତ ହେବା ଆଶଙ୍କା ଥିବା ଆଲୋଚନା ହେଉଛି।

### ନୂଆପଡ଼ା ଉପନିର୍ବାଚନ

## ଜୟଙ୍କ ବାଜିମାତ୍

| |
|---|
| ବିଜୟ ବ୍ୟବଧାନ ୮୩ହଜାର ୨୦୪ |
| ଜୟ ପାଇଲେ ୧ଲକ୍ଷ ୨୩ହଜାର ୨୪୩ |
| ବିଜେଡିକୁ ମିଳିଲା ୩୮ ହଜାର ୨୫୬ |
| ନୋଟାକୁ ଗଲା ୧୯୯୫ |

ନୂଆପଡ଼ା, ୧୪।୧୧ (ସମିସ): ବହୁପ୍ରତୀକ୍ଷିତ ନୂଆପଡ଼ା ବିଧାନସଭା ଉପନିର୍ବାଚନର ସବୁ ଗଣିତ ପଦାକୁ ଆସିଛି। ତିନି ପ୍ରମୁଖ ରାଜନୈତିକ ଦଳ ମଧ୍ୟରେ ଲଢ଼େଇ ହୋଇଥିବା ବେଳେ ବିଜେପିର ଜୟ ଢୋଲକିଆ ବାଜି ମାରିନେଇଛନ୍ତି। ନିକଟତମ ପ୍ରତିଦ୍ୱନ୍ଦ୍ୱୀ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀଙ୍କଠାରୁ ୮୩ହଜାର ୨୦୪ ଭୋଟ୍ ଆଗରେ ରହି ସେ ବିଜୟ ତିଳକ ପିନ୍ଧିଛନ୍ତି। ତାଙ୍କୁ ୧ଲକ୍ଷ ୨୩ହଜାର ୨୪୩ ଖଣ୍ଡ ଭୋଟ୍ ମିଳିଥିବା ବେଳେ ଘାସିରାମ ୪୦ ହଜାର ୩୯ ଖଣ୍ଡ ଭୋଟ୍ ପାଇଛନ୍ତି। ତୃତୀୟ ସ୍ଥାନରେ ବିଜେଡିର ସ୍ନେହାଙ୍ଗିନୀ ଛୁରିଆ ୩୮ ହଜାର ୨୫୬ ଭୋଟ୍ ପାଇଛନ୍ତି। ସେହିପରି, ଏହି ନିର୍ବାଚନରେ ପ୍ରଥମଥର ପାଇଁ ଏଠିକାର ଭୋଟର୍ ରାଜନୈତିକ ଦଳଗୁଡ଼ିକ ମଧ୍ୟରେ ଥିବା ଦଳବଦଳ ରାଜନୀତିକୁ ଅତି ନିକଟରୁ ଦେଖିବା ସହ ମଦ, ମାଂସ ଓ ଟଙ୍କା କାରବାରକୁ ଏତେମାତ୍ରାରେ ଦେଖି ପ୍ରାର୍ଥୀ ତଥା ଦଳ ଉପରୁ ମୁହଁ ମୋଡ଼ିଥିବା ନୋଟା ଭୋଟ୍‌ରୁ ସ୍ପଷ୍ଟ ହୋଇଛି। ନୋଟାକୁ ସର୍ବାଧିକ ୧୯୯୫ଖଣ୍ଡ ଭୋଟ ପଡିଥିବା ଚର୍ଚ୍ଚାର ବିଷୟ ହୋଇଛି।

### ■ ବିଜେପି ଅଫିସରେ ଜୟଙ୍କୁ ସମ୍ବର୍ଦ୍ଧନା

ଗଣତି କାର୍ଯ୍ୟକ୍ରମକୁ ଉପଭୋଗ କରିବାକୁ ବିଜେପିର ପ୍ରମୁଖ ନେତାଗଣ ନୂଆପଡ଼ାରେ ଡେରା ପକାଇ ରହିଥିଲେ। ଗଣତି କାର୍ଯ୍ୟ ଶେଷ ନ ହେଉଣୁ ଜୟଙ୍କ ନିଜର ସହର ଖରିଆରରୋଡ୍ ବସ୍ତିରେ ହୋଲିର ମାହୋଲ ହୋଇଥିଲା। ସ୍ୱତନ୍ତ୍ର ଗାଡ଼ିରେ ସବାର ହୋଇ ଜୟ ନୂଆପଡ଼ା ଅଭିମୁଖେ ଆସିଥିଲେ। ଗଣତି କେନ୍ଦ୍ରରେ ଜିଲ୍ଲାପାଳଙ୍କଠାରୁ ସାର୍ଟିଫିକେଟ୍ ହାସଲ କରିବାପରେ ଜିଲ୍ଲା ବିଜେପି କାର୍ଯ୍ୟାଳୟରେ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ଜିଲ୍ଲା ସଭାପତି କମଳେଶ ଦୀକ୍ଷିତଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମତ୍ସ୍ୟ ଓ ପ୍ରାଣୀ ପାଳନ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ପ୍ରସନ୍ନ କୁମାର ପାଢ଼ୀ, ଯଦୁମଣି ପାଣିଗ୍ରାହୀ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ଜୟ ଢ଼ୋଲକିଆଙ୍କୁ ବିଜେପିର ଶତାଧିକ କର୍ମକର୍ତ୍ତା ଫୁଲମାଳ ଦେଇ ସମ୍ବର୍ଦ୍ଧନା ଦେଇଥିଲେ। ହେଲେ କୁଆଡ଼େ ବେଶୀ ଭୋଟରେ ବିଜୟୀ ହୋଇଥିଲେ ବୋଲି କିଛି ବରିଷ୍ଠ ନେତାଙ୍କୁ ହଜମ ହୋଇ ନଥିଲା। ତେଣୁ ନେତାମାନେ କୁଆଡ଼େ ଲୁଚି ଯାଇଥିବା ଚର୍ଚ୍ଚାର ବିଷୟ ହୋଇଛି। ଏପରିକି, ଷ୍ଟେଜରେ ଜିଲ୍ଲା ସଭାପତିଙ୍କ ସହ କିଛି ନେତାଙ୍କ ମନୋମାଳିନ୍ୟ ହୋଇଥିବା ମଧ୍ୟ ଚର୍ଚ୍ଚାରେ ରହିଛି।

### ■ ବସନ୍ତଙ୍କ ଘରକୁ ଗଲେ ଜୟ

ବିଜେପିରେ ଯୋଗଦେବା ପରେ ଜୟ ଢୋଲକିଆ ପ୍ରଥମେ କଳାହାଣ୍ଡି ପୂର୍ବତନ ସାଂସଦ ବସନ୍ତ ପଣ୍ଡାଙ୍କ ଘରକୁ ଯାଇଥିଲେ। ବିଜୟ ପରେ ମଧ୍ୟ ନୂଆପଡ଼ାରେ ପ୍ରବେଶ କରି ପ୍ରଥମେ ବସନ୍ତ ପଣ୍ଡାଙ୍କ ଘରକୁ ଯାଇ ଦଣ୍ଡବତ ହୋଇଥିଲେ।

### ■ ଖରିଆରରୋଡ୍ ଓ ନୂଆପଡ଼ାରେ ବିଜୟ ଉତ୍ସବ

ବିଜୟ ଲାଭ କରିବା ପରେ ଜୟ ଆଜି ସଂଧ୍ୟାରେ ଖରିଆରରୋଡ୍‌ସ୍ଥିତ ନିଜ ବାସଭବନରୁ ବାହାରି ନୂଆପଡ଼ା ଅଭିମୁଖେ ଆସିଥିଲେ। ବାଟରେ ଏକତା ଛକରେ ସ୍ୱର୍ଗୀୟ ମନ୍ତ୍ରୀ ଘାସିରାମ ମାଝୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ପରେ ସାରା ସହର ପରିକ୍ରମା କରିଥିଲେ। ପୂରା ସହର ଆଲୋକମାଳାରେ ଝଲସିବା ସହ ବାଣଫୁଟାରେ ଦୁଲୁକିଥିଲା।

### ■ ଟଙ୍କା, ମଦ-ମାଂସର ବିଜୟ ହୋଇଛି: ଘାସିରାମ

ଏହି ଉପନିର୍ବାଚନ ମଦ, ମାଂସ ଏବଂ ଟଙ୍କାର ରାଜନୀତି ଥିଲା। ନିର୍ବାଚନ ମଣ୍ଡଳୀର ନିରୀହ, ସରଳ ଜନତାଙ୍କୁ କିଣାବିକା ରାଜନୀତି କରି ବିଜେପି ହାତେଇଛି ବୋଲି ପରାଜିତ କଂଗ୍ରେସ ବିଧାୟକ ପ୍ରାର୍ଥୀ ଘାସିରାମ ମାଝୀ ତାଙ୍କର ପ୍ରତିକ୍ରିୟାରେ କହିଛନ୍ତି। ସେ ମଧ୍ୟ ଠିକ ଭାବରେ ଲଢ଼ିଥିଲେ। ହେଲେ କଂଗ୍ରେସ ତରଫରୁ ଠିକ ଭାବରେ ସହାୟତା ମିଳି ନଥିଲା ବୋଲି ହାରିଗଲେ। ହେଲେ ଜନତା ଜନାର୍ଦ୍ଦନଙ୍କ ଏଭଳି ସମର୍ଥନକୁ ସେ ଗ୍ରହଣ କରିଥିବା କହିଛନ୍ତି।

### ■ ବିଜେପି ଶତପ୍ରତିଶତ ଇଭିଏମ୍ ଟାମ୍ପରିଂ କରିଛି: ଅବନୀ ରଞ୍ଜନ

ବିଜେପି ଶତପ୍ରତିଶତ ଇଭିଏମ୍ ଟାମ୍ପରିଂ କରିଛି। ବିଜେପି ଲଢ଼େଇ ଆରମ୍ଭରୁ ହିଁ କଂଗ୍ରେସ ସହ ଲଢ଼େଇ ବୋଲି କହିଆସିଥିଲା। ନିର୍ବାଚନ ଆରମ୍ଭ ହେବାର ୪୮ ଘଣ୍ଟା ପୂର୍ବରୁ ନିରବ ଅବଧି (ସାଇଲେଣ୍ଟ ପିରିୟଡ୍) ଭାବେ ବିବେଚନା କରାଯାଇଥାଏ। ବିଜେଡି ଶାସନ କାଳରେ କୌଣସି ଦଳୀୟ କର୍ମକର୍ତ୍ତା, ନେତା ନିର୍ବାଚନମଣ୍ଡଳୀ ଭିତରେ ରହିବାର ନିୟମକୁ କଡ଼ାକଡ଼ି ପାଳନ କରୁଥିଲା। ହେଲେ ବର୍ତ୍ତମାନ ବିଜେପି ସବୁ ନିୟମକୁ ନିଜେ ଉଲ୍ଲଂଘନ କରି ଭୋଟକୁ ନିଜ ଅକ୍ତିଆରକୁ ନେଇଥିଲା। ପ୍ରାର୍ଥୀ ଚୋରିଠାରୁ ଆରମ୍ଭ କରି ଶେଷରେ ଭୋଟ ଚୋରି କଲା। ଏହା ଶାସକ ଦଳର ଅସାଧୁ ବିଜୟ ବୋଲି ଜିଲ୍ଲା ବିଜେଡି ସଭାପତି ଅବନୀ ରଞ୍ଜନ ଯୋଶୀ ନିଜ ପ୍ରତିକ୍ରିୟାରେ କହିଛନ୍ତି।

## ରାଜ୍ୟପାଳଙ୍କ ଦ୍ୱାରା 'ରୁଚି' ଉଦ୍ୟୋଗ ସମ୍ମାନିତ

କଟକ,୧୪।୧୧(ସମିସ): ଐତିହାସିକ କଟକ ବାଲିଯାତ୍ରାର ଆୟୋଜନରେ ସଫଳ ରୂପାୟନ ଓ ସହଭାଗିତା ପାଇଁ ଏହାର ଅନ୍ୟତମ ମୁଖ୍ୟ ପୃଷ୍ଠପୋଷକ 'ରୁଚି' ମସଲା ଉଦ୍ୟୋଗକୁ କଟକ ଜିଲ୍ଲା ପ୍ରଶାସନ ତଥା ଜିଲ୍ଲା ସଂସ୍କୃତି ପରିଷଦ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି । ଓଡ଼ିଶାର ରାଜ୍ୟପାଳ ଡ. ହରିବାବୁ କମ୍ଭମପାଟି କଟକ ବାଲିଯାତ୍ରା ଉତ୍ସବରେ ମୁଖ୍ୟଅତିଥି ଭାବେ ଯୋଗଦେଇ 'ରୁଚି' ଫୁଡ୍‌ଲାଇନକୁ ସମ୍ମାନିତ କରିଥିଲେ । କଟକ ଜିଲ୍ଲାପାଳ ଦତ୍ତାତ୍ରୟ ଭାଉସାହେବ ଶିନ୍ଦେ ପୁରସ୍କାର ପ୍ରଦାନ ମଞ୍ଚରେ ରାଜ୍ୟର ଏହି ପ୍ରମୁଖ ରୁଚି ଶିଳ୍ପୋଦ୍ୟୋଗ ଏବଂ ଏହାର ପ୍ରତିଷ୍ଠାତା ବିଶିଷ୍ଟ ଉଦ୍ୟୋଗୀ ସ୍ୱର୍ଗତଃ ଡ. ଶରତ କୁମାର ସାହୁଙ୍କ ସଂପର୍କରେ ରାଜ୍ୟପାଳଙ୍କୁ ଅବଗତ କରାଇଥିଲେ। 'ରୁଚି' ଅନୁଷ୍ଠାନ ପକ୍ଷରୁ ଏହାର ଲୋକସଂପର୍କ ବିଭାଗ ମୁଖ୍ୟ ଶୁଭେନ୍ଦୁ କୁମାର ଭୂୟାଁ ରାଜ୍ୟପାଳଙ୍କ ଠାରୁ ଅଙ୍ଗବସ୍ତ୍ର ଓ ସମ୍ମାନଫଳକ ଗ୍ରହଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିଳ୍ପମନ୍ତ୍ରୀ ସଂପଦ ଚନ୍ଦ୍ର ସ୍ୱାଇଁ ଅତିଥିଭାବେ ଯୋଗଦେଇଥିଲେ। ଏଠାରେ ସୂଚନାଯୋଗ୍ୟ ଯେ, ଦୀର୍ଘ ୫୦ ବର୍ଷ ତଳେ କଟକରେ ପ୍ରତିଷ୍ଠା ହୋଇଥିବା ଏହି ଶିଳ୍ପୋଦ୍ୟୋଗ ଦୀର୍ଘବର୍ଷ ଧରି ବାଲିଯାତ୍ରାରେ ଅଂଶଗ୍ରହଣ କରିଆସୁଛି।

## ଜାତୀୟ ଫୋରେନସିକ୍ ବିଜ୍ଞାନ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ପାଇଁ ସମୀକ୍ଷା ବୈଠକ

ଭୁବନେଶ୍ୱର, ୧୪।୧୧ (ସମିସ): ଜଟଣୀଠାରେ ଜାତୀୟ ଫୋରେନ୍‌ସିକ୍ ବିଜ୍ଞାନ ବିଶ୍ୱବିଦ୍ୟାଳୟ (ଏନ୍‌ଏଫ୍‌ଏସ୍‌ୟୁ)ର ପ୍ରତିଷ୍ଠା ନେଇ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ଗୃହ ବିଭାଗ ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠାର ଅଗ୍ରଗତି ଆଲୋଚନା ହେବା ସହ ନିର୍ମାଣ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ଉପରେ ଗୁରୁତ୍ୱାରୋପ କରାଯାଇଛି। ଏନ୍‌ଏଫ୍‌ଏସ୍‌ୟୁର ବର୍ତ୍ତମାନ କାର୍ଯ୍ୟକଳାପ ଓ ଭବିଷ୍ୟତ ଯୋଜନା ସମ୍ପର୍କିତ ଆଲୋଚନା ହେବା ସହ ରାଜ୍ୟରେ ଅପରାଧ ବିଧି ବିଜ୍ଞାନର କ୍ଷମତା ବୃଦ୍ଧି କରି ନ୍ୟାୟ ବ୍ୟବସ୍ଥାକୁ ସୁଦୃଢ଼ କରିବା ଉପରେ ବିଶେଷ ଆଲୋଚନା କରାଯାଇଛି। ସେହିପରି ଓଡ଼ିଶା ଅପରାଧ ବିଧି ବିଜ୍ଞାନଗାରର ଅଧିକାରୀ, ପୁଲିସ ଓ ଅନ୍ୟ ଅଧିକାରୀଙ୍କୁ ଉନ୍ନତମାନର ପ୍ରଶିକ୍ଷଣ ପ୍ରଦାନ କରିବାକୁ ମଧ୍ୟ ଆଲୋଚନା ହୋଇଛି।

ସୂଚନାଯୋଗ୍ୟ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ଏହି ବିଶ୍ୱବିଦ୍ୟାଳୟ ପାଇଁ ଜଟଣୀର ଗଡ଼କାଶୀପୁର ଓ ଅଳକାରଠାରେ ଜମି ଯୋଗାଇ ଦିଆଯାଇଛି। ଗୁଜରାଟର ଅହମଦାବାଦଠାରେ ଥିବା ଏନ୍‌ଏଫ୍‌ଏସ୍‌ୟୁର ଏକ ଶାଖା ଭାବେ କାର୍ଯ୍ୟ କରିବ। ନିର୍ମାଣରେ ବିଳମ୍ବ କାରଣରୁ ମଞ୍ଚେଶ୍ୱରଠାରେ ଚଳିତ ବର୍ଷଠାରୁ ଏକ ଅସ୍ଥାୟୀ କ୍ୟାମ୍ପସ୍‌ରେ ଏହି ବିଶ୍ୱବିଦ୍ୟାଳୟ କାର୍ଯ୍ୟ କରୁଛି ଏବଂ ପ୍ରଥମ ବର୍ଷର ପାଠପଢ଼ା ଆରମ୍ଭ ହୋଇଛି। ୮ଜଣ ଅଧ୍ୟାପକଙ୍କ ସହ ୧୧ଜଣ ପ୍ରଶାସନିକ ଅଧିକାରୀ ୫ଜଣ ପିଏଚ୍‌ଡି ସ୍କଲାର କାର୍ଯ୍ୟରତ ଅଛନ୍ତି। ଏହି ବୈଠକରେ ପୁଲିସ୍ ମହାନିର୍ଦ୍ଦେଶକ ୱାଇ.ବି ଖୁରାନିଆ, ନୂଆଦିଲ୍ଲୀସ୍ଥିତ ଏନ୍‌ଏଫ୍‌ଏସ୍‌ୟୁ ନିର୍ଦ୍ଦେଶିକା ପୂରବୀ ପୋଖାରିୟା, ଏସ୍‌ଏଫ୍‌ଏସ୍‌ଏଲ୍ ନିର୍ଦ୍ଦେଶିକା ଡ. ସନ୍ତୋଷ ବାଲା, ସ୍ୱତନ୍ତ୍ର ଶାସନ ସଚିବ ଆର.କେ ଶର୍ମାଙ୍କ ସମେତ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବିହାରରେ 'ନୀମୋ'..

କରିଛି। ଗତ ନିର୍ବାଚନରେ ଦୁଇ ଅଙ୍କ ଛୁଇଁ ପାରି ନ ଥିବା ଲୋକଜନଶକ୍ତି ପାର୍ଟି ୨୮ ଟି ଆସନରେ ପ୍ରତିଦ୍ୱନ୍ଦ୍ୱିତା କରି ୨୧ଟି ଆସନରେ ବିଜୟୀ ହୋଇଛି ।

କୌତୂହଳର ବିଷୟ ଯେ, ମହାଗଠବନ୍ଧନର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ତେଜସ୍ୱୀ ଯାଦବ ଅଳ୍ପକେ ବିଜୟୀ ହୋଇ ସମ୍ମାନ ରଖିବାରେ ସକ୍ଷମ ହୋଇଥିଲେ ହେଁ ତାଙ୍କ ଦଳ ଆର୍‌ଜେଡି ମାତ୍ର ୨୫ଟି ଆସନରେ ବିଜୟୀ ହୋଇଛି। ଅନ୍ୟପକ୍ଷରେ ମହାଗଠନବନ୍ଧନର ପ୍ରମୁଖ ସହଯୋଗୀ କଂଗ୍ରେସର ଆସନ ସଂଖ୍ୟା ୬ ମଧ୍ୟରେ ସୀମିତ ରହିଛି। ଅନ୍ୟପକ୍ଷରେ ପ୍ରଶାନ୍ତ କିଶୋରଙ୍କ ଜନ ସୂରଜ ପାର୍ଟି, ଭିଆଇପି ଆଦି ରାଜନୈତିକ ଦଳ ଖାତା ଖୋଲିବାରେ ବିଫଳ ହୋଇଛନ୍ତି। ଗତ ନିର୍ବାଚନ ତୁଳନାରେ ଏନଡିଏ ୭୫ରୁ ଅଧିକ ଆସନ ଲାଭ କରିଛି। ଚଳିତ ନିର୍ବାଚନରେ ଅନ୍ୟତମ ଚର୍ଚ୍ଚିତ ପ୍ରାର୍ଥୀ ତଥା ଲାଲୁ ଯାଦବଙ୍କ ବଡ଼ ପୁଅ ତେଜପ୍ରତାପ ଯାଦବ ମଧ୍ୟ ନିର୍ବାଚନରେ ପରାଜିତ ହୋଇଛନ୍ତି। ଭୋଜପୁରୀ ଅଭିନେତା ଆର୍‌ଜେଡି ପ୍ରାର୍ଥୀ ଖେସାରୀ ଲାଲ ପରାଭବ ଭୋଗିଥିବାବେଳେ ବିଜେପି ପ୍ରାର୍ଥୀ ତଥା ଲୋକଗୀତ ଗାୟିକା ମୈଥିଳୀ ଠାକୁର ଆଲିନଗର ବିଧାନସଭା ଆସନରୁ ବିଜୟୀ ହୋଇଛନ୍ତି ।

### ବିଜେପି ମଥାରେ...

ବିଧାୟକ ହେବା ସ୍ୱପ୍ନ ସାକାର ହୋଇଛି। ବାପା ରାଜେନ୍ଦ୍ର ଢୋଲକିଆ ୪ ଥରର ବିଧାୟକ ଥିବାବେଳେ ବିଜେଡି ସରକାରରେ ସେ ମନ୍ତ୍ରୀ ଭାବେ ମଧ୍ୟ ଦାୟିତ୍ୱ ତୁଲାଇଛନ୍ତି; କିନ୍ତୁ ପିତା ରାଜେନ୍ଦ୍ରଙ୍କ ପରଲୋକ ପରେ ବ୍ୟବସାୟରେ ଲିପ୍ତ ଥିବା ଜୟ ରାଜନୀତିକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି।

ବାପା ରାଜେନ୍ଦ୍ର ଢୋଲକିଆଙ୍କ ମୃତ୍ୟୁ ପରେ ରାଜନୀତିରେ ପାଦ ଥାପିଥିଲେ ଜୟ ଢୋଲକିଆ। ଗତ ଅକ୍ଟୋବର ୧୧ରେ ଅପ୍ରତ୍ୟାଶିତ ଭାବେ ସେ ବିଜେପିରେ ସାମିଲ ହୋଇଥିଲେ ଓ ଦଳୀୟ ଟିକଟରେ ନିର୍ବାଚନ ଲଢ଼ିଥିଲେ।ଏହି ଆସନ ଏବେ ବିଜେପି ହାତକୁ ଚାଲିଯାଇଥିବା ବେଳେ ଉଭୟ ବିଜେଡିକୁ ବଡ଼ ଧକ୍କା ଲାଗିଛି। ଗତ ନିର୍ବାଚନରେ ୫୧ ଆସନରେ ବିଜୟୀ ହୋଇଥିବା ବିଜେଡିର ଆସନ ସଂଖ୍ୟା ଗୋଟିଏ ହ୍ରାସ ପାଇଛି। ସେହିପରି ବିଜେପିର ଆସନ ସଂଖ୍ୟା ବିଧାନସଭାରେ ଗୋଟିଏ ବୃଦ୍ଧି ପାଇଁ ୭୯ରେ ପହଞ୍ଚିଛି। ଅନ୍ୟପକ୍ଷରେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀଙ୍କର ବିଧାୟକ ହେବାର ସ୍ୱପ୍ନ ଅଧୁରା ରହିଯାଇଛି। ପୂର୍ବରୁ ୫ ଥର ପରାଜୟ ସ୍ୱାଦ ଚାଖିଥିବା ଘାସିରାମ ଏଥର ନିର୍ବାଚନ ଜିତିବା ନେଇ ଆଶାବାଦୀ ଥିଲେ ମଧ୍ୟ ଗତ ନିର୍ବାଚନ ପରି ଦ୍ୱିତୀୟ ସ୍ଥାନରେ ରହିଛନ୍ତି ।

ବିଜୟୀ ହେବାପରେ ବାପା ରାଜେନ୍ଦ୍ର ଢ଼ୋଲକିଆଙ୍କ ଅଧୁରା ସ୍ୱପ୍ନକୁ ପୂରା କରିବେ ବୋଲି ଦୋହରାଇଛନ୍ତି ଜୟ ଢ଼ୋଲକିଆ। ସେ କହିଛନ୍ତି ଯେ ଏହି ବିଜୟ ନୂଆପଡ଼ାବାସୀଙ୍କର। ଆଗାମୀ ଦିନରେ ନୂଆପଡ଼ା ନିର୍ବାଚନମଣ୍ଡଳୀର ବିକାଶ ପାଇଁ ସେ ଦିନରାତି ଏକ କରିଦେବ। ତାଙ୍କର ବିଶାଳ ବିଜୟ ହେବା ପଛରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ବିକାଶ ଆଭିମୁଖ୍ୟକୁ ନୂଆପଡ଼ାବାସୀ ଆସ୍ଥା ପ୍ରକଟ କରିଛନ୍ତି ବୋଲି ସେ କହିଛନ୍ତି। ଅନ୍ୟପଟେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀ ୨୦୨୪ ନିର୍ବାଚନରେ ଦ୍ୱିତୀୟ ସ୍ଥାନରେ ଥିଲେ। ଆଜିର ଭୋଟଗଣତି ଫଳ ପ୍ରକାଶ ପାଇବା ପରେ ତାଙ୍କୁ ପୁଣିଥରେ ଦ୍ୱିତୀୟ ସ୍ଥାନ ମିଳିଛି। ନୂଆପଡ଼ାବାସୀଙ୍କ ସେବା କରିବା ପାଇଁ ସେ ଏକାଧିକ ଥର ନିର୍ବାଚନ ହାରିଥିଲେ ମଧ୍ୟ ଆଶା ହରାଇନାହାନ୍ତି। ଆଗକୁ ଯେତେ ନିର୍ବାଚନ ହେବ ସେ ନୂଆପଡ଼ାରେ ପ୍ରତିଦ୍ୱନ୍ଦ୍ୱିତା କରିବେ ବୋଲି ପୁଣି ଥରେ ଘାସିରାମ ଦମ୍ଭୋକ୍ତି ପ୍ରକାଶ କରିଛନ୍ତି।

### ଅଭିନନ୍ଦନ ଜଣାଇଲେ...

କରିଥିବା ପ୍ରତ୍ୟେକ ନେତା, କର୍ମୀ ଏବଂ ସମର୍ଥକଙ୍କୁ ନବୀନ ହୃଦୟରୁ କୃତଜ୍ଞତା ଜଣାଇଛନ୍ତି।

ନବୀନ କହିଛନ୍ତି ଯେ ନିର୍ବାଚନ ଆସେ ଏବଂ ଯାଏ; କିନ୍ତୁ ଆମର ମୂଲ୍ୟବୋଧ ଏବଂ ଲୋକଙ୍କ ବିଶ୍ୱାସ ପ୍ରତି ସର୍ବଦା ସମ୍ମାନ ରହିବା ଆବଶ୍ୟକ। ମୁକ୍ତ ଏବଂ ନିରପେକ୍ଷ ନିର୍ବାଚନ ପରିଚାଳନା କରିବା ଓ ଲୋକଙ୍କ ଗଣତାନ୍ତ୍ରିକ ଅଧିକାରକୁ ବଜାୟ ରଖିବା ଆମ ଅନୁଷ୍ଠାନଗୁଡ଼ିକର ଦାୟିତ୍ୱ। ବିଜେଡି ଅନେକ ଉତ୍ଥାନ-ପତନ ଦେଇ ଗତି କରିଛି। ତଥାପି ଲୋକଙ୍କ ପାଇଁ ଲଢ଼ିବା ପାଇଁ ଆ।ମର ସଂକଳ୍ପ ଅତୁଟ ରହିଛି, ଆଗକୁ ମଧ୍ୟ ଏହା ଜାରି ରହିବ। ଆମ ଦଳ ଲଢୁଆ ବିଜୁ ବାବୁଙ୍କ ଦ୍ୱାରା ଅନୁପ୍ରାଣିତ। ଓଡ଼ିଶା ଲୋକଙ୍କ ଅଧିକାର ପାଇଁ ଆମର ଲଢ଼େଇ ଜାରି ରହିବ ବୋଲି ନବୀନ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି। ସେ ପୁନର୍ବାର ନୂଆପଡ଼ାବାସୀଙ୍କୁ ଧନ୍ୟବାଦ ଜଣାଇବା ସହ ଯେଉଁମାନେ ବିଜେଡିକୁ ଭୋଟ ଦେଇଛନ୍ତି ଏବଂ ଏହି ଉପନିର୍ବାଚନ ପାଇଁ କଠିନ ପରିଶ୍ରମ କରିଥିବା ଦଳର ସମସ୍ତ କର୍ମୀଙ୍କୁ ମଧ୍ୟ ଧନ୍ୟବାଦ ଜଣାଇଛନ୍ତି।


**AFFIDAVIT**

I Mohammed Salauddin, S/o.: Md Nazar Mohiuddin, At: Bazar Sahi, PO/PS-Dhamnagar, Dist.: Bhadrak, PIN-756117, Odisha. declare by this affidavit No. 53296 Dated. 12.11.2025 that now onwards I shall be known as **Md Salauddin** for all future purposes

**AFFIDAVIT**

By virtue of an affidavit No.51 sworn before The Executive Magistrate, Bhubaneswar, dated: 28/10/2025, I, Sai Omm Sahoo, S/O- Debarchan Sahoo, resident of: Plot No.36/403, Lenkudi, Ranga Bazar, Bhubaneswar, Dist: Khorda, PIN: 752100, Odisha declare that I have changed my name from Sai Omm Santosh Kumar Sahoo to Sai Omm Sahoo. Henceforth, I shall be known as Sai Omm Sahoo for all purposes.

**Sai Omm Sahoo**

**AFFIDAVIT**

I Manoja Kumar Padhi, Resident of Plot No.: EB 723, Badagada Brit Colony, Bhaskareswar Temple, Bhubaneswar, Khordha, Odisha-751018, Odisha Declare by this Affidavit No.: 37, Date: 13.11.2025, that now onwards, I shall be known as **Manoj Kumar Padhi** for all future purposes.

**AFFIDAVIT**

By Virtue of an affidavit sworn before Executive Magistrate, Bhubaneswar. CF No:- 106 on dated 11.11.2025.I Nilanchala Patro, Son of Late.Panchanana Patro, Resident at: - Khilabadi,PO/PS:-Surada. Dist. Ganjam. PIN. 761108. Odisha. declare that' I have changed my Son's name from Rudranshu Patro to Rudransh Patro.Henceforth He shall be known as **RUDRANSH PATRO** for all future purposes.

**Nilanchala Patro**

**NOTICE**

By virtue of an affidavit sworn before The Executive Magistrate, Bhubaneswar, dated 14.11.2025 I, Mr. Subash Jena, Address At-Salia Sahi, Mahabir Nagar, PO-RRL, Ps- Nayapalli, Bhubaneswar, Dist-Khordha, odisha-751013 declare that I have changed my Daughter's name from Liza Jena to Deepti Mahi Jena Henceforth, she shall be known as **Deepti Mahi Jena** for all purposes.

**Sd/- Subash Jena**

**AFFIDAVIT**

By virtue of an affidavit sworn before the Executive Magistrate Bhubaneswar, vide no.18 dtd.10.11.2025, I Rasmita Bhoi, D/o- Ghania Bhoi resident of Kaliakera, Po.- Gabakund, Ps.-Chandanpur, Dist.-Puri, Odisha-752045 state that,my actual and correct name is Rasmita Bhoi, Date of Birth is 01.12.2003 but in my Aadhar card my name has been wrongly mentioned as Bangu Bhoi & Date of Birth 20.05.2005. That, **Rasmita Bhoi** and **Bangu Bhoi** is one and same person who is myself.

**SALE**

01 Number of TATA ACE GOLD PETROL CX/2023, Registration No.- OD-15-W-3690, Model-2023, - ENGINE NO – 275MPFI02AWXS13076, CHASSIS NO - MAT559023PZA02822, For Details, Contact – 9437019531, SUNDARAM FINANCE LTD., 1ST FLOOR, SABAT COMPLEX, NEAR WESCO OFFICE, AINTHAPALLI , PO/DIST- SAMBALPUR-768004

Phone No. (06854)241159/232714, Email: ceo@koraputccb.com

**KORAPUT CENTRAL CO-OPERATIVE BANK LTD.,**

HEAD OFFICE: N.K.T. ROAD, JEYPORE - 764003: DIST: KORAPUT (ODISHA)

Letter No. 4036/P&S / 2025-26, Date 13.11.2025

**QUOTATION CALL NOTICE**

Sealed quotations are invited from the intending registered firm for making a Gold weighing Machine for branch banks of the Koraput Central Cooperative Bank Ltd., Jeypore along with supported valid GST & PAN are requested to submit their sealed quotations before the undersigned on or before **Dt.20.11.2025** by **5.30** P.M latest as per following specification along with **2%** security deposit of quotation value in favour of Secretary, Koraput Central Cooperative Bank Ltd., Jeypore at the time of submission of tender. The sealed tender notice should be highlighted as a Glow sign board on envelop.

The tender will be opened on Dtd. **21.11.2025** at **4.30** P.M in presence of the authorized representative and if no agency or their representative shall remain present at the time of opening of quotations then the same shall be opened by the Purchase Committee members.

| Sl. No | Particulars | Qty. required approximately | Proposed installation Site/Places in the KCCB Ltd., Branch bank |
|---|---|---|---|
| 1. | Gold Weighing Machine: Electronic Weighing Scale Make: Contech Model: CTL 600 Capacity: 600 Readability:0.01g Pan Size: 115 Digital display and wind shield Duly verified & stamped by Legal Metrology Deptt. Govt, of Odisha. | 6 | KCCB Ltd., Main, Koraput, Semiliguda, M.V. 79 Branch @ Kalimela, Gunupur & Padmapur Branch. |

The above items should be quoted including GST, Transportation, Delivery/Supply at the above Branch Bank of the Koraput Central Cooperative Bank Ltd., Jeypore (within undivided Koraput District) including installation/charges. The quotation received incomplete or after the scheduled date shall be rejected and will not be entertained by the Bank.

The short list shall be made basing upon the rates offered by the firms/agencies The authority reserves the right to reject all or any quotations without assigning any reason thereof Taxes will be deducted as applicable at the time of payment of Bill amount.

For any queries, please contact to Sri Jaya Pradeep Patnaik Manager P&S, KCC Bank Ltd., Head Office, Jeypore. Mobile No.: 9777519964.

**Secretary**
**Koraput Central Cooperative Bank Ltd.,**
**Jeypore**

## ଟାଟା ଷ୍ଟିଲ୍‌ରେ ବିଶ୍ୱ ମଧୁମେହ ଦିବସ




ଯୋଡ଼ା, ୧୪।୧୧(ସମିସ): ମଧୁମେହ ରୋଗ ବିଷୟରେ ଜନସଚେତନତା ପାଇଁ ଟାଟା ଷ୍ଟିଲ ଯୋଡାଠାରେ ଶୁକ୍ରବାର ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ଟାଟା ମେନ ହସ୍ପିଟାଲ, ଯୋଡା, ଖଣ୍ଡବନ୍ଧ ଲୌହ ଖଣି, ଯୋଡା ଇଷ୍ଟ ଲୌହ ଖଣି, ବିଚାକୁଣ୍ଡି, ବାମେବାରି ଲୌହ ଖଣି ଏବଂ ନିକଟସ୍ଥ ବିଲେଇପଦଓ ସ୍ପଞ୍ଜ କାରଖାନାଠାରେ ବହୁ ଅଭିଜ୍ଞ ଡାକ୍ତର ଯୋଗ ଦେଇଥିଲେ। ଟାଟା ମେନ ହସ୍ପିଟାଲର ମୁଖ୍ୟ ଚିକିତ୍ସାଧିକାରୀ ଡ ତାପସ ଷଡଙ୍ଗୀଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ନିୟମିତ ସ୍ୱାସ୍ଥ୍ୟପରୀକ୍ଷା, ଉତ୍ତମଖାଦ୍ୟ, ବ୍ୟାୟମ, ଯୋଗାଭ୍ୟାସ କରିବା ସହ ଗୁଟକା ଓ ଧୂମପାନ ନିଷେଧ ଆଦି ଉପରେ ଗୁରୁତ୍ୱ ଦିଆଯାଇଥିଲା। ନିୟମିତ ବ୍ୟାୟାମ ଓ ପରିଚର୍ଯ୍ୟାଓ ଦ୍ୱାରା କିପରି ନିଜକୁ ସୁସ୍ଥ ରଖି ହେବ ସେନେଇ ବିସ୍ତୃତ ଆଲୋଚନା କରାଯାଇଥିଲା।

## ମାନସିକ ସ୍ୱାସ୍ଥ୍ୟ ଯାଞ୍ଚ ଶିବିର



ଡୁରୁମୁଙ୍ଗା, ୧୪।୧୧(ସମିସ): ପାଟଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଶୁକ୍ରବାର ମାନସିକ ସ୍ୱାସ୍ଥ୍ୟ ଯାଞ୍ଚ ଶିବିର କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କେନ୍ଦୁଝର ମୁଖ୍ୟ ଚିକିତ୍ସାଳୟର ମାନସିକ ଚିକିତ୍ସକ ସୁଶାନ୍ତ ମାଝୀ ପାଟଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଅଧିକାରୀ ଡ ଶୁଭେନ୍ଦୁ ସାଗର କୁମାର ନାୟକଙ୍କ ସହ ଜିଲ୍ଲା ମାନସିକ ସ୍ୱାସ୍ଥ୍ୟ କର୍ମଚାରୀ ନମିତା ଗିରି, ଜୟନ୍ତୀ ଦାସ, ସରୋଜ ପଣ୍ଡା, ବିପିଏମ ଦୀପକ କୁମାର ନାୟକ ଜନସ୍ୱାସ୍ଥ୍ୟ ସମ୍ପ୍ରସାରଣ ଅଧିକାରୀ ସରୋଜିନୀ ସେଠୀ ପ୍ରମୁଖ ୨୧ ଜଣ ମାନସିକ ରୋଗୀଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରିଥିଲେ। ପରେ ମାଗଣା ଔଷଧ ବଣ୍ଟନ କାରାଯାଇଥିଲା।

## ଦକ୍ଷତା ବିକାଶ କେନ୍ଦ୍ର ଉଦ୍‌ଘାଟିତ




ହାଟଡ଼ିହୀ, ୧୪।୧୧(ସମିସ): ହାଟଡ଼ିହୀ ବ୍ଲକ ଛେନାପଦି ଛକଠାରେ ଦକ୍ଷତା ବିକାଶ କେନ୍ଦ୍ର ଉଦଘାଟିତ ହୋଇଯାଇଛି। ଆନନ୍ଦପୁର ଉପଜିଲ୍ଲାପାଳ ନୀଳମାଧବ ସୁନା, ବିଜେପି ନେତା ଆଲୋକ ସେଠୀ, ରାମଚନ୍ଦ୍ର ସାହୁ, ଆନନ୍ଦପୁର ବ୍ଲକ ସାଂସଦ ପ୍ରତିନିଧି ଟୁକୁନା ମହାନ୍ତ, ଉପାସନା ଟ୍ରଷ୍ଟର ରାଜ୍ୟ ମୁଖ୍ୟ ପ୍ରିୟଙ୍କା ଦଳେଇ, ଗଣେଶ୍ୱର ନାୟକ ପ୍ରମୁଖ ଛାତ୍ରୀଙ୍କ ଦକ୍ଷତାର ବିକାଶ ପାଇଁ ସରକାରଙ୍କ ପଦକ୍ଷେପକୁ ପ୍ରଶଂସା କରିଥିଲେ। କେନ୍ଦ୍ର ଅଧ୍ୟକ୍ଷ ତନ୍ମୟ ସାହୁ ମଞ୍ଚ ସଂଯୋଜନା କରିଥିବା ବେଳେ ଉମାକାନ୍ତ ସାହୁ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ।

# ପୁଲିସକୁ ଆକ୍ରମଣ କରି ଅଭିଯୁକ୍ତକୁ ଛଡ଼ାଇ ଆଣିଲେ ଦୁର୍ବୃତ୍ତ


### ବାଲିଘାଟକୁ ନେଇ ଟଙ୍କା କାରବାରର ଠକେଇ ମାମଲା

ହାଟଡ଼ିହୀ, ୧୪।୧୧(ସମିସ)

କେନ୍ଦୁଝର ଜିଲ୍ଲା ନନ୍ଦିପଦା ଥାନାଞ୍ଚଳରୁ ଏକ ମାମଲାରେ ଜଣେ ଅଭିଯୁକ୍ତଙ୍କୁ ଧରି କେନ୍ଦ୍ରାପଡ଼ା ପୁଲିସ ଗୁରୁବାର ରାତ୍ର ପ୍ରାୟ ସାଢ଼େ ୧୧ଟା ସମୟରେ ନେଇ ଯାଉଥିବା ବେଳେ କିଛି ଦୁର୍ବୃତ୍ତ ପୁଲିସକୁ ଆକ୍ରମଣ କରି ଅଭିଯୁକ୍ତଙ୍କୁ ଛଡ଼ାଇ ନେଇଛନ୍ତି। ଏନେଇ ଥାନାରେ ଅଭିଯୋଗ ପରେ ନନ୍ଦିପଦା ପୁଲିସ ମାମଲା ରୁଜୁ କରିଛି। କେନ୍ଦ୍ରାପଡ଼ା ଜିଲ୍ଲା ସଦର ଥାନା ପୁଲିସ ଏକ ଠକେଇ ମାମଲାରେ ଶାଳଣିଆଁ ଅଞ୍ଚଳର ଯୋଗେନ୍ଦ୍ର ବେହେରାଙ୍କୁ କେନ୍ଦ୍ରାପଡ଼ା ନେଇଯାଉଥିଲା। ସାହାପୁର-ଜଳସରପୁର ଯିବା ରାସ୍ତାରେ ୧୦-୧୨ ଜଣ ପୁଲିସକୁ ସଂଘବଦ୍ଧ ଆକ୍ରମଣ କରିଥିଲେ। କେନ୍ଦ୍ରାପଡ଼ାରୁ ମୋଟ୍ ୫ ଜଣ ପୁଲିସ କର୍ମଚାରୀ ଆସିଥିଲେ। ସେମାନଙ୍କ ମଧ୍ୟରୁ ୨ ଜଣ ଗୁରୁତର ହୋଇଥିବା ବେଳେ ଅନ୍ୟ ୩ ଜଣ ସାମାନ୍ୟ ଆହତ ହୋଇଛନ୍ତି।

ସୂଚନା ଅନୁସାରେ, ବସପୁର ଲୁଣାନଦୀ ବାଲିଘାଟ ଓ ଡେରାବିଶ ବାଲିଘାଟକୁ ଯୋଗେନ୍ଦ୍ର ଲିଜ୍ ନେଇଥିଲେ। ପରେ ବାଲିଘାଟ ଚଲାଇବା ପାଇଁ ନିକିରାଇ ଥାନା ଇଟିପୁର ଗ୍ରାମର ମାଧବଚନ୍ଦ୍ର ପ୍ରଧାନଙ୍କ ନାମରେ ଚୁକ୍ତି କରି ତାଙ୍କଠାରୁ ୨୫ ଲକ୍ଷ ଟଙ୍କା ନେଇଥିଲେ। ପରବର୍ତ୍ତୀ ସମୟରେ ଅନ୍ୟ ଲୋକଙ୍କ ନାମରେ ଚୁକ୍ତିପତ୍ର କରିଦେଇଥିଲେ। ଏହାକୁ ନେଇ ବିବାଦ ବଢ଼ିବାରୁ ମାଧବ କେନ୍ଦ୍ରାପଡ଼ା ସଦର ଥାନାରେ ଅଭିଯୋଗ କରିଥିଲେ। ଯୋଗେନ୍ଦ୍ର ଓ ଜଳସରପୁର ଗ୍ରାମର ବରଦା ପ୍ରସନ୍ନ ନାୟକ ତାଙ୍କଠାରୁ ମୋଟ ୪୫ଲକ୍ଷ ୫୪ହଜାର ୯୫୯ଟଙ୍କା ଠକି ନେଇଥିବା ମାଧବ ଅଭିଯୋଗ କରିଥିଲେ। ଅଭିଯୋଗକୁ ଭିତ୍ତି କରି କେନ୍ଦ୍ରାପଡ଼ା ସଦର ଥାନା ପୁଲିସ ଗୁରୁବାର ନନ୍ଦିପଦା ପୁଲିସ ସହାୟତାରେ ଶାଳଣିଆଁ ଅଞ୍ଚଳରୁ ଯୋଗେନ୍ଦ୍ରଙ୍କୁ ଉଠାଇ ନେବାବେଳେ ଏହି ସଂଘବଦ୍ଧ ଆକ୍ରମଣ ହୋଇଛି। ଖୁବ୍‌ଶୀଘ୍ର ଅଭିଯୁକ୍ତଙ୍କୁ ଧରାଯିବ ବୋଲି ନନ୍ଦିପଦା ଥାନାଧିକାରୀ ଧର୍ମେନ୍ଦ୍ର ଶାନ୍ତି କହିଛନ୍ତି।

## ଲଟାବୁଦାରେ ପରିପୂର୍ଣ୍ଣ ତେଲକୋଇ-କାଞ୍ଜିପାଣି ରାସ୍ତା



ତେଲକୋଇ, ୧୪।୧୧(ସମିସ): ତେଲକୋଇରୁ କାଞ୍ଜିପାଣିକୁ ସଂଯୋଗ କରୁଥିବା ରାସ୍ତା ପୂର୍ତ୍ତ ବିଭାଗ ଅଧୀନରେ ଯାଉଥିବା ବେଳେ ରାସ୍ତାର ରକ୍ଷଣାବେକ୍ଷଣ ହେଉ ନଥିବା ଅଭିଯୋଗ ହୋଇଛି। ରାସ୍ତାର ଉଭୟ ପାର୍ଶ୍ୱ ଲଟାବୁଦା ମାଡ଼ି ଯାଇଥିବାରୁ ରାସ୍ତା ସଂକୀର୍ଣ୍ଣ ହୋଇ ପଡ଼ିଛି। ବୁଲାଣିଗୁଡିକରେ ଗାଡ଼ି ଚଳାଇବା ଅତ୍ୟନ୍ତ କଷ୍ଟକର ହେଉଥିବା ଚାଳକ ମାନେ ଅଭିଯୋଗ କରୁଛନ୍ତି। ରାସ୍ତା ପାର୍ଶ୍ୱ ଗଛ ଲତା ମାଡ଼ି ଯାଇଥିବାରୁ ବୁଲାଣି ଓ ଘାଟି ରାସ୍ତାରେ ସମ୍ମୁଖ ପଟୁ ଆସୁଥିବା ଯାନବାହନ ଜଣା ପଡୁନାହିଁ। ଫଳରେ ବିଭିନ୍ନ ସମୟରେ ଦୁର୍ଘଟଣା ହେବାର ଆଶଙ୍କା ଦେଖାଦେଇଛି। ନିମ୍ନମାନର ରାସ୍ତା ମରାମତି ହୋଇଥିବାରୁ ଅନେକ ସ୍ଥାନରେ ପିଚୁ ଉଠି ରାସ୍ତା ଖାଲଖମାରେ ଭର୍ତ୍ତି ହୋଇଥିବା ଅଭିଯୋଗ ହୋଇଛି। ତେବେ ବିଭାଗୀୟ ଯନ୍ତ୍ରୀ ଓ ଅଧିକାରୀଙ୍କ ଖାମଖିଆଲି ମନୋଭାବ ଯୋଗୁଁ ତେଲକୋଇ କାଞ୍ଜିପାଣି ରାସ୍ତାର ଦୁରବସ୍ଥା ପରିଲକ୍ଷିତ ହେଉଛି।

## ଅଲୋଡ଼ା ହେଲା ସମ୍ପର୍କ
## ଶବ ସତ୍କାରକଲେ ସ୍ୱେଚ୍ଛାସେବୀ ସଂଗଠନ

କେନ୍ଦୁଝର, ୧୪।୧୧(ସମିସ): କେନ୍ଦୁଝର ସଦର ବ୍ଲକ ଡିମ୍ବୋ ପଞ୍ଚାୟତ ଡିମ୍ବୋ ଗ୍ରାମର ବିଧବା ବୀଣାପାଣି ସାହୁ ଦୀର୍ଘଦିନ କିଡନୀ ରୋଗରେ ପୀଡ଼ିତ ଥିଲେ। ଗତକାଲି ସନ୍ଧ୍ୟାରେ ପ୍ରାଣବାୟୁ ଚାଲି ଯାଇଥିଲା; ହେଲେ ସମ୍ପର୍କ ଅଲୋଡ଼ା ହୋଇଗଲା। ପରିବାର ସାହିଭାଇ ନିଜ ଭଉଣୀର ଶବସତ୍କାର ପାଇଁ କୁଣ୍ଠାବୋଧ କରିଥିଲେ। ଏପରି ଅମାନବିକତା ଖବର ପାଇ ଇଣ୍ଡିଆନ ବାଇବାର୍ଥର ସହପ୍ରତିଷ୍ଠାତା ସତ୍ୟପ୍ରକାଶ ସାହୁ ଭରସା ପରିବାର ଟ୍ରଷ୍ଟର ସଭାପତି ଲମ୍ବୋଦର ମହାନ୍ତଙ୍କ ମିଳିତ ଉଦ୍ୟମରେ ଶବସତ୍କାର କରିବା ପାଇଁ ଅନୁରୋଧ କରିଥିଲେ। ଟୁଣୀ ମହାନ୍ତ, ସେକ ତହିଦ ମୃତକଙ୍କ ବାସଭବନରେ ପହଞ୍ଚିଥିଲେ। ଅଲୋଡା ଶବକୁ ସମ୍ମାନପୂର୍ବକ ସ୍ୱର୍ଗଯାତ୍ରା ଗାଡିରେ କେନ୍ଦୁଝରଗଡ଼ ଧାଙ୍ଗରପଡାସ୍ଥିତ ଆଦର୍ଶ ଶ୍ମଶାନରେ ବିଧିପୂର୍ବକ ଶବ ସତ୍କାର କରିଥିଲେ। ଶବସତ୍କାର କାର୍ଯ୍ୟରେ ଶ୍ମଶାନ ରକ୍ଷକ ସିଦ୍ଧେଶ୍ୱର ନାଏକ, ବିଶ୍ୱଜିତ ବେହେରା ଓ ମଣ୍ଟୁ ନାଏକ ସହଯୋଗ କରିଥିଲେ।

## ଶ୍ରୀଗଣପତି ମନ୍ଦିର ପ୍ରତିଷ୍ଠା



ଆନନ୍ଦପୁର, ୧୪।୧୧ (ସମିସ): ଆନନ୍ଦପୁର ସହର ନିକଟସ୍ଥ ମୋଚିନ୍ଦାଠାରେ ଥିବା ଆରକେ ଗ୍ରୀନ ଭିଲା ପରିସରରେ ଶ୍ରୀଗଣପତି ମନ୍ଦିର ପ୍ରତିଷ୍ଠା ଭାବ ଓ ଭକ୍ତିମୟ ପରିବେଶରେ ହୋଇଯାଇଛି। ଶ୍ରଦ୍ଧାଳୁ ପୁରୋଷ୍ତମ ରାଉତଙ୍କ ମାନସିକତାରେ ଆଜି ଯଜ୍ଞ କର୍ମ ହୋଇଥିଲା। ପଣ୍ଡିତ ବାବୁଲା ଆଚାର୍ଯ୍ୟ ବିଷ୍ଣୁ ଆଚାର୍ଯ୍ୟ ଅର୍ଜୁନ ତିଆଡ଼ିଙ୍କ ବେଦ ପାଠ ପରେ ଶୁଭ କଳସ ସ୍ଥାପନ କରାଯାଇଥିଲା। କାର୍ଯ୍ୟକ୍ରମରେ ଆଖପାଖରୁ ଅନେକ ଶ୍ରଦ୍ଧାଳୁ ଯୋଗ ଦେଇ ଶ୍ରୀ ଗଣପତିଙ୍କ ଆଶୀର୍ବାଦ ଭିକ୍ଷା କରିବା ସହିତ ପ୍ରସାଦ ସେବନ କରିଥିଲେ।

## ଅବସରପ୍ରାପ୍ତ କର୍ମଚାରୀ ସଙ୍ଘର ବାର୍ଷିକ ଉତ୍ସବ




ଆନନ୍ଦପୁର, ୧୪।୧୧ (ସମିସ): ଆନନ୍ଦପୁରସ୍ଥିତ ଅବସରପ୍ରାପ୍ତ ସରକାରୀ କର୍ମଚାରୀ ସଂଘର ବାର୍ଷିକ ଉତ୍ସବ ଗାୟତ୍ରୀ ମନ୍ଦିର ପରିସରରେ ଅନୁଷ୍ଠିତ ହୋଇଯାଇଛି। ସଭାରେ ସଙ୍ଘର ସଭାପତି କୀର୍ତ୍ତନ ବିହାରୀ ସାହୁ ଅଧ୍ୟକ୍ଷତା କରିଥିଲେ। ସଦସ୍ୟ ପୂର୍ଣ୍ଣଚନ୍ଦ୍ର ମଲିକ ସଂଯୋଜନା କରିଥିଲେ। ସମ୍ପାଦକ ରାମନାରାୟଣ ମହାରଣା ବାର୍ଷିକ ବିବରଣୀ ପାଠ କରିବା ପରେ ଆନନ୍ଦପୁର ଓଡ଼ିଶୀ ଶାସ୍ତ୍ରୀୟ ସଂଗୀତ ମହାବିଦ୍ୟାଳୟ ଛାତ୍ରଙ୍କ ଦ୍ୱାରା ସ୍ୱାଗତ ସଂଗୀତ ପରିବେଷଣ କରାଯାଇଥିଲା। ମୁଖ୍ୟଅତିଥି ଭାବେ କେନ୍ଦ୍ର ସରରକାରୀ କର୍ମଚାରୀ ଓ ଶ୍ରମିକ ପରିଷଦର ରାଜ୍ୟ ସାଧାରଣ ସମ୍ପାଦକ ବୃହସ୍ପତି ସାମଲ, ମୁଖ୍ୟବକ୍ତା ଭାବେ ଆନନ୍ଦପୁର ଭାରତୀୟ ଷ୍ଟେଟ ବ୍ୟାଙ୍କର ମୁଖ୍ୟ ପରିଚାଳକ ସୁଶାନ୍ତ କୁମାର ସାହୁ, ସମ୍ମାନିତ ଅତିଥି ଭାବେ ଆନନ୍ଦପୁର ଟ୍ରେଜେରି ଅଧିକାରୀ ଅବିନାଶ କୁମାର ସାହିତ୍ୟିକ ରାମଚନ୍ଦ୍ର ସୁର ଯୋଗ ଦେଇଥିଲେ। ବରିଷ୍ଠ ସଦସ୍ୟ ଶାନ୍ତନୁ ମିଶ୍ର ଧନ୍ୟବାଦ ଦେଇଥିଲେ। ସଦସ୍ୟ କୈଳାସ ନାୟକ ଅଯୋଧ୍ୟା ଘଡେଇ ପୁରୋଷ୍ତମ ମିଶ୍ର ଦିଲୀପ ମିଶ୍ର ଶମ୍ଭୁନାଥ ରଣା ପ୍ରମୁଖ ସହଯୋଗ କରିଥିଲେ।

## ମାସିକ ମୁଖପତ୍ର ଶବ୍ଦଗଙ୍ଗା ଲୋକାର୍ପିତ




ଆନନ୍ଦପୁର, ୧୪।୧୧ (ସମିସ): ସମ୍ବଲପୁରସ୍ଥିତ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ସ୍ନାତକୋତ୍ତର ଓଡ଼ିଆ ଭାଷା ଓ ସାହିତ୍ୟ ବିଭାଗରେ ଅନଲାଇନ୍ ମାସିକ ମୁଖପତ୍ର 'ଶବ୍ଦଗଙ୍ଗା' ଲୋକାର୍ପିତ ହୋଇଛି। ମୁଖ୍ୟ ସମ୍ପାଦକ ତଥା ବିଭାଗ ମୁଖ୍ୟ ଡ. ଲକ୍ଷ୍ମୀପ୍ରିୟା ବେହେରାଙ୍କ ଅଧ୍ୟକ୍ଷତାରେ ପତ୍ରିକା ଉନ୍ମୋଚିତ ହୋଇଥିଲା। ସଭାରେ ଅତିଥି କବି ଭାବେ ଅବସରପ୍ରାପ୍ତ ଶିକ୍ଷକ ଶ୍ରୀଧର ମହାରଣା ଯୋଗ ଦେଇଥିଲେ। ସହଯୋଗୀ ଛାତ୍ର ସମ୍ପାଦକ ଜଗନ୍ନାଥ ମେହେର ସ୍ୱାଗତ ଭାଷଣ ତଥା ଅତିଥି ପରିଚୟ ପ୍ରଦାନ କରିଥିଲେ। ଛାତ୍ରୀ ସମ୍ପାଦିକା ଅନନ୍ୟା ବେହେରା ସଂପାଦକୀୟ ଅଭିଭାଷଣ ରଖିଥିଲେ। ଯୁବ ପ୍ରତିଭା ଯମୁନା ପାତ୍ର, ତୃଷ୍ଣା ଦାଶ ବକ୍ତବ୍ୟ ପ୍ରଦାନ କରିଥିଲେ। ସହଯୋଗୀ ସମ୍ପାଦିକା ଇପ୍ସିତା ପ୍ରିୟଦର୍ଶିନୀ ବିଶ୍ୱାଳ ଧନ୍ୟବାଦ ଅର୍ପଣ କରିଥିଲେ।

# ବିଭିନ୍ନ ଶିକ୍ଷାନୁଷ୍ଠାନରେ ଶିଶୁ ଦିବସ

ହାଟଡ଼ିହୀ, ୧୪।୧୧(ସମିସ)

ହାଟଡ଼ିହୀ ଚଣ୍ଡିଆବିରଞ୍ଚିପୁରସ୍ଥିତ ସେଣ୍ଟ ଜାଭିୟର୍ସ ହାଇସ୍କୁଲରେ ଶିଶୁଦିବସ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ହାଟଡ଼ିହୀ ବିଡିଓ ରଞ୍ଜନ କୁମାର ପରିଡା, ମୁଖ୍ୟବକ୍ତା ଭାବେ ଛେନାପଦିସ୍ଥିତ ବିଶ୍ୱତାରିଣୀ ମହିଳା କଲେଜର ଅଧ୍ୟାପକ ସୁବାସଚନ୍ଦ୍ର ଶିକ୍ଷକଶିକ୍ଷୟିତ୍ରୀ ତନୁଶ୍ରୀ ତନୟା ପହି, ଶୁଭଶ୍ରୀ ପଣ୍ଡା, ଉର୍ମି ମହାନ୍ତି, ଭାଗ୍ୟଶ୍ରୀ ସାହୁ, ପ୍ରୀତିନନ୍ଦା ମଲ୍ଲିକ, ବିଷ୍ଣୁପ୍ରିୟା ଦାଶ, ବିଶ୍ୱଭାରତୀ ମିଶ୍ର, ଚିନ୍ମୟୀ ସାହୁ, ସସ୍ମିତା କର, ମୋନାଲିସା ବାରିକ୍, ତନୁଶ୍ରୀ ତନୟା ଓଝା, ବିଜୟ କୁମାର ପହି, ଦୟାନିଧି ଚିନରା, ପ୍ରଶାନ୍ତ କୁମାର ଦାସ, ହିମାଂଶୁ ରଞ୍ଜନ ବାରିକ୍, ସଂଗ୍ରାମ କେଶରୀ ପଟ୍ଟନାୟକ, ଦେବାଶିଷ ରାଉତ ଏବଂ ତୃପ୍ତିରଣୀ ବେହେରା ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଅଚାର୍ଯ୍ୟା ଅହଲ୍ୟା ମିଶ୍ର କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଆଚାର୍ଯ୍ୟ ପଙ୍କଜ କୁମାର ମହାନ୍ତି, ଆଚାର୍ଯ୍ୟା କିରଣବାଳା ବେହୁରିଆ, ବୀଣା ପାଣିଗ୍ରାହୀ ପୁରସ୍କାର ବିତରଣ ଉତ୍ସବରେ ସହଯୋଗ କରିଥିଲେ। ଆଚାର୍ଯ୍ୟ ହରେକୃଷ୍ଣ ପତି ଧନ୍ୟବାଦ ଅର୍ପଣ କରିଥିଲେ।

ପଣ୍ଡିତ ନେହରୁଙ୍କ ଜୀବନୀ ବିଷୟରେ କହିଥିଲେ। ଆଚାର୍ଯ୍ୟ ଚିତ୍ତରଞ୍ଜନ ମହାନ୍ତ ଛାତ୍ରଛାତ୍ରୀମାନଙ୍କୁ ସମୟର ସଦୁପଯୋଗ କଲେ ନିଶ୍ଚିତ ସଫଳତା ହାସଲ କରିପାରିବେ ବୋଲି କହିଥିଲେ। ଛାତ୍ରଛାତ୍ରୀଙ୍କ ଦ୍ୱାରା ନଗର ପରିକ୍ରମା ସହ ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ଆଚାର୍ଯ୍ୟ ସରୋଜ କୁମାର ପାତ୍ର ଅତିଥି ପରିଚୟ ପ୍ରଦାନ କରିଥିଲେ। ଭାସ୍କରଚନ୍ଦ୍ର ମହାକୁଡ଼ ପରିଚାଳନା କରିଥିଲେ।

**ବଡ଼ବିଲ:** ବଡବିଲ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଶିଶୁ ଦିବସ ଅବସରରେ ସମ୍ମାନିତ ଅତିଥି ସନ୍ତୋଷ ସାହୁ ଦୀପପ୍ରଜ୍ୱଳନ କରିଥିବା ବେଳେ

ମିଶ୍ର ଯୋଗ ଦେଇଥିଲେ। ଶିଶୁମାନଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ହୋଇଥିଲା। ୭୨୧ ଜଣ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ଆଚାର୍ଯ୍ୟା ରଞ୍ଜିତାରାଣୀ ଦାଶ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

**କେନ୍ଦୁଝର:** କେନ୍ଦୁଝର ସିଟିଜି ଫାଉଣ୍ଡେସନ ଦ୍ୱାରା ପ୍ରତିଷ୍ଠିତ ସିଟିଜି ଗ୍ଲୋବାଲ ସ୍କୁଲ, ସିଟିଜି ବିଦ୍ୟାମନ୍ଦିର ଏବଂ କେନ୍ଦୁଝର ହାୟର ସେକେଣ୍ଡାରୀ ସ୍କୁଲରେ ଶିଶୁ ଦିବସ-୨୦୨୫ ଶିକ୍ଷା ନିକେତନରେ ପାଳିତ ହୋଇଯାଇଛି। ପ୍ରତିଷ୍ଠାତା ତଥା ଚେୟାରମ୍ୟାନ୍ ରୋଟାରିୟାନ୍ ଡ ରାଜେନ୍ଦ୍ର ପଲେଇ, ପ୍ରିନ୍ସପାଲ ମାନସ ରଞ୍ଜନ ମହାପାତ୍ର ଉଦ୍‌ବୋଧନ ଦେଇଥିଲେ। ଛାତ୍ରଛାତ୍ରୀ ରାଜୀବ ଲୋଚନ, ସୁପ୍ରିୟା, ଅର୍ପିତା, ସୁଇଟି, ଆଶିଷ, ସୌମେନ୍ଦୁ, ଶୁଭଶ୍ରୀ, ଉପାଦିତ୍ୟ, ସନ୍ତୋଷ, ପଲକ ନାଜ, ଗଣେଶ, ଦିବ୍ୟଜ୍ୟୋତି, ପ୍ରିୟଙ୍କା, ନିବେଦିତା, ସ୍ମୃତିରେଖା ଓ ସିଲି ମହାନ୍ତ ବକ୍ତବ୍ୟ ରଖିଥିଲେ। ପିଲାମାନେ ଫେନସି ଡ୍ରେସ, ନାଚଗୀତ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ଇଂରାଜୀ ବିଭାଗର

ସହଯୋଗ କରିଥିଲେ।

ସେହିପରି ଜିଲ୍ଲା ଆଇନସେବା ପ୍ରାଧିକରଣ ପକ୍ଷରୁ ବାଂଶପାଳ ବ୍ଲକର ଚମ୍ପେଇ ଆଶ୍ରମ ବିଦ୍ୟାଳୟରେ ଶିଶୁ ଦିବସ ଓ ଉପସ୍ଥାପନ ବୃଦ୍ଧି ସଂପର୍କିତ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପ୍ରାଧିକରଣର ଅଧ୍ୟକ୍ଷ ଜିଲ୍ଲା ଓ ଦୌରାଜଜ୍ ଗୋପାଳଚନ୍ଦ୍ର ବେହେରାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସ୍ଥାୟୀ ଲୋକ ଅଦାଲତର ଅଧ୍ୟକ୍ଷ ଇ. ବିଘ୍ନେଶ୍ୱର ରାଓ ଉଦ୍‌ବୋଧନ ଦେଇଥିଲେ। ଜିଲ୍ଲା ଆଇନସେବା ପ୍ରାଧିକରଣର ସଚିବ ସସ୍ମିତା ନନ୍ଦିନୀ ତ୍ରିପାଠୀ ମାର୍ଗଦର୍ଶନ କରିଥିଲେ। ପ୍ରାରମ୍ଭରେ ପ୍ରାଧିକରଣ ସଦସ୍ୟ ତଥା ତଦାଶା ସଂପାଦକ ଅକ୍ଷୟ କୁମାର ଚକ୍ର ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ। ବାଂଶପାଳ ବ୍ଲକ ଶିକ୍ଷାଧିକାରୀ ଦାଶରଥି ସୁଣ୍ଡି ଉଦ୍‌ବୋଧନ ଦେଇଥିଲେ। ବିଦ୍ୟାଳୟର ଛାତ୍ରୀ ତପସ୍ୱିନୀ ପ୍ରଧାନ ଓ ଛାତ୍ର ଶ୍ରୀତମ ସାନ୍ତ ଭାଷଣ ପ୍ରଦାନ କରିଥିଲେ। ପ୍ରଧାନଶିକ୍ଷୟିତ୍ରୀ ସୁମିତ୍ରା ଷଡଙ୍ଗୀ ଧନ୍ୟବାଦ ଅର୍ପଣ କରିଥିଲେ। ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ପ୍ରାଧିକରଣ ପାରା ଆଇନ ସ୍ୱେଚ୍ଛାସେବୀ ବସନ୍ତ କୁମାର ବାରିକ,








ପାତ୍ର, ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ଶିକ୍ଷକ ମହେନ୍ଦ୍ର କୁମାର ପଳିତା ଏବଂ ଗୋପବନ୍ଧୁ ସୁଆର ଯୋଗ ଦେଇଥିଲେ। ବିଦ୍ୟାଳୟର ନିର୍ଦ୍ଦେଶକ ତଥା ସଭାପତି ଇଂ ଉଦୟନାଥ କର ଏବଂ ବିଦ୍ୟାଳୟର ଉପାଧ୍ୟକ୍ଷ ଗୋଲକ ବିହାରୀ ସାହୁ ଉପସ୍ଥିତ ଥିଲେ। ବରିଷ୍ଠ ଶିକ୍ଷକ ସୁନୀଲ ରାଉତ ମଞ୍ଚ ପରିଚାଳନା କରିଥିଲେ। ମୁଖ୍ୟବକ୍ତା ଅଧ୍ୟାପକ ଶ୍ରୀ ପାତ୍ର ୩୦ମିନିଟ୍ ପର୍ଯ୍ୟନ୍ତ କୁନି କୁନି ପିଲାମାନଙ୍କର ହୃଦୟରେ ଆନନ୍ଦ ଉଲ୍ଲାସ ଜାଗ୍ରତ କରିଥିଲେ। ପରେ ବିଭିନ୍ନ ବିଭାଗରେ କୃତୀ ଛାତ୍ରଛାତ୍ରୀଙ୍କୁ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା। ପିଲାମାନେ କୌତୁକ ପୋଷାକ ପ୍ରତିଯୋଗିତାରେ ଭାଗ ନେବା ସହ ବରିଷ୍ଠ ଛାତ୍ରଛାତ୍ରୀଙ୍କ ଦ୍ୱାରା ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପ୍ରଦର୍ଶିତ ହୋଇଥିଲା। ବରିଷ୍ଠ ଶିକ୍ଷକ ଦେବେନ୍ଦ୍ରନାଥ ପାଢୀ ଏବଂ ସୁନୀଲ ରାଉତ ସମେତ ଅନ୍ୟାନ୍ୟ ସୁଦିପ୍ତ ଦାଶ ସହଯୋଗ କରିଥିଲେ।

**ଆନନ୍ଦପୁର:** ଆନନ୍ଦପୁର ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ବୌଦ୍ଧିକ ମଣ୍ଡପଠାରେ ଶିଶୁ ଦିବସ ଅବସରରେ ପଦ୍ମପୁର କ୍ଲଷ୍ଟରର ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ରବିନାରାୟଣ ପଣ୍ଡା ମୁଖ୍ୟ ଅତିଥି ଭାବେ ଶିଶୁମାନଙ୍କର ମାର୍ଗଦର୍ଶନ କରିଥିଲେ। ପରିଚାଳନା ସମିତିର ସମ୍ପାଦକ ଗୋବିନ୍ଦଚନ୍ଦ୍ର ତ୍ରିପାଠୀ ଜବାହରଲାଲ ନେହରୁଙ୍କ ଜୀବନୀ ସମ୍ପର୍କରେ ଆଲୋକପାତ କରିଥିଲେ। ଚଳିତ ଶିକ୍ଷାବର୍ଷର ୧ମରୁ ୭ମ ଶ୍ରେଣୀ ଶିଶୁଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତାର କୃତୀ ଶିଶୁ ଭାଇଭଉଣୀଙ୍କୁ ପୁରସ୍କୃତ କରାଯାଇଥିଲା। ମୁଖ୍ୟଅତିଥି, ସମ୍ପାଦକ, ସଭାପତି ଉଷାରାଣୀ ଜେନା, ଉପସଭାପତି ଜଗନ୍ନାଥ ସିଂହ, କୋଷାଧ୍ୟକ୍ଷ ଦିଲ୍ଲୀପ ପାତ୍ର, ସଦସ୍ୟ ସୁବାସଚନ୍ଦ୍ର ବେହେରା ପ୍ରମୁଖ ଉପସ୍ଥିତ ଥିଲେ। ପ୍ରଧାନ ଆଚାର୍ଯ୍ୟା








**ଚମ୍ପୁଆ:** ଶିଶୁ ଦିବସ ସମାରୋହ ପାଳନ ଅବସରରେ ଚମ୍ପୁଆ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ପ୍ରଧାନଆଚାର୍ଯ୍ୟ ଶରତଚନ୍ଦ୍ର ପ୍ରଧାନ ଛାତ୍ରଛାତ୍ରୀମାନେ ଶୃଙ୍ଖଳାର ସହିତ ଅଧ୍ୟୟନ କରିବାକୁ ପରାମର୍ଶ ଦେଇଥିଲେ। ବକ୍ତାଭାବେ ଆଚାର୍ଯ୍ୟ ଯୁଧିଷ୍ଠିର ମହାନ୍ତ ବିଦ୍ୟାଳୟର ପ୍ରଧାନ ଆଚାର୍ଯ୍ୟ ବିପିନ ବିହାରୀ ଖଣ୍ଡାୟୀ ଅତିଥିଙ୍କ ନିମନ୍ତେ ସ୍ୱାଗତ ଭାଷଣ ସହ ପରିଚୟ ପ୍ରଦାନ କରିଥିଲେ। ମୁଖ୍ୟଅତିଥି ତଥା ସମାଜସେବୀ ରାମ କର୍ମକାର ଶିଶଙ୍କୁ ଶୁଭେଚ୍ଛା ଜଣାଇଥିଲେ। ବଡ଼ବିଲ ସଂକୁଳ ପ୍ରମୁଖ ତଥା ମୁଖ୍ୟବକ୍ତା ଦୁଃଖବନ୍ଧୁ ଅଧ୍ୟାପିକା ଆୟୁଷୀ ପାଲ ଏବଂ ଅଧ୍ୟାପକ ଶଶିକାନ୍ତ ମହାରଣା କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ବାଣିଜ୍ୟ ବିଭାଗର ଅଧ୍ୟାପିକା ସୁଶ୍ରୀ ନିକିତା ପଲେଇ ଧନ୍ୟବାଦ ଦେଇଥିଲେ। ଶୁଭମ କୁମାର ଜୟପ୍ରକାଶ, ସତ୍ୟମ ଦାସ, ଦେବଯାନୀ ଦାସ ଏବଂ ମମତା ଜେନା ପ୍ରାଣବିନ୍ଦୁ ଉଡାନ, ପ୍ରଦ୍ୟୁମ୍ନ ନାଏକ, ପ୍ରାଧିକରଣ କର୍ମୀ ଦେବବ୍ରତ କୁମାର ଦାସ, ବିଦ୍ୟାଳୟର ଶିକ୍ଷକ, ଶିକ୍ଷୟିତ୍ରୀ ପରିଚାଳନା କରିଥିଲେ। ଛାତ୍ରୀ ସାବିତ୍ରୀ କୁଆଙ୍ଗ, ସୋମବାରୀ ମୁଣ୍ଡା ଓ ଛାତ୍ର ଅର୍ଜୁନ ପାତ୍ର ସହଯୋଗ କରିଥିଲେ।

### ରାଇରଙ୍ଗପୁର ସହରରେ ଉତ୍କଟ ଟ୍ରାଫିକ ସମସ୍ୟା

# ଜବରଦଖଲରେ ସହରର ପାଦଚାଲ ରାସ୍ତା

▶ ରାସ୍ତାରେ ଚାଲିଛି ବେଆଇନ ଗାଡ଼ି ପାର୍କିଂ
▶ ନାହିଁ ଟ୍ରାଫିକ ଆଉଟପୋଷ୍ଟ କି କର୍ମଚାରୀ



ରାଇରଙ୍ଗପୁର,୧୪।୧୧(ସମିସ): ଜିଲ୍ଲାର ବହୁ ପୁରାତନ ସହର ରାଇରଙ୍ଗପୁରରେ ଦିନକୁ ଦିନ ଟ୍ରାଫିକ ସମସ୍ୟା ଉତ୍କଟ ହେବାରେ ଲାଗିଛି। ଟ୍ରାଫିକ ବ୍ୟବସ୍ଥା ଭୁଶୁଡି ପଡ଼ିଥିବାରୁ ଲୋକେ ରାସ୍ତା ମନଇଚ୍ଛା ଗାଡି ରଖି ପାର୍କ କରୁଛନ୍ତି। ଫଳରେ ଲୋକେ ଟ୍ରାଫିକ ଜାମରେ ଫସିରହି ହନ୍ତସନ୍ତ ହେଉଛନ୍ତି। ବର୍ତ୍ତମାନ ଜନସଂଖ୍ୟା ଏବଂ ଯାନବାହନ ବୃଦ୍ଧି ପାଇବାରେ ଲାଗିଛି। ଏହାକୁ ଦୃଷ୍ଟିରେ ରଖି ରାସ୍ତା ପ୍ରଶସ୍ତିକରଣ ହୋଇଛି; କିନ୍ତୁ ଟ୍ରାଫିକ ସମସ୍ୟା ଦୂର ହେଉନାହିଁ। ଏପରିକି ବିଭିନ୍ନ ସମୟରେ ଗୁରୁତର ରୋଗୀଙ୍କୁ ନେଇ ଯାଉଥିବା ଆମ୍ବୁଲାନ୍ସ ମଧ୍ୟ ଅଟକି ରହୁଛି। ସହରରେ ବଡ଼ ବଡ଼ ସପିଂ ମଲ, ଦୋକାନ, ହୋଟେଲ ଆଦି ବ୍ୟବସାୟିକ ପ୍ରତିଷ୍ଠାନର ନିଜସ୍ୱ ପାର୍କିଂ ବ୍ୟବସ୍ଥା ନ ଥିବାରୁ ଗ୍ରାହକମାନେ ମନଇଚ୍ଛା ରାସ୍ତା ଉପରେ ଗାଡି ରଖି କିଣାକିଣି କରୁଛନ୍ତି। ଏପରିକି କେତେକ ଦୋକାନୀ ବେଆଇନ ଭାବେ ପାଦଚଲା ରାସ୍ତାକୁ ମଧ୍ୟ ଜବରଦଖଲ କରି ପାର୍କିଂ କରୁଛନ୍ତି। ଏହା ସହିତ ବେପାରୀମାନେ ରାସ୍ତା ଉପରେ ମେଲାଇ ବ୍ୟବସାୟ କରୁଛନ୍ତି। ବିଶେଷକରି ଗୋଲେଇ ଛକ ନିକଟ, ରାଇରଙ୍ଗପୁର ଉଚ୍ଚ ବିଦ୍ୟାଳୟ ସମ୍ମୁଖରେ, ମୁଖ୍ୟ ବଜାର ଗାନ୍ଧୀ ପାର୍କ ନିକଟରେ, ପୁରୁଣା ମୁଖ୍ୟ ବଜାର ରାସ୍ତା ଆଦି ସ୍ଥାନର ରାସ୍ତାର ଉଭୟ ପାର୍ଶ୍ୱରେ ବେଆଇନ ପାର୍କିଂ ହେଉଥିବା ଦେଖିବାକୁ ମିଳୁଛି। ଉଠା ଦୋକାନୀମାନେ ସ୍ଥାୟୀ କ୍ୟାବିନ ଓ ଠେଲା ରଖି ସ୍ଥାନ ଅକ୍ତିଆର କରି ରଖିଛନ୍ତି। ଯଦ୍ଦ୍ୱାରା ସହରକୁ ଆସୁଥିବା ଜନସାଧାରଣ ନିୟମିତ ଟ୍ରାଫିକ ସମସ୍ୟାରେ ଧନ୍ଦୀ ହେଉଛନ୍ତି। ଅନେକ ସମୟରେ ଛୋଟ ବଡ ଦୁର୍ଘଟଣା ମାନ ମଧ୍ୟ ଘଟୁଥିବା ନଜିର ରହିଛି। ପାଦଚଲା ରାସ୍ତା ଅବରୋଧ ଥିବାରୁ ଲୋକେ ବାଧହୋଇ ରାସ୍ତା ଉପରେ ଯା'ଆସ କରୁଛନ୍ତି। ଫଳରେ ଦୁର୍ଘଟଣା ମଧ୍ୟ ବୃଦ୍ଧିପାଉଛି। ଏହା ପୁରାତନ ସହର ହୋଇଥିଲେ ମଧ୍ୟ ଆଜିଯାଏ ଟ୍ରାଫିକ ନିୟନ୍ତ୍ରଣ କରିବାକୁ ଗୋଟିଏ ବି ଆଉଟ ପୋଷ୍ଟ ନାହିଁ। ତେଣୁ ପୁଲିସ ଭିଡ଼ ନିୟନ୍ତ୍ରଣ କରିବାରେ ବିଫଳ ହେଉଛନ୍ତି। କେବଳ ଦୁଇ ଜଣ ପୁଲିସ କର୍ମଚାରୀ ଗୋଲେଇ ଛକରେ ଟ୍ରାଫିକ ନିୟନ୍ତ୍ରଣ କରୁଛନ୍ତି। ସହରର ଏହି ଭଳି ଉତ୍କଟ ଟ୍ରାଫିକ ସମସ୍ୟା ଲାଗି ରହିଥିଲେ ସୁଦ୍ଧା ସାଂସଦ, ବିଧାୟକ ଓ ପୁଲିସ ପ୍ରଶାସନ ନିରବଦ୍ରଷ୍ଟା ସାଜିଛନ୍ତି। ଏଦିଗରେ ପୌର ପ୍ରଶାସନ ଓ ପୁଲିସ ପ୍ରଶାସନ ତୁରନ୍ତ ଧ୍ୟାନ ଦେଇ ବିକଳ୍ପ ବ୍ୟବସ୍ଥା କରିବାକୁ ସାଧାରଣରେ ଦାବି ହୋଇଛି। ସମସ୍ୟାର ସାବଧାନ ନ ହେଲେ ଆଗକୁ ଟ୍ରାଫିକ ସମସ୍ୟା ଆହୁରି ଜଟିଳ ରୂପ ଧାରଣ କରିବ।

## ଜୁଆ ଆଡ୍ଡାରେ ଚଢ଼ଉ କରିବାକୁ ଏସ୍‌ପିଙ୍କ ନିର୍ଦ୍ଦେଶ

'ସକାଳ' ପ୍ରଭାବ

ରାଇରଙ୍ଗପୁର,୧୪।୧୧(ସମିସ):

ରାଇରଙ୍ଗପୁର ଉପଖଣ୍ଡରେ ଜୁଆ ଖେଳ ସକ୍ରିୟ ଥିବା ନେଇ ଦୈନିକ 'ସକାଳ'ରେ ଖବର ପ୍ରକାଶ ପାଇବା ପରେ ପୁଲିସ ପ୍ରଶାସନ ପକ୍ଷରୁ ତତ୍ପରତା ପ୍ରକାଶ ପାଇଛି। ସମସ୍ତ ଜୁଆ ଆ‡ାରେ କଡାକଡି ଭାବେ ଚଢ଼ଉ କରିବାକୁ ଏସପି ନିର୍ଦ୍ଦେଶ ଦେଇଛନ୍ତି। ନବବର୍ଷ ଓ ମକର ସଂକ୍ରାନ୍ତି ପୂର୍ବରୁ ଜୁଆ ଆ‡ା ସକ୍ରିୟ ହୋଇଥିବା ନେଇ ଖବର ପ୍ରକାଶ ପାଇଥିଲା। ଯାହାକୁ ନେଇ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ବରୁଣ ଗୁଣ୍ଟୁପାଲ୍ଲି ଏହି ପଦକ୍ଷେପ ଗ୍ରହଣ କରିଛନ୍ତି। ଅତିରିକ୍ତ ଏସପି, ରାଇରଙ୍ଗପୁର ଉପଖଣ୍ଡ ଏସଡିପିଓ ଏବଂ ସମସ୍ତ ଥାନା ଅଧିକାରୀଙ୍କୁ ଟିମ କରି ଚଢ଼ଉ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଜୁଆଡିମାନେ ଗଡ ନିକଟସ୍ଥ ମଧୁବନ ସାହି, ସିନ୍ଦୁରଗୌରି ଗାଁର ଚଟାଣୀ, ତିଳପୋଷି ଓ ଭାଲୁବସା ଗାଁର ମଧ୍ୟ ଭାଗ ସମେତ ବିଭିନ୍ନ ସାପ୍ତାହିକ ହାଟ, ବଜାର, ଗ୍ରାମାଞ୍ଚଳ କ୍ରୀଡା ପ୍ରତିଯୋଗିତା ଆଦି ସ୍ଥାନରେ ପୁଲିସ ନାକ ତଳେ ଜୁଆଖେଳ କରୁଛନ୍ତି। ଲୋକ ନିଜର କଷ୍ଟ ଉପାର୍ଜିତ ଧନ ହରାଉଥିବା ବେଳେ ପୁଲିସ ଏହାକୁ ରୋକିବାରେ ବିଫଳ ହୋଇଛି। ଠୁଳ ଠୁଲି, ତିନଗୋଟି, କୁକୁଡ଼ା ଲଢେଇ ବାଜି ଆଦି ଜୁଆ ଖେଳ ହେଉଛି। ଅଳ୍ପ ଟଙ୍କା ଲଗାଇ ଅଧିକ ଟଙ୍କା ଜିତିବାର ପ୍ରଲୋଭନ ଦେଖାଇ ଜୁଆ ଖେଳିବାକୁ ଲୋକଙ୍କୁ ବାଧ୍ୟ କରୁଛନ୍ତି। ଉକ୍ତ ଜୁଆ ଖେଳି ଲୋକେ ସର୍ବସାନ୍ତ ହେଉଛନ୍ତି। ଏହାକୁ ରୋକିବାକୁ ଜୁଆ ଆ‡ା ପ୍ରତି କଡାକଡି ନଜର ରଖି ଜୁଆ ଖେଳ ରୋକିବାକୁ କଡାକଡି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଥିବା ଏସପି ଶ୍ରୀ ଗୁଣ୍ଟୁପାଲ୍ଲି ପ୍ରତିକ୍ରିୟା ଦେଇଛନ୍ତି।

## ପୃଥକ୍ ସଡ଼କ ଦୁର୍ଘଟଣାରେ ୨ ମୃତ; ଜଣେ ଗୁରୁତର

ରାଇରଙ୍ଗପୁର,୧୪।୧୧(ସମିସ): ରାଇରଙ୍ଗପୁର ସହରରେ ପୃଥକ ସଡ଼କ ଦୁର୍ଘଟଣା ଘଟି ଦୁଇଜଣଙ୍କ ମୃତ୍ୟୁ ଘଟିଛି। ମୃତକ ଦୁଇ ଜଣ ହେଲେ ରାଇରଙ୍ଗପୁର ଟାଉନ ଥାନା ଅନ୍ତର୍ଗତ ରାଣିପାଳ ଗ୍ରାମର ମୁକ୍ତେଶ୍ୱରୀ ମୁଣ୍ଡା (୩୧) ଓ ବାଦାମପାହାଡ ଥାନା ଅନ୍ତର୍ଗତ ମୁରମଡିହି ଗ୍ରାମର ଦୁର୍ଗା ସୋରେନ (୫୦)। ସୂଚନା ଅନୁଯାୟୀ, ଶୁକ୍ରବାର ଭୋରୁ ମୁକ୍ତେଶ୍ୱରୀ ସାଇକଲ ଯୋଗେ ରାଣିପାଳ ଗ୍ରାମରୁ ରାଇରଙ୍ଗପୁର ବଜାର ଅଭିମୁଖେ ଆସୁଥିଲେ। ଏହି ସମୟରେ ମହୁଲଡିହା ସାପ୍ତାହିକ ହାଟ ନିକଟରେ ତାଙ୍କୁ ଏକ ଅଜଣା ଗାଡ଼ି ଧକ୍କା ଦେଇ ଚମ୍ପଟ ମାରିଥିଲା। ଗାଡ଼ିଟି ଦ୍ରୁତଗତିରେ ଥିବାରୁ ତାଙ୍କୁ କିଛି ଦୂର ପର୍ଯ୍ୟନ୍ତ ଘୋଷାଡି ନେଇଥିଲା। ଫଳରେ ତାଙ୍କର ମୃତ୍ୟୁ ଘଟିଥିଲା। ସେହିପରି ଗୁରୁବାର ରାତିରେ ରାଣୀବନ୍ଧ ନିକଟରେ ଲୁହା ପଥର ବୋଝେଇ ଟ୍ରକ ଧକ୍କାରେ ଦୁର୍ଗା ସୋରେନଙ୍କ ମୃତ୍ୟୁ ଘଟିଛି। ସେ ଓ ତାଙ୍କ ପତ୍ନୀ ଯବା ସୋରେନ ରାଇରଙ୍ଗପୁରରୁ ଘରକୁ ଫେରୁଥିବାବେଳେ ବିପରୀତ ଦିଗରୁ ଏକ ଟ୍ରକ ଧକ୍କା ଦେଇଥିଲା। ଫଳରେ ଦୁର୍ଗାଙ୍କ ମୃତ୍ୟୁ ଘଟିଥିବାବେଳେ ତାଙ୍କ ସ୍ତ୍ରୀ ଗୁରୁତର ହୋଇ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି।

## ୪ ଅନାଥଙ୍କୁ ପୁଲିସ ପ୍ରଶାସନର ସହାୟତା



ଚମ୍ପୁଆ,୧୪।୧୧(ସମିସ): ମା ଛାଡ଼ି ଚାଲିଗଲା। ୪ କଅଁଳ ଛୁଆଙ୍କୁ ଧରି ବାପା ଭବିଷ୍ୟତର ସ୍ୱପ୍ନ ଦେଖାଉଥିବା ବେଳେ ଦଇବର କରାଳ ନୀତିରେ ୯ ଦିନ ତଳେ ବାପ ରୋଗରେ ପୀଡ଼ିତ ହୋଇ ପ୍ରାଣ ହରାଇବା ଦ୍ୱାରା ୪ ଜଣ ଶିଶୁ ଅନାଥ ହୋଇଗଲେ। ଏନେଇ ଖବର ପ୍ରକାଶ ପରେ ବିଭିନ୍ନ ମହଲରୁ ଏହି ଅସହାୟ ୪ ଭାଇ ଭଉଣୀଙ୍କ ପାଇଁ ସହାୟତାର ହାତ ବଢ଼ିବାରେ ଲାଗିଛି। ଆଜି ଚମ୍ପୁଆ ଥାନାଧିକାରୀ ରମାକାନ୍ତ ମୁଦୁଲି ଏହି ଅସହାୟଙ୍କ ପାଖରେ ପହଞ୍ଚି ଶୀତ ବସ୍ତ୍ର ଏବଂ ଚଳିବା ପାଇଁ ଆବଶ୍ୟକ ରାସନ ସମଗ୍ରୀ ଯୋଗାଇ ଦେବା ସହିତ ଘଟଣା ବିଷୟରେ ସ୍ଥାନୀୟ ଲୋକଙ୍କୁ ପଚାରି ବୁଝିବା ଏବଂ ଏହାର ସମାଧାନ ପାଇଁ ଚେଷ୍ଟା କରାଯିବ ବୋଲି ସାନ୍ତ୍ୱନା ପ୍ରଦାନ କରିଛନ୍ତି। ସୂଚନା ଅନୁସାରେ, ଗୋଧୂଳି ଗ୍ରାମର ୩ ଘରିଆ ସାହିର ପଟେଲ ନାଏକଙ୍କ ସ୍ତ୍ରୀ ବର୍ଷେ ତଳେ ୪ ଛୁଆଙ୍କୁ ଛାଡି ପଳାଇବା ପରେ ପଟେଲ ନାଏକ କୁଲି ମଜୁରୀ କରି ୪ ଛୁଆଙ୍କ ଦାୟିତ୍ୱ ବହନ କରି ଆସୁଥିଲେ। ମାତ୍ର ୯ ଦିନ ତଳେ ରୋଗଗ୍ରସ୍ତ ଯୋଗୁଁ ପଟେଲ ନାଏକଙ୍କ ମୃତ୍ୟୁପରେ ବଡ ପୁଅ ଆକାଶ ନାଏକ(୧୭), ଲିଡୁ ନାଏକ(୧୩), ମିକି ନାଏକ(୮), ବିଷ୍ଣୁ ନାଏକ(୭) ଅନାଥ ହୋଇଯାଇଛନ୍ତି। ଏପରିକି ବାପାଙ୍କ ଶୁଦ୍ଧିକ୍ରିୟା କିପରି ହେବ ସେ ନେଇ ଚିନ୍ତାଗ୍ରସ୍ତ ଥିବା ବେଳେ ସ୍ଥାନୀୟ କାଉନସିଲର ଛତ୍ରପତି ନାଏକଙ୍କ ଉପସ୍ଥିତିରେ ଥାନାଧିକାରୀ ରାମାକାନ୍ତ ମୁଦୁଲୀ ଏହି ସହାୟତା ପ୍ରଦାନ କରିଥିଲେ। ଶୁଦ୍ଧିକ୍ରିୟା ପରେ ସିଡବ୍ଲ୍ୟୁସି ଓ ଡିସିପିଓଙ୍କୁ ଏହି ଅନାଥଙ୍କ ଥଇଥାନ ପାଇଁ ଅବଗତ କରାଯିବ ବୋଲି ସୂଚନା ଦେଇଛନ୍ତି।

## ସାଇବର ଠକେଇ ଓ ସୁରକ୍ଷା ସଚେତନତା କର୍ମଶାଳା

ଶରତ,୧୪।୧୧(ସମିସ): କପ୍ତିପଦା ବ୍ଲକ ଅନ୍ତର୍ଗତ ଶରତ ପଣ୍ଡିତ ରଘୁନାଥ ମୁର୍ମୁ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ସାଇବର ଠକେଇ ଓ ସୁରକ୍ଷା ସଚେତନତା କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ଡ଼ ଭଗବାନ ପଣ୍ଡାଙ୍କ ପୌରହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ମୟୂରଭଞ୍ଜ ଜିଲ୍ଲା ଆଡିସିନାଲ ଏସପି ଶ୍ରୀମତୀ ସବିତା ମାଝୀ ସାଇବର ଠକେଇ ଓ ସୁରକ୍ଷା ଉପରେ ସଚେତନତାର ବାର୍ତ୍ତା ଦେଇଥିଲେ। ମୁଖ୍ୟ ବକ୍ତା ଭାବେ ମହାବିଦ୍ୟାଳୟ ଇତିହାସ ଅଧ୍ୟାପକ ଅଶୋକ କୁମାର ସାହୁ ଓ ବକ୍ତା ଭାବେ ଲଦୁରା ହାଇବୁରୁ ସାଇବର କ୍ରାଇମ ପ୍ରଭାବ କିପରି ସମାଜକୁ କବଳିତ କରିଛି ବକ୍ତବ୍ୟ ରଖିଥିଲେ। ସମ୍ମାନିତ ଅତିଥି ଭାବେ ଏସଡିପି ଓ ହୃଷିକେଶ ନାଏକ, ଭାରପ୍ରାପ୍ତ ସାଇବର କ୍ୟାମ୍ପେନ୍ ଅଧିକାରୀ ସୁଶାନ୍ତ ବେହେରା, ଭାରପ୍ରାପ୍ତ ଅଧିକାରୀ ଇନ୍ସପେକ୍ଟର ଅଫ ପୁଲିସ ରମାକାନ୍ତ ପାତ୍ର, ମେଡିକାଲ ଅଫିସର କମଳାକାନ୍ତ ରାଉତ, ଯୁବ ନେତା ସଲେନ୍ଦ୍ର ହେମ୍ବ୍ରମ, ଶରତ ଗ୍ରାମ ପଞ୍ଚାୟତ ସରପଞ୍ଚ ପଦ୍ମାବତୀ ସିଂ ଓ ଶରଡିଆ ସରପଞ୍ଚ ରମେଶ ଚନ୍ଦ୍ର ବାନରା ପ୍ରମୁଖ ଯୋଗଦେଇ ସାଇବର ଠକେଇ ଓ ତାର ସୁରକ୍ଷା ସମ୍ବନ୍ଧରେ ବକ୍ତବ୍ୟ ରଖିଥିଲେ। ଶେଷରେ ପ୍ରଦୀପ କୁମାର ଦଲେଇ ଧନ୍ୟବାଦ ଅର୍ପଣ କରିଥିଲେ।

## ସମବାୟ ସପ୍ତାହ ପାଳନ ଫିକା

ଆନନ୍ଦପୁର, ୧୪।୧୧ (ସମିସ): ସରକାରୀ କାର୍ଯ୍ୟକ୍ରମ ପାଇଁ ଆସୁଥିବା ଅନୁଦାନ ବିନିଯୋଗରେ ସବୁ ବିଭାଗରେ ଅନିୟମିତତା ଚାଲିଥିବା ବେଳେ ବିନା କୌଣସି ସୂଚନାରେ କାମଚଳା ନୀତିରେ କାର୍ଯ୍ୟକ୍ରମଗୁଡ଼ିକ ଚାଲିଛି। ଆଜି ପାଳିତ ହୋଇଥିବା ସମବାୟ ସପ୍ତାହ ପାଳନ ଅବସରରେ ଆନନ୍ଦପୁର କେନ୍ଦ୍ର ସମବାୟ ବ୍ୟାଙ୍କ ପରିସରରେ ପାଳିତ ହୋଇଥିବା କାର୍ଯ୍ୟକ୍ରମରେ କେବଳ ଆନନ୍ଦପୁର ଶାଖା କର୍ମଚାରୀମାନେ କାମଚଳା ଭାବେ ଏହି ଉତ୍ସବ ଶେଷ କରିଦେଇଥିବାରୁ ଏହା ଫିକା ପଡିଯାଇଛି। କେନ୍ଦୁଝର କେନ୍ଦ୍ର ସମବାୟ ବ୍ୟାଙ୍କ ଆନନ୍ଦପୁର ଶାଖାରେ ୭୨ତମ ନିଖିଳ ଭାରତ ସମବାୟ ସପ୍ତାହ ଉତ୍ସବକୁ ବ୍ୟାଙ୍କର ଶାଖା ପରିଚାଳକ ବିଶ୍ୱଜିତ୍ ବିଶ୍ୱାଳ ସମବାୟ ପତାକା ଉତ୍ତୋଳନ କରି କାମ ଚଳାଇ ଦେଇଥିଲେ।

## ଡାବରଚୁଆ ନିକଟରେ ସିରିଜ୍ ଦୁର୍ଘଟଣା

ତୁରୁମୁଙ୍ଗା, ୧୪।୧୧(ସମିସ): କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ଥାନା ଅନ୍ତର୍ଗତ ୪୯ ନମ୍ବର ଜାତୀୟ ରାଜପଥର ଡାବରଚୁଆ ନିକଟରେ ଶୁକ୍ରବାର ୩ ଟ୍ରକ ମଧ୍ୟରେ ସିରିଜ ଦୁର୍ଘଟଣା ଘଟିଛି। ଆଇରନ ବୋଝେଇ ଟ୍ରକ ଡ୍ରାଇଭର ଗାଡି ଭିତରେ ଚାପି ହୋଇ ଗୁରୁତର ହୋଇଛନ୍ତି। କେନ୍ଦୁଝର ପଟୁ ତୁରୁମୁଙ୍ଗା ଆଡ଼କୁ ଯାଉଥିବା ଟ୍ରକଗୁଡିକ ପ୍ରଥମେ ଟ୍ରେଲରକୁ ପଛ ପଟେ ଏକ କମଳା ବୋଝେଇ ଟ୍ରକ ଧକ୍କା ଦେଇଥିଲା। ପରେ କମଳା ବୋଝେଇ ଟ୍ରକ ପଛ ପଟକୁ ଆଉ ଏକ ଆଇରନ ବୋଝେଇ ଟ୍ରକ ଧକ୍କା ଦେଇଥିଲା। ଗୁରୁତର ଡ୍ରାଇଭରଙ୍କୁ ସ୍ଥାନୀୟ ଲୋକେ ଉଦ୍ଧାର କରିଥିଲେ। ରାଜପଥ ଉପରେ ଆରଟିଓ ପକ୍ଷରୁ ଚେକିଂ ଯୋଗୁଁ ଦୁର୍ଘଟଣା ଘଟିଥିବା ଅଭିଯୋଗ ହୋଇଛି। କର୍ମଚାରୀ ଗାଡ଼ି ଛାଡ଼ି ପଳାଇଥିବା ଭିଡିଓ ଭାଇରଲ ହୋଇଛି। ଉକ୍ତ ସ୍ଥାନରେ ପୂର୍ବରୁ ଏକ ଗାଡି ଦୁର୍ଘଟଣା ହୋଇଥିଲା। ପରିଦର୍ଶନ କରିବାକୁ ଯାଇଥିବା ସମୟରେ ଏଭଳି ଦୁର୍ଘଟଣା ଘଟିଥିବା ଆରଟିଓ କର୍ମଚାରୀ ରାଜେଶ ସେଠୀ କହିଛନ୍ତି।

## କୁଳିଅଣା ଲ୍ୟାମ୍ପସରେ ସମବାୟ ଦିବସ ପାଳିତ





କୁଳିଅଣା, ୧୪।୧୧(ସମିସ): ଶୁକ୍ରବାର କୁଳିଅଣା ଲ୍ୟାମ୍ପସ ପରିସରରେ ୭୨ତମ ସମବାୟ ଦିବସ ପାଳିତ ହୋଇଛି। ଭାରପ୍ରାପ୍ତ ପରିଚାଳନା ନିର୍ଦ୍ଦେଶକ ପ୍ରଶାନ୍ତ କୁମାର ନାଏକଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବରିଷ୍ଠ ସମବାୟବିତ ସୁଧାଂଶୁ କୁମାର ପାଣିଗ୍ରାହୀ ପତାକା ଉତ୍ତୋଳନ କରିଥିଲେ। ଏହି କାର୍ଯ୍ୟକ୍ରମରେ କୁଳିଅଣା ଲ୍ୟାମ୍ପସ ସଭାପତି ଶରତ ଚନ୍ଦ୍ର ନାଏକ, ବରିଷ୍ଠ ସାମ୍ବାଦିକ ନିହାର ରଞ୍ଜନ ବେହେରା, ପରିଚାଳନା ପରିଷଦରେ ସଭ୍ୟ ମୃତ୍ୟୁଞ୍ଜୟ ପାଣିଗ୍ରାହୀ, ତ୍ରୈଲୋଚନ ନାଏକ, ଶୁକଦେବ ନାଏକ, ମଙ୍ଗୁଲୁ ନାଏକ ଓ ସୁରେନ୍ଦ୍ର ନାଏକ ପ୍ରମୁଖ ଉପସ୍ଥିତ ଥିଲେ। କୃଷି ଅର୍ଥନୀତିରେ ସମବାୟ ଅନୁଷ୍ଠାନର ଯୋଗଦାନ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଗ୍ରାମାଞ୍ଚଳ ତଥା ସହରାଞ୍ଚଳରେ ଋଣ ପ୍ରଦାନ, କୃଷି ଉତ୍ପାଦନ ବୃଦ୍ଧି, ଖାଉଟି କଲ୍ୟାଣ ଆଦି ବହୁମୁଖି କାର୍ଯ୍ୟକ୍ଷେତ୍ରରେ ସମବାୟର ଉଲ୍ଲେଖନୀୟ ଅବଦାନ ରହିଛି। ତେଣୁ ପ୍ରତିବର୍ଷ ଭଳି ଚଳିତ ବର୍ଷ ମଧ୍ୟ ନଭେମ୍ବର ୧୪ରୁ ୨୦ତାରିଖ ପର୍ଯ୍ୟନ୍ତ ସର୍ବଭାରତୀୟ ସ୍ତରରେ ସମବାୟ ସପ୍ତାହ ପାଳନ କରାଯାଉଛି। ଆଜିର ଏହି କାର୍ଯ୍ୟକ୍ରମରେ କୁଳିଅଣା ବ୍ଲକର ସଫଳ ଚାଷୀ ଭାବେ କୁଳିଅଣା ଗ୍ରାମପଞ୍ଚାୟତ ଅଧୀନ ପାଣିଜିଆ ଗ୍ରାମର ଚୈତନ୍ୟ ପ୍ରସାଦ ନାଏକଙ୍କୁ ସମ୍ମାନିତ କରାଯାଇଥିଲା। ତାଙ୍କ ପୁଅ ସରୋଜ କୁମାର ନାଏକ ଓଡ଼ିଶା ସିଭିଲ ସର୍ଭିସ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇଥିବାରୁ ତାଙ୍କୁ ମଧ୍ୟ ସମ୍ମାନିତ କରାଯାଇଥିଲା।

## ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

ଚମ୍ପୁଆ,୧୪।୧୧(ସମିସ): ଚମ୍ପୁଆ ବ୍ଲକ ପରିସରରେ ପ୍ରାଣୀଧନ ସମ୍ପଦ ବିଭାଗ ପକ୍ଷରୁ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା-୨୦୨୫ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ପାଟଣା ବିଧାୟକ ଅଖିଳଚନ୍ଦ୍ର ନାଏକ, ଅନ୍ୟତମ ଅତିଥି ଅବସରପ୍ରାପ୍ତ ପ୍ରାଣୀଧନ ସହକାରୀ ନିର୍ଦ୍ଦେଶକ ନୃସିଂହ ଚରଣ ମିଶ୍ର, ମୁଖ୍ୟ ଜିଲ୍ଲା ପ୍ରାଣୀଧନ ଅଧିକାରୀ ଚନ୍ଦ୍ରଶେଖର ରଥ, ବିଡିଓ ସ୍ମୃତିରଂଜନ ସାହୁ, ବିଧାୟକ ପ୍ରତିନିଧି ଲୁଲୁ ବେହେରା, ବ୍ଲକ ଅଧ୍ୟକ୍ଷ ସୁରେଶଚନ୍ଦ୍ର ନାଏକ, ଉପଖଣ୍ଡ ପ୍ରାଣୀ ଚିକିତ୍ସାଧିକାରୀ ପ୍ରଶାନ୍ତ କୁମାର ମହାନ୍ତ, ସାଂସଦ ପ୍ରତିନିଧି ସିଦ୍ଧାର୍ଥ ସିଂ, ଭାବଗ୍ରାହୀ ମହାନ୍ତ ଓ ବ୍ଲକ ମତ୍ସ୍ୟ ସହକାରୀ ଅଧରକାରୀ ଲିପିକା ହେମ୍ବ୍ରମ ପ୍ରମୁଖ ଯୋଗ ଦେଇଥିଲେ। ରୁକ୍ମଣୀ ନାଏକ, ଶୁଭେନ୍ଦୁ ମହାନ୍ତ, ବାସୁମତି ମହାନ୍ତ, ମା' ସନ୍ତୋଷୀ ସ୍ୱୟଂ ସହାୟକ ଗୋଷ୍ଠୀ, ମା'କାଳୀ ସ୍ୱୟଂ ସହାୟକ ଗୋଷ୍ଠୀ, ପାନ ମହାନ୍ତ, ଶିବରାମ ମାଝି ଓ ସତ୍ୟଜିତ ପ୍ରଧାନ ପ୍ରମୁଖ ସଫଳ ଚାଷୀଙ୍କୁ ଅତିଥିଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। ଏହି କାର୍ଯ୍ୟକ୍ରମକୁ ବ୍ଲକ ପ୍ରାଣୀଧନ ଚିକିତ୍ସକ ଶିବ ସିଂ ଓ ବ୍ଲକ ଏସିପି ଗଜେଲା ସୁଲତାନା ପରିଚାଳନା କରିଥିଲେ।

## ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ଶିଶୁ ଦିବସ

କରଞ୍ଜିଆ,୧୪.।୧୧(ସମିସ): କରଞ୍ଜିଆ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପରିସରରେ ଶିଶୁ ଦିବସ ପାଳିତ ହୋଇଛି। ଏଥିରେ ମୁଖ୍ୟଅତିଥି ରୂପେ ବିଶିଷ୍ଟ ଶିକ୍ଷାବିତ, ଶିଶୁ ପ୍ରେମୀ ତଥା ଜଣେ ଆଦର୍ଶ ଶିକ୍ଷକ ପଦନ ନାଏକ ଯୋଗଦାନ କରିଥିଲେ। ବିଦ୍ୟାଳୟ ପରିଚାଳନା ସମିତିର ଉପସଭାପତି ଇଂ ତ୍ରିଲୋଚନ ସେଠୀ ଯୋଗଦାନ କରି ଶିଶୁଙ୍କୁ ଉତ୍ସାହିତ କରିବା ସହିତ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଅବସରରେ ଶିଶୁଙ୍କ ମଧ୍ୟରେ ଦେଶାତ୍ମବୋଧ ସଙ୍ଗୀତ, ଚିତ୍ରାଙ୍କନ ଓ ଏକକ ଅଭିନୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପ୍ରଧାନ ଆଚାର୍ଯ୍ୟ ମହେନ୍ଦ୍ର କୁମାର ସାହୁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

## ଖିରିପଦା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ବାର୍ଷିକ ଉତ୍ସବ

କୁଆମରା,୧୪।୧୧(ସମିସ): ଗୋପବନ୍ଧୁ ନଗର ବ୍ଲକ ଆରପଟା ପଞ୍ଚାୟତ ଖିରିପଦା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ବାର୍ଷିକ ଉତ୍ସବ ଓ ଶିଶୁ ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଗୌରମୋହନ ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉତ୍ସବରେ ମୁଖ୍ୟଅତିଥି ଅବସରପ୍ରାପ୍ତ ଶିକ୍ଷକ ସୁକାନ୍ତ ପଟ୍ଟନାୟକ, ମୁଖ୍ୟବକ୍ତା ଶିକ୍ଷକ ନିଗମାନନ୍ଦ ମହାପାତ୍ର, ସମ୍ମାନିତ ଅତିଥି ଆରପଟା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ବିନୋଦ କୁମାର ମହାନ୍ତି, ଆରପଟା କ୍ଲଷ୍ଟର ପୂର୍ବତନ ସିଆରସିସି ଆଶିଷ କୁମାର ସାହୁ, ଖିରିପଦା ହରିବଳଦେବ ହାଇସ୍କୁଲର କ୍ରୀଡ଼ା ଶିକ୍ଷକ ସୀତାରାମ ଶୀଳ ଓ ସଂପୃକ୍ତ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ବିଣାପାଣି ପୃଷ୍ଟି ଯୋଗଦେଇ ଶିକ୍ଷକ ହେଉଛନ୍ତି ବିଶ୍ୱକର୍ମା ଓ ଛାତ୍ରଛାତ୍ରୀଙ୍କ ବନ୍ଧୁ, ସହଯୋଗୀ ଏବଂ ମାର୍ଗଦର୍ଶକ ବୋଲି ମତବ୍ୟକ୍ତ କରିଥିଲେ। ସିଆରସିସି ସୁଶାନ୍ତ କୁମାର ପାତ୍ର କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ। ଚଳିତ ବର୍ଷ ବାର୍ଷିକ କ୍ରୀଡ଼ାର ଦୁଇ ଚାମ୍ପିଅନ ବରିଷ୍ଠ ବର୍ଗର ଜଗନ୍ନାଥ ସାହୁ ଓ କନିଷ୍ଠ ବର୍ଗର ଏଲିନା ସିଂଙ୍କ ସମେତ ମୋଟ ୮୬ ଜଣଙ୍କୁ ପୁରସ୍କୃତ କରାଯାଇଥିଲା।

## ଯୁବ ବ୍ୟବସାୟୀଙ୍କ ପରଲୋକ



ଆନନ୍ଦପୁର ୧୪।୧୧ (ସମିସ): ଆନନ୍ଦପୁର ସହରର ୫ ନମ୍ବର ୱାର୍ଡ ନିବାସୀ ତଥା ଯୁବ ବ୍ୟବସାୟୀ ରାଜେନ୍ଦ୍ର କୁମାର ଖୁଣ୍ଟିଆ (୪୭ ବର୍ଷ)ଙ୍କ ହୃଦରୋଗରେ ପରଲୋକ ହୋଇଯାଇଛି। ସେ ଗତ ଗୁରୁବାର ରାତିରେ ଛାତିରେ ଯନ୍ତ୍ରଣା ଅନୁଭବ କରିବାରୁ ଆନନ୍ଦପୁର ଡାକ୍ତରଖାନାକୁ ନିଆଯାଇଥିଲା ଯନ୍ତ୍ରଣା ଉପଶମ ନହେବାରୁ ଭୁବନେଶ୍ୱରର ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ପ୍ରାଣବାୟୁ ଚାଲି ଯାଇଥିଲା। ସକାଳେ ତାଙ୍କ ପାର୍ଥିବ ଶରୀର ପହଞ୍ଚିବା ପରେ ଆଖପାଖ ଅଞ୍ଚଳରୁ ବହୁ ବିଶିଷ୍ଟ ବ୍ୟକ୍ତି ତାଙ୍କ ବାସଭବନରେ ଶ୍ରଦ୍ଧାସୁମନ ଅର୍ପଣ କରିବା ସହ ପରିବାର ବର୍ଗଙ୍କୁ ସମବେଦନା ଜଣାଇଥିଲେ। ବୈତରଣୀ ବାଲୁକା ଶଯ୍ୟାରେ ତାଙ୍କ ସଂସ୍କାର କରାଯାଇଛି।

## ରେଶମ ବୈଷୟିକ ପ୍ରଦର୍ଶନୀ





ମହୁଲଡିହା,୧୪।୧୧(ସମିସ): କଟକ କେନ୍ଦ୍ରୀୟ ରେଶମ ବୋର୍ଡ ପକ୍ଷରୁ ଠାକୁରମୁଣ୍ଡାର ପୁରୁଣାପାଣି ଗ୍ରାମରେ ୧୪ ତାରିଖ ବୈଷୟିକ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି। ବୈଜ୍ଞାନିକ ଅମ୍ରିତ ଲାୟକ ବୁନିୟାଦ ମେସିନରେ ଟସର ସୁତା କଟା, ବିଭିନ୍ନ ବୈଷୟିକ ଦିଗ, ଅନ୍ୟାନ୍ୟ ମେସିନର କାର୍ଯ୍ୟ ଦକ୍ଷତା ସମ୍ପର୍କରେ ତାଲିମ ପ୍ରଦାନ କରିଥିଲେ। ଏଠାରେ ରେଶମ ସୂତା ପ୍ରସ୍ତୁତି କୌଶଳ ପ୍ରଦର୍ଶନ କରାଯାଇଥିଲା। ବୈଜ୍ଞାନିକ ଅମ୍ରିତ ଲାୟକଙ୍କ ସହିତ ୨ ସହଯୋଗୀ ଗୟାଧର ଦାସ ଓ ରବୀନ୍ଦ୍ର କୁମାର ଦାସ ମହିଳା ମାନଙ୍କୁ ବୈଷୟିକ କୌଶଳ ଶିକ୍ଷା ପ୍ରଦାନ କରିଥିଲେ। ଏହି ଅବସରରେ ଆରଆରଡ଼ିଓ ସମ୍ପାଦକ ଶରତ ତ୍ରିପାଠୀ, ସଂଯୋଜକ ରାଧାଶ୍ୟାମ ମହାନ୍ତ ପ୍ରମୁଖ ଉପସ୍ଥିତ ଥିଲେ। ମାଷ୍ଟର ଟ୍ରେନର ସୁଜାତା ସାୟାଁ କାର୍ଯ୍ୟକ୍ରମ ଆୟୋଜନରେ ସହଯୋଗ କରିଥିଲେ। ୩୦ ଜଣ ଏସଏଚଜି ମହିଳା ବୈଷୟିକ ପ୍ରଦର୍ଶନୀରେ ଅଂଶଗ୍ରହଣ କରି ଶିକ୍ଷାଲାଭ କରିଥିଲେ।

### ଟିକିରାର ମନୋରମ 'ସାପଘର' ଜଳପ୍ରପାତ

# ମୂଷଳ ନଦୀଶଯ୍ୟାରେ ଜମୁଛି ପର୍ଯ୍ୟଟକଙ୍କ ଭିଡ଼





ଆନନ୍ଦପୁର,୧୪।୧୧(ସମିସ): ପର୍ଯ୍ୟଟନ ଋତୁ ଆରମ୍ଭରୁ କେନ୍ଦୁଝର ଜିଲ୍ଲାର ପର୍ଯ୍ୟଟନସ୍ଥଳଗୁଡ଼ିକ ଚଳଚଞ୍ଚଳ ହୋଇଉଠିଛି। ଆନନ୍ଦପୁର ବ୍ଲକ୍ କୋଳିମାଟି ପଞ୍ଚାୟତରେ ଥିବା 'ସାପଘର' ଜଳପ୍ରପାତରେ ପର୍ଯ୍ୟଟକଙ୍କ ଗହଳି ଜମୁଛି। ଜଳପ୍ରପାତରେ ସ୍ନାନ ସାଙ୍ଗକୁ ଭୋଜିଭାତର ଆସର ଜମୁଛି। ଏହି ସ୍ଥାନର ପାରିପାର୍ଶ୍ୱିକ ବିକାଶ ହେଉ ନଥିବାରୁ ସ୍ଥାନୀୟ ଗ୍ରାମବାସୀ ଓ ପର୍ଯ୍ୟଟକ କ୍ଷୋଭ ପ୍ରକାଶ କରିଛନ୍ତି। ୨୦ ନମ୍ବର ଜାତୀୟ ରାଜପଥରେ ଘସିପୁରାରୁ ଘଟଗାଁ ଆଡ଼କୁ ୧୫ କିମି ଗଲେ ପଡ଼ିବ କନ୍ତୋଛକ। ସେଠାରୁ ବାମପାର୍ଶ୍ୱକୁ ପ୍ରଧାନମନ୍ତ୍ରୀ ସଡ଼କରେ ୫କିମି ଗଲେ ରହିଛି ଆଦିବାସୀ ବହୁଳ ଟିକିରା ଗ୍ରାମ। ଏଠାରୁ ମାତ୍ର ୫୦୦ ମିଟର ଦୂରରେ ରହିଛି 'ସାପଘର' ଜଳପ୍ରପାତ। ମୂଷଳ ନଦୀଶଯ୍ୟାରେ ସୃଷ୍ଟି ହୋଇଛି ଏହି ଜଳପ୍ରପାତ। ଗ୍ରାମବାସୀଙ୍କ କହିବାନୁସାରେ, ଏଠାରେ ପୂର୍ବରୁ ବହୁ ସଂଖ୍ୟାରେ ସାପ ରହୁଥିଲେ। ଘଞ୍ଚ ଜଙ୍ଗଲ ମଧ୍ୟରେ ଏହି ସ୍ଥାନଟି ଥିବାରୁ ଯିବାପାଇଁ ଲୋକେ ଭୟ କରୁଥିଲେ। ପରେ ଏଠାରେ ଜଳପ୍ରପାତ ଠାବ ହେବାରୁ ଏହାର ନାମ 'ସାପଘର' ବୋଲି ନାମିତ କରାଯାଇଛି। ପ୍ରାକୃତିକ ପରିବେଶରେ ଲୋକେ ବଣଭୋଜି ସାଙ୍ଗକୁ ଜଳପ୍ରପାତରେ ଗାଧୋଇବାର ମଜା ଉଠାଉଛନ୍ତି। ଜଳପ୍ରପାତକୁ ଯିବାପାଇଁ ଗ୍ରାମବାସୀ କାଠରେ ଏକ ଛୋଟ ପୋଲ ନିର୍ମାଣ କରିଛନ୍ତି। ବିପଜ୍ଜନକ ରାସ୍ତା ଯୋଗୁଁ ଛୋଟପିଲା ଓ ବୟସ୍କଙ୍କୁ ଯିବାରେ ସମସ୍ୟା ହେଉଛି। ଟିକିରା ଗ୍ରାମଠାରୁ ଜଳପ୍ରପାତ ପର୍ଯ୍ୟନ୍ତ ରାସ୍ତା ନଥିବାରୁ ବର୍ଷାଦିନେ ଏଠାକୁ ଯିବା ସମ୍ଭବ ହେଉନି। ସ୍ଥାନୀୟ ଲୋକେ ରାସ୍ତା ନିର୍ମାଣ ଲାଗି ନିଜ ପଟ୍ଟାଭୁକ୍ତ ଜମି ଦେବାକୁ ପ୍ରସ୍ତୁତ ଅଛନ୍ତି। ହେଲେ ସରକାରୀ ସ୍ତରରେ କୌଣସି ଉଦ୍ୟମ ନହେବା ଗ୍ରାମବାସୀଙ୍କୁ ବ୍ୟଥିତ କରିଛି। ୨୦ ନମ୍ବର ଜାତୀୟ ରାଜପଥର କନ୍ତୋଛକ ନିକଟରେ ଏହି ସ୍ଥାନ ସମ୍ପର୍କରେ ସୂଚନାଫଳକ ଲଗାଯିବା ସହ ରାସ୍ତା ନିର୍ମାଣ କରିବାକୁ ସ୍ଥାନୀୟ ଯୁବକ ଦାବି କରିଛନ୍ତି।

ଡବ୍ଲ୍ୟୁଏଚ୍ଓର ସତର୍କବାଣୀ

# ଦେଶରେ ୫୦ କୋଟି ଲିଟର କ୍ଷୀର ଅପମିଶ୍ରିତ

## ପ୍ରକୃତ ଦୁଗ୍ଧ ଚାଷୀଙ୍କୁ ମିଳୁନି କ୍ଷୀରର ଉଚିତ୍ ମୂଲ୍ୟ



**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ଭାରତରେ ନକଲି ଓ ଅପମିଶ୍ରିତ ଦୁଗ୍ଧ ବ୍ୟବସାୟ ଖୁବ୍ ଜୋର ସୋରରେ ଚାଲିଛି। ଦେଶରେ ବିକି ହେଉଥିବା ପାଖାପାଖି ୮୦% କ୍ଷୀର ଅପମିଶ୍ରିତ ବୋଲି ବିଶ୍ୱ ସ୍ୱାସ୍ଥ୍ୟ ସଙ୍ଗଠନ(ଡବ୍ଲ୍ୟୁଏଚ୍ଓ) ପକ୍ଷରୁ ପ୍ରକାଶିତ ଏକ ରିପବୋର୍ଟରେ କୁହାଯାଇଛି। ରିପୋର୍ଟ ଅନୁସାରେ ଭାରତରେ ଦୈନିକ ୬୪ କୋଟି ଲିଟର ଦୁଗ୍ଧ ବିକ୍ରି ହେଉଛି। ତେବେ ଏଥିରୁ ୫୦ କୋଟି ଲିଟର କ୍ଷୀର ଅପମିଶ୍ରିତ ଓ ନକଲି ବୋଲି ରିପୋର୍ଟରେ କୁହାଯାଇଛି। ଡବ୍ଲ୍ୟୁଏଚ୍ଓର ଏହି ରିପୋର୍ଟ ଏକ ବଡ଼ ସତର୍କବାଣୀ।

ନକଲି ଓ ଅପମିଶ୍ରିତ ଦୁଗ୍ଧ ବ୍ୟବସାୟୀ ଭାରତରେ ମାନବ ସ୍ୱାସ୍ଥ୍ୟ ସହ ଖେଳୁଛନ୍ତି। ବିଶ୍ୱ ସ୍ୱାସ୍ଥ୍ୟ ସଙ୍ଗଠନର ଏହି ରିପୋର୍ଟ ଭାରତରେ ନକଲୀ ଓ ଅପମିଶ୍ରିତ ଦୁଗ୍ଧ ବ୍ୟବସାୟ ଉପରୁ ପର୍ଦ୍ଦା ହଟାଇଛି। ଏପରି ଦୁଗ୍ଧ ସେବନ ମାନବ ସ୍ୱାସ୍ଥ୍ୟ ଲୋଗି କ୍ଷତି କାରକ ଓ ଏହାର ଉପଯୋଗ କ୍ୟାନସର ଭଳି ରୋଗର କାରଣ ହୋଇପାରେ ବୋଲି ସଙ୍ଗଠନ ସତର୍କ କରାଇଛି। ସୂଚନା ଅନୁସାରେ ପଞ୍ଜାବରେ ୨୫ଲକ୍ଷ ଗାଇ ଓ ୪୦ ଲକ୍ଷ ମଇଁଷି ଅଛନ୍ତି। ହେଲେ ଦୁଗ୍ଧ ଦେଉଥିବା ପଶୁଙ୍କ ସଂଖ୍ୟା ରାଜ୍ୟରେ ବହୁତ କମ୍। ପଞ୍ଜାବରେ ଦୈନିକ ୧୬ଲକ୍ଷ ଲିଟର ଦୁଗ୍ଧ ଉତ୍ପାଦନ ହେଉଛି। ରାଜ୍ୟରେ ଉତ୍ପାଦିତ ଦୁଗ୍ଧର ୬୦% ଲୋକେ ନିଜ ଘରୋଇ ଉପଯୋଗ କରୁଛନ୍ତି। ବଳକା ୪୦% ଦୁଗ୍ଧକୁ ଦହୀ, ଲହୁଣୀ, ପନିର, ପ୍ୟାକେଜଡ୍ ଦୁଗ୍ଧ ଓ ଗୁଣ୍ଡ ଦୁଗ୍ଧ ପାଇଁ ଉପଯୋଗ କରାଯାଉଛି।

ଭାରତୀୟ ଖାଦ୍ୟ ସୁରକ୍ଷା ଓ କ୍ୱାଲିଟି ଯାଞ୍ଚ ପ୍ରାଧିକରଣ ଦ୍ୱାରା କରାଯାଇଥିବା ଏକ ସର୍ଭେକ୍ଷଣରେ ରାଜ୍ୟର ୩୭% ଦୁଗ୍ଧ ନମୁନା ଶୁଦ୍ଧତା ଯାଞ୍ଚରେ ଫେଲ ହୋଇଛି। ଅଧିକ ଲାଭ ଆଶାରେ ଦେଶର ସହରାଞ୍ଚଳ ସମେତ ଗ୍ରାମାଞ୍ଚଳରେ ଦୁଗ୍ଧ ବିକ୍ରେତା ଆରାରୁଟ, ରଙ୍ଗ, ୱାସିଂପାଉଡର ଓ ଗ୍ଲୁକୋଜ ତଥା ମିଲ୍କ ପାଉଡରରୁ ଦୁଗ୍ଧ ପ୍ରସ୍ତୁତ କରି ଲୋକଙ୍କ ସ୍ୱାସ୍ଥ୍ୟ ସହ ଖେଳ ଖେଳୁଛନ୍ତି। ଦେଶରେ ନକଲି ଦୁଗ୍ଧ ବିକ୍ରି ଯୋଗୁ ଅସଲି ଦୁଗ୍ଧ ଚାଷୀଙ୍କୁ ସେମାନଙ୍କ କ୍ଷୀରର ଉଚିତ୍ ମୂଲ୍ୟ ମିଳୁନାହିଁ। ଏଣୁ ଗ୍ରାମାଞ୍ଚଳରେ ଲୋକେ ଏବେ ଲାଭ ହେଉ ନ ଥିବାରୁ ଗାଇଗୋରୁ ବିକ୍ରି କରିଦେଉଛନ୍ତି।

ଅନ୍ୟପକ୍ଷେ ଦେଶରେ ନକଲି ଦୁଗ୍ଧ ବ୍ୟବସାୟ ବଢିବା ଯୋଗୁ ଲୋକେ ଏପରି ଦୁଗ୍ଧ ଉପଯୋଗ କରି ନାନା ରୋଗରେ ପୀଡିତ ହେଉଥିବା ବିଶ୍ୱ ସ୍ୱାସ୍ଥ୍ୟ ସଙ୍ଗଠନ ସୂଚିତ କରିଛନ୍ତି। ଏବେ ଦେଶରେ ନକଲି କ୍ଷୀରର ପ୍ରସାର ଯୋଗୁ ଲୋକେ ଯେଉଁ ସବୁ ସ୍ୱାସ୍ଥ୍ୟ ସମସ୍ୟା ଭୋଗୁଛନ୍ତି ସେଥିରେ କ୍ୟାନସର, ଡାଏବେଟିଜ୍, ହାଇବ୍ଲଡ ପ୍ରେସର, ଡିପ୍ରେସନ, ଥାଇରଏଡ ଓ ପେଟ ବେମାରି ହେଉଛି। ଏଣୁ ଏପରି କ୍ଷୀରର ପ୍ରସାର ରୋକିବା ଲାଗି ସଂଗଠନ ଭାରତ ସରକାରଙ୍କୁ ସତର୍କ କରାଇଛି।

# ବିବାହ ବନ୍ଧନରେ ଧରାକୋଟ ରାଜା ସୁଲକ୍ଷଣା



**ଧରାକୋଟ,୧୪।୧୧(ସମିସ):** ଧରାକୋଟର ପ୍ରଥମ ମହିଳା ରାଜା ସୁଲକ୍ଷଣା ଗୀତାଞ୍ଜଳି ଦେବୀ ବିବାହ ବନ୍ଧନରେ ଆବଦ୍ଧ ହୋଇଛନ୍ତି। ରାଜା କିଶୋର ଚନ୍ଦ୍ର ସିଂହଦେଓ ଓ ରାଣୀ ନନ୍ଦିନୀ ଦେବୀଙ୍କ ଜ୍ୟେଷ୍ଠା କନ୍ୟା ସୁଲକ୍ଷଣା ଗୀତାଞ୍ଜଳି ଭୁବନେଶ୍ୱର ଏକାମ୍ର କ୍ଷେତ୍ରର ପ୍ରତିଷ୍ଠିତ ବ୍ୟବସାୟୀ ଶ୍ରୀମୟ ମହାପାତ୍ରଙ୍କୁ ଗଳାରେ ବରଣମାଳା ପିନ୍ଧାଇଛନ୍ତି। ସମ୍ପୂର୍ଣ୍ଣ ରାଜକୀୟ ରୀତିନୀତି ପ୍ରକାରେ ଏହି ବାହାଘର ଭୁବନେଶ୍ୱରରେ ଅନୁଷ୍ଠିତ ହୋଇଥିବା ବେଳେ ବିବାହ ଉତ୍ସବରେ ରାଜମାତା ନନ୍ଦିନୀ ଦେବୀ, ସାନ ଭଉଣୀ ଶାନ୍ତିପ୍ରିୟା ଗୀତାଞ୍ଜଳିଙ୍କ ସମେତ ଦେଶ ଓ ରାଜ୍ୟର ବିଭିନ୍ନ ସ୍ଥାନରୁ ରାଜ ପରିବାରର ସଦସ୍ୟ/ସଦସ୍ୟା ଉପସ୍ଥିତ ଥିଲେ। ସୁଲକ୍ଷଣାଙ୍କ ଜେଜେବାପା ଅନନ୍ତ ନାରାୟଣ ସିଂହ ଦେଓ, ଜେଜେ ମା' ଶାନ୍ତି ଦେବୀ, ପିତା କିଶୋର ଚନ୍ଦ୍ର ସିଂହଦେଓ, ମାତା ନନ୍ଦିନୀ ଦେବୀ ବିଭିନ୍ନ ସମୟରେ ଓଡ଼ିଶା ବିଧାନ ସଭା ଓ ଲୋକ ସଭାକୁ ପ୍ରତିନିଧିତ୍ୱ କରି ରାଜ୍ୟ ରାଜନୀତି କ୍ଷେତ୍ରରେ ଧରାକୋଟ ପାଇଁ ସ୍ୱତନ୍ତ୍ର ସ୍ଥାନ ବଜାୟ ରଖିଥିବା ବେଳେ ସୁଲକ୍ଷଣା ନିଜେ ବର୍ତ୍ତମାନ ଧରାକୋଟ ପଞ୍ଚାୟତ ସମିତିର ଅଧ୍ୟକ୍ଷା ରହିଛନ୍ତି। ଆଜି ଧରାକୋଟ ରାଜବାଟୀ ପରିସରରେ ନିଜ ରାଜ୍ୟର ସର୍ବକନିଷ୍ଠ ରାଜାଙ୍କୁ ଭବ୍ୟ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଛି।

ପୂର୍ତ୍ତ ବିଭାଗ ପ୍ରକଳ୍ପର ସମୀକ୍ଷା

# ଏଜି ଛକରେ ଟ୍ରାଫିକ୍ ସମସ୍ୟା ହ୍ରାସ ପାଇଁ ହେବ ଦୁଇ ଥାକିଆ ରାସ୍ତା

**ଭୁବନେଶ୍ୱର,୧୪।୧୧(ସମିସ):** ଭୁବନେଶ୍ୱର ଏଜି ଛକରୁ ଟ୍ରାଫିକ୍ ପୋଷ୍ଟ ହଟିବ। ମାଟି ତଳେ ଓ ଉପରେ ୨ ଥାକିଆ ରାସ୍ତା ନିର୍ମାଣ ହେବ। କଳ୍ପନା, ଖଣ୍ଡଗିରି ଓ ଜୟଦେବ ବିହାରରୁ ନାଲ୍କୋ ପର୍ଯ୍ୟନ୍ତ ଏଲିଭେଟେଡ୍ କରିଡର୍ ନିର୍ମାଣ କରାଯିବ। ଏଥିପାଇଁ ପୂର୍ତ୍ତ ବିଭାଗ ପ୍ରାରମ୍ଭିକ ଡିପିଆର ପ୍ରସ୍ତୁତ କରିଛି। ଭୁବନେଶ୍ୱର ସହରର ଭିଡ଼ ନିୟନ୍ତ୍ରଣ ପାଇଁ ମାନସମନ୍ଵୟ କରି ବିଭାଗ ପକ୍ଷରୁ ଏଭଳି କିଛି ନିଷ୍ପତ୍ତି ହୋଇଛି। ଗୁରୁବାର ଲୋକସେବା ଭବନସ୍ଥିତ ସମ୍ମିଳନୀ କକ୍ଷରେ ପୂର୍ତ୍ତ ବିଭାଗର ବିଭିନ୍ନ ପ୍ରକଳ୍ପର ଅଗ୍ରଗତି ନେଇ ଅନୁଷ୍ଠିତ ସମୀକ୍ଷା ବୈଠକରୁ ଏହା ଜଣାପଡ଼ିଛି। ବୈଠକ ପରେ ପୂର୍ତ୍ତ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି, ଜୟଦେବ ବିହାରଠାରୁ ନନ୍ଦନକାନନରେ ରାସ୍ତାର ପ୍ରଶସ୍ତିକରଣ ଓ ଉଭୟ ପଟରେ ସମାନ୍ତରାଳ ରାସ୍ତା ନିର୍ମାଣ ଏବଂ ସଂଯୋଗୀକରଣ ରାସ୍ତା, ଏମସ୍‌କୁ ଯାଇଥିବା ରାସ୍ତାର ଉନ୍ନତି ଓ ପ୍ରଶସ୍ତିକରଣ, ଖଣ୍ଡଗିରି-ଜାଗମରା ଏଲିଭେଟେଡ୍ ରାସ୍ତା ଏବଂ କଳ୍ପନା ଛକରେ ଆଧୁନିକ ଏଲିଭେଟେଡ୍ ରାସ୍ତା ସହ ଏଜି ଛକରେ ଟ୍ରାଫିକ୍ ସମସ୍ୟା ହ୍ରାସ ପାଇଁ ଦୁଇ ଥାକିଆ ରାସ୍ତାର ପରିକଳ୍ପନା କରାଯାଇଛି। ଏନେବୈଠକରେ ବିସ୍ତୃତ ଆଲୋଚନା ହୋଇଛି ବୋଲି ମନ୍ତ୍ରୀ କହିଛନ୍ତି।

ମନ୍ତ୍ରୀ ଆହୁରି କହିଛନ୍ତି ୨୦୩୬ ସୁଦ୍ଧା ବିକଶିତ ଓଡ଼ିଶା ଗଠନ ଲକ୍ଷ୍ୟ ରହିଛି। ଏହି ଲକ୍ଷ୍ୟ ହାସଲ କରିବାକୁ ହେଲେ ରାଜ୍ୟର ରାସ୍ତାଘାଟ ଓ ଅନ୍ୟ ଭିତ୍ତିଭୂମିରେ ବିକାଶକୁ ତ୍ୱରିତ ବେଗରେ ଆଗେଇ ନେବାକୁ ପଡ଼ିବ। ତେଣୁ ରାଜ୍ୟରେ ଥିବା ବିଭିନ୍ନ ଜାତୀୟ ରାଜପଥ ଓ ରାଜ୍ୟ ରାଜପଥ ପ୍ରକଳ୍ପର ଅଗ୍ରଗତି ଉପରେ ଗୁରୁତ୍ୱ ଦିଆଯାଉଛି। ଏହି କ୍ରମରେ କୋରାପୁଟ ବାଇପାସ୍, ଜୁନାଗଡ଼ ବାଇପାସ୍, ରାଉରକେଲା ବାଇପାସ୍, ନୂଆପଡ଼ା ବାଇପାସ୍, ଆସ୍କା ବାଇପାସ୍, ଜଗତସିଂପୁର ଜିଲ୍ଲା ଅନ୍ତର୍ଗତ ଓଏମ୍‌ପି-କନ୍ଦରପୁର-ପାରାଦ୍ୱୀପ ଆଦି ରାସ୍ତା ପ୍ରକଳ୍ପର ଅଗ୍ରଗତି ନେଇ ଆଲୋଚନା ହୋଇଛି।

ଏଥି ସହିତ ପୁରୀର ବିଭିନ୍ନ ରାସ୍ତା, କୋଠାବାଡ଼ି, ଧର୍ମଶାଳା, ପାଠାଗାର ଏବଂ ଅନ୍ୟାନ୍ୟ ଉନ୍ନୟନମୂଳକ କାର୍ଯ୍ୟର ଅଗ୍ରଗତି ନେଇ ମନ୍ତ୍ରୀ ସମୀକ୍ଷା କରିବା ସହ ସମସ୍ତ ନିର୍ମାଣ କାର୍ଯ୍ୟକୁ ଅତିଶୀଘ୍ର ସମାପ୍ତ କରିବା ନେଇ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଆସନ୍ତା ଡିସେମ୍ବର ୩୧ ସୁଦ୍ଧା ଡିଭିଜନ୍ ସ୍ତରରେ ବିଭିନ୍ନ ସରକାରୀ ବିଧି ବ୍ୟବସ୍ଥାକୁ ତ୍ୱରିତ କରିବା ପାଇଁ ସମସ୍ତ କାର୍ଯ୍ୟ ଓସ୍ୱାସ୍ ଅନ୍‌ଲାଇନ୍ ପ୍ଲାଟ୍‌ଫର୍ମ ଜରିଆରେ କରିବା ପାଇଁ ବୈଠକରେ ନିଷ୍ପତ୍ତି ହୋଇଛି। ଏହି କ୍ରମରେ ଆଜିଠାରୁ ଓବିସିସିର ସମସ୍ତ ସରକାରୀ କାର୍ଯ୍ୟ ଓସ୍ୱାସ୍ ମାଧ୍ୟମରେ ହେବା ନେଇ ଶୁଭାରମ୍ଭ ହୋଇଛି। ବୈଠକରେ ପୂର୍ତ୍ତ ବିଭାଗର ପ୍ରମୁଖ ଶାସନ ସଚିବ ସଂଜୟ କୁମାର ସିଂହଙ୍କ ସମେତ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

ପ୍ରତିଭା ସମ୍ମାନ ଉତ୍ସବ

# ଡଃ କୁଳମଣି ନାୟକଙ୍କୁ 'ଭାଷା ରତ୍ନ ପୁରସ୍କାର'




**ଭୁବନେଶ୍ୱର, ୧୪।୧୧(ସମିସ):** ପ୍ରତିଭା ସମ୍ମାନ ଓଡ଼ିଶା ପକ୍ଷରୁ ଆୟୋଜିତ ଦ୍ୱିତୀୟ ପ୍ରତିଭା ସମ୍ମାନ ଉତ୍ସବ-୨୦୨୫ର ଦ୍ୱିତୀୟ ସନ୍ଧ୍ୟା ସ୍ଥାନୀୟ ଭଞ୍ଜକଳା ମଣ୍ଡପରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଏକାମ୍ର ଭୁବନେଶ୍ୱରର ବିଧାୟକ ବାବୁ ସିଂ ଯୋଗ ଦେଇଥିଲେ। ତାଙ୍କ ସହିତ ବରିଷ୍ଠ ବିଜେପି ନେତା ଜଗନ୍ନାଥ ପ୍ରଧାନ, ଶ୍ରୀକ୍ରୀଷ୍ଣା ଇଣ୍ଟରନ୍ୟାସନାଲ ସ୍କୁଲର ଚେୟାରମେନ ପବିତ୍ର ରାଉତରାୟ, ମିଳିତ ଓଡ଼ିଶା ନିଶା ନିବାରଣ ଅଭିଯାନର ରାଜ୍ୟ ସଂଯୋଜିକା ତଥା ପ୍ରତିଭା ସମ୍ମାନ ଓଡ଼ିଶା ଟ୍ରଷ୍ଟର ଅପର୍ଣ୍ଣା ନାୟକ ଯୋଗ ଦେଇଥିଲେ। ଏହି ଅବସରରେ ଡଃ କୁଳମଣି ନାୟକଙ୍କୁ ଭାଷା ରତ୍ନ ପୁରସ୍କାର ପ୍ରଦାନ କରାଯାଇଥିଲା। ସମ୍ପାଦକ ପ୍ରମୋଦ କୁମାର ଦେବ ସଭା ପରିଚାଳନା କରିଥିଲେ। ସଭାକାର୍ଯ୍ୟ ପରେ ନାଟକ ଶ୍ରୀକ୍ଷେତ୍ର ନାଟ୍ୟଶାଳା ପୁରୀ ପକ୍ଷରୁ ନାଟକ ମଞ୍ଚମାୟା ମଞ୍ଚସ୍ଥ ହୋଇଥିଲା। ପ୍ରତିଭା ନାଟ୍ୟ ପରିଷଦ ର ସଭାପତି ଦିପ୍ତିରଜନ ଦାସ ନାଟକ ମହୋତ୍ସବକୁ ପରିଚାଳନା କରିଥିଲେ।

ସୂଚନାଯୋଗ୍ୟ ଯେ ପ୍ରତିଭା ସମ୍ମାନ ଉତ୍ସବ-୨୦୨୫ ସ୍ଥାନୀୟ ଭଞ୍ଜକଳା ମଣ୍ଡପରେ ୩ ଦିନ ପାଇଁ ଆୟୋଜିତ ହୋଇଛି। କାର୍ଯ୍ୟକ୍ରମର ପ୍ରଥମ ସନ୍ଧ୍ୟାରେ ସଙ୍ଗଠନର ସଭାପତି ତଥା ଏମ୍ସର ପୂର୍ବତନ ନିର୍ଦ୍ଦେଶକ ପଦ୍ମଶ୍ରୀ ଡଃ ଅଶୋକ ମହାପାତ୍ର, ପୂର୍ବତନ କୁଳପପତି ଫକୀର ମୋହନ ବିଶ୍ୱବିଦ୍ୟାଳୟ ଉପସଭାପତି ଡଃ କୁମରବର ଦାସ ପ୍ରତିଭା ନାଟ୍ୟ ପରିଷଦର ସଭାପତି ଦୀପ୍ତି ରଞ୍ଜନ ଦାସ, ସିନେମା କଳାକାର ସ୍ୱର୍ଗତ ଅଜିତ୍ ଦାସଙ୍କ ପତ୍ନୀ ଡଃ ମାୟାଦାସ, ବିଶିଷ୍ଟ ନାଟ୍ୟକାର ଫକୀର ସିଂ, ମିହିର କୁମାର ମେହେର ଓ ଅବିନାଶ ଦଣ୍ଡପାଟ ଅତିଥି ଭାବେ ଯୋଗ ଦେଇଥିଲେ। ଏହି ଅବସରରେ ଓଡ଼ିଶାର ପାଞ୍ଚଜଣ ଶିକ୍ଷୟିତ୍ରୀଙ୍କୁ ଶିକ୍ଷକ ରତ୍ନ ସମ୍ମାନ ୨୦୨୫ ରେ ସମ୍ମାନିତ କରାଯାଇଥିଲା।

# ୨୫ରୁ 'ସମୃଦ୍ଧ ଓଡ଼ିଶା ୨୦୩୬' କନ୍‌କ୍ଲେଭ



**ଭୁବନେଶ୍ୱର,୧୪।୧୧(ସମିସ):** ଉତ୍କଳ ଚାମ୍ବର ଅଫ୍ କମର୍ସ ଆଣ୍ଡ ଇଣ୍ଡଷ୍ଟ୍ରି ଲିମିଟେଡ୍ (ୟୁସିସିଆଇଏଲ୍) ଆସନ୍ତା ଦୁଇ ଦିନିଆ କନକ୍ଲେଭ, 'ସମୃଦ୍ଧ ଓଡ଼ିଶା ୨୦୩୬›ସମ୍ପର୍କରେ ଆନୁଷ୍ଠାନିକ ଭାବରେ ଘୋଷଣା କରିଛି। ଏହି କାର୍ଯ୍ୟକ୍ରମ ନଭେମ୍ବର ୨୫ ଏବଂ ୨୬ ଦୁଇ ଦିନ ଧରି ଭୁବନେଶ୍ୱରସ୍ଥିତ ଜନତା ମଇଦାନଠାରେ ଅନୁଷ୍ଠିତ ହେବାର କାର୍ଯ୍ୟକ୍ରମ ରହିଛି। ରାଜ୍ୟର ଶତବାର୍ଷିକୀ ଆଡକୁ ଅର୍ଥନୈତିକ ପରିବର୍ତ୍ତନକୁ ତ୍ୱରାନ୍ୱିତ କରିବା ପାଇଁ ଏହା ଏକ ପ୍ରମୁଖ ପଦକ୍ଷେପ। ଏହି କନକ୍ଲେଭର ପ୍ରମୁଖ ବିଷୟବସ୍ତୁ ଏହି ଧାରଣା ଉପରେ କେନ୍ଦ୍ରିତ ଯେ "ଓଡ଼ିଶା ପରିବର୍ତ୍ତନର ପଥରେ - ଯେଉଁଠାରେ ନବସୃଜନ ସୁଯୋଗକୁ ଭେଟିଥାଏ ଏବଂ ପ୍ରଗତି ପ୍ରତ୍ୟେକ ନାଗରିକଙ୍କୁ ସଶକ୍ତ କରିଥାଏ। ୟୁସିସିଆଇଏଲ୍‌ର ସଭାପତି ଏବଂ ରାଜ୍ୟର ଶିଳ୍ପ କ୍ଷେତ୍ରରେ ଜଣେ ପ୍ରମୁଖ ବ୍ୟକ୍ତିତ୍ୱ ଡକ୍ଟର ପ୍ରବୋଧ ମହାନ୍ତି ଏହି ପ୍ରଦର୍ଶନୀର ନେତୃତ୍ୱ ନେବେ। ଡକ୍ଟର ମହାନ୍ତି ଏବଂ ଚାମ୍ବର ଏକ ଆନ୍ଦୋଳନର ନେତୃତ୍ୱ ନେଉଛନ୍ତି ଯାହା ୨୦୩୬ ସୁଦ୍ଧା ୫୦୦ ବିଲିୟନ ଡଲାର ଅର୍ଥନୀତି ହାସଲ କରିବାର ଲକ୍ଷ୍ୟ ସହିତ 'ବିକଶିତ ଓଡ଼ିଶା'ର ଦୃଷ୍ଟିକୋଣକୁ ସାକାର କରିବା ପାଇଁ ଶିଳ୍ପ, ସରକାର ଏବଂ ନାଗରିକଙ୍କ ସହଯୋଗ ପ୍ରୟାସ ଚାହୁଁଛି। ଏହି କାର୍ଯ୍ୟକ୍ରମର ଆଲୋଚନାର କେନ୍ଦ୍ରବିନ୍ଦୁ ଲଜିଷ୍ଟିକ୍ସ ଭିତ୍ତିଭୂମିକୁ ବୃଦ୍ଧି କରିବା, ବିଶେଷକରି ଆଭ୍ୟନ୍ତରୀଣ ଜଳପଥ ଏବଂ ଉନ୍ନତ ରାସ୍ତା ନେଟୱାର୍କର ବିକାଶ, କଞ୍ଚାମାଲର ଦକ୍ଷ ପରିବହନ ପାଇଁ, ବିଶେଷକରି ଖଣିଜ ସମୃଦ୍ଧ ଅଞ୍ଚଳଗୁଡ଼ିକରୁ, ଏବଂ ରାଜ୍ୟର ବିଶାଳ ଇସ୍ପାତ ଉତ୍ପାଦନ ଲକ୍ଷ୍ୟକୁ ସମର୍ଥନ କରିବା ଆଦି ରହିବ।

ମସଲା ସମ୍ରାଟ ଶରତ ସାହୁଙ୍କ ଏକାଦଶାହରେ ଶ୍ରଦ୍ଧାଞ୍ଜଳି

# 'ସ୍ମୃତିରେ ଶରତ' ଉନ୍ମୋଚିତ



**କଟକ,୧୪।୧୧(ସମିସ):** ବିଶିଷ୍ଟ ଉଦ୍ୟୋଗପତି ତଥା 'ରୁଚି' ମସଲାର ପ୍ରତିଷ୍ଠାତା ଡକ୍ଟର ଶରତ କୁମାର ସାହୁଙ୍କ ଏକାଦଶାହ ପୁଣ୍ୟସ୍ମୃତି କାର୍ଯ୍ୟକ୍ରମ ବୁଧବାର ସନ୍ଧ୍ୟାରେ ବୟାଳିଶ ମୌଜାସ୍ଥିତ ଯଶୋଦା ଗାର୍ଡେନ୍‌ଠାରେ ଅନୁଷ୍ଠିତ ହୋଇଯାଇଛି। ସମାଜର ବିଭିନ୍ନ ବର୍ଗର ଲୋକ ଏଥିରେ ଦିବଂଗତ ଆତ୍ମାର ସଦ୍‌ଗତି କାମନା ସହିତ ଫଟୋଚିତ୍ରରେ ମାଲ୍ୟାର୍ପଣ କରି ଶ୍ରଦ୍ଧାଞ୍ଜଳି ଦେଇଥିଲେ। ଉଦ୍‌ଯୋଗୀ ମଣିଷ ଡକ୍ଟର ସାହୁ ସମସ୍ତଙ୍କ ପାଇଁ ପ୍ରେରଣାର ଉତ୍ସ ଥିଲେ ବୋଲି ବିଶିଷ୍ଟ ବ୍ୟକ୍ତିତ୍ୱ ମତ ପ୍ରକାଶ କରିଥିଲେ। ପୂର୍ବତନ ମନ୍ତ୍ରୀ ଅମର ଶତପଥୀ, କଟକ ମେୟର ସୁବାସ ସିଂହ, ପୂର୍ବତନ ମୁଖ୍ୟ ଶାସନସଚିବ ସହଦେବ ସାହୁ, ରେଭେନ୍ସା ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ସଞ୍ଜୟ କୁମାର ନାୟକ, ହକି ଇଣ୍ଡିଆର ଅଧ୍ୟକ୍ଷ ଦିଲ୍ଲୀପ ତିର୍କୀ, ବିଶିଷ୍ଟ ଶିଳ୍ପୋଦ୍ୟୋଗୀ ମହିମାନନ୍ଦ ମିଶ୍ର, ଆୟକର ବିଭାଗର ପୂର୍ବତନ ମହାନିର୍ଦ୍ଦେଶକ ବିଧୁଭୂଷଣ ମହାନ୍ତି, ଅତିରିକ୍ତ ପୁଲିସ ମହାନିର୍ଦ୍ଦେଶକ ସୌମେନ୍ଦ୍ର ପ୍ରିୟଦର୍ଶୀ, ପୂର୍ବତନ ବିଧାୟକ ପ୍ରିୟଦର୍ଶୀ ମିଶ୍ର, ବିଧାୟକ ଆକାଶ ଦାସ ନାୟକ, ବିଧାୟିକା ସୋଫିଆ ଫିର୍ଦ୍ଦୋସ, ପୂର୍ବତନ ମନ୍ତ୍ରୀ ବିଜୟଲକ୍ଷ୍ମୀ ସାହୁ, ପୂର୍ବତନ ବିଧାୟକ ମହମ୍ମଦ ମୋକିମ୍, ପୂର୍ବତନ ବିଧାୟକ ପ୍ରଭାତ ରଞ୍ଜନ ବିଶ୍ୱାଳ, ରୋଜାଲିନ ପାଟଶାଣୀ ମିଶ୍ର, ବରିଷ୍ଠ ଆଡଭୋକେଟ ଧରଣୀଧର ନାୟକ, ବିଶିଷ୍ଟ ଶିକ୍ଷାବିତ ବିନୋଦ ଦାଶ, ଡ. ପ୍ରଭୁଚରଣ ମହାନ୍ତି, ପଣ୍ଡିତ ମାତୃପ୍ରସାଦ ମିଶ୍ର, ସମାଜସେବୀ ଡ.ରଞ୍ଜନ ବିଶ୍ୱାଳ, ପ୍ରଫେସର ଜୟନ୍ତ ପଣ୍ଡା, ସମାଜସେବୀ ନୟନ କିଶୋର ମହାନ୍ତିଙ୍କ ସମେତ ବିଭିନ୍ନ ଗଣମାଧ୍ୟମର ପଦାଧିକାରୀ ଓ ସାମ୍ବାଦିକ ଯୋଗଦେଇ ଡ. ସାହୁଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଏହି ଅବସରରେ 'ସ୍ମୃତିରେ ଶରତ' ପୁସ୍ତକକୁ ଅତିଥିମାନେ ଉନ୍ମୋଚନ କରିଥିଲେ।

ଶିଳ୍ପୋଦ୍ୟୋଗୀ ଶରତଙ୍କ ସ୍ମୃତିରେ ଆୟୋଜିତ ଭଜନ ସନ୍ଧ୍ୟା କାର୍ଯ୍ୟକ୍ରମରେ ବିଶିଷ୍ଟ କଣ୍ଠଶିଳ୍ପୀ ସୁବାସ ଦାସ, ରବୀନ୍ଦ୍ର ନାରାୟଣ ଦାସ, ପ୍ରିୟଙ୍କା ସ୍ୱାଇଁ, ନିଶିପ୍ରଭା ପାଣି, ବିଭୁ ନନ୍ଦ, ବିଚିତ୍ରାନନ୍ଦ ପଣ୍ଡା, ମାତୃଦାସ ପ୍ରମୁଖ ଭଜନ ପରିବେଷଣ କରିଥିଲେ। ମଧ୍ୟାହ୍ନରେ 'ରୁଚି' ପରିବାର ପକ୍ଷରୁ ଓସିଆ ମଣ୍ଡପରେ ଆୟୋଜିତ ସ୍ମୃତି ଶ୍ରଦ୍ଧାଞ୍ଜଳି କାର୍ଯ୍ୟକ୍ରମକୁ ମୁଖ୍ୟ ମହାପ୍ରବନ୍ଧକ ମହେନ୍ଦ୍ର ଷଡ଼ଙ୍ଗୀ ପ୍ରଦୀପ ପ୍ରଜ୍ୱଳନ ସହ ଶୁଭାରମ୍ଭ କରିଥିଲେ। ଡକ୍ଟର ସାହୁଙ୍କ ପୁତ୍ର ଅରବିନ୍ଦ ସାହୁ, ପୁତ୍ରବଧୂ ସଲିନା ସାହୁ, କନ୍ୟା ରଶ୍ମି ସାହୁ, ଜାମାତା ପ୍ରକାଶ କୁମାର ସାହୁ ପ୍ରମୁଖ ଅତିଥିଙ୍କୁ ସ୍ୱାଗତ କରିଥିଲେ। ଇଂ ସାତ୍ତ୍ୱିକ ସ୍ୱାଇଁ, ଉଲ୍ଲାସଚନ୍ଦ୍ର ବେଉରା, ଶୁଭେନ୍ଦୁ ଭୂୟାଁ, ଲକ୍ଷ୍ମୀଧର ସାହୁ, ସନ୍ତୋଷ ପାଢ଼ୀ, ଶ୍ରୀକାନ୍ତ ମହାପାତ୍ର, ଅକ୍ଷୟ ପଣ୍ଡା ସହଯୋଗ କରିଥିଲେ।

# ବଦଳିଲା ସବୁ ବ୍ୟାଙ୍କର ୱେବ୍‌ସାଇଟ୍ ଠିକଣା

**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ଦେଶର ସବୁ ପ୍ରମୁଖ ବ୍ୟାଙ୍କ ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ, ଆଇସିଆଇସିଆଇ ବ୍ୟାଙ୍କ, ଏଚଡିଏଫସି ବ୍ୟାଙ୍କ ଓ ଆକ୍ସିସ ବ୍ୟାଙ୍କ ନିଜ ଅଫିସିଆଲ୍ ୱେବସାଇଟକୁ ପୁରୁଣା 'ଡଟ୍‌କମ୍ କିମ୍ବା '.ଡଟ୍‌କୋଡଟ୍‌ଇନ୍' ଡୋମେନ୍‌ରୁ ବଦଳାଇ ଏବେ "ଡଟ୍‌ବ୍ୟାଙ୍କଡଟ୍‌ଇନ୍'କୁ ସ୍ଥାନାନ୍ତରିତ କରାଯାଇଛି। ଏହି ପଦକ୍ଷେପ ଭାରତୀୟ ରିଜର୍ଭ ବ୍ୟାଙ୍କର ନିର୍ଦ୍ଦେଶ ପରେ ନିଆଯାଇଛି।

**ନୂଆ ଡୋମେନ୍ 'ଡଟ୍‌ବ୍ୟାଙ୍କଡଟ୍‌ଇନ୍'**

ଏହାର ଉଦ୍ଦେଶ୍ୟ ଅନଲାଇନ୍ ବ୍ୟାଙ୍କିଂ ସୁରକ୍ଷାକୁ ମଜଭୁତ କରିବା ଓ ଗ୍ରାହକଙ୍କ ପ୍ରକୃତ ବ୍ୟାଙ୍କିଂ ୱେବସାଇଟ୍ ଯାଏ ସୁରକ୍ଷିତ ପହଞ୍ଚକୁ ସୁନିଶ୍ଚିତ କରିବା। ଆରବିଆଇ ସମସ୍ତ ବ୍ୟାଙ୍କକୁ ନିର୍ଦ୍ଦେଶ ଦେଇ ଅକ୍ଟୋବର ୩୧ ସୁଦ୍ଧା ନିଜ ଇଣ୍ଟରନେଟ୍ ବ୍ୟାଙ୍କିଙ୍ଗ ପୋର୍ଟାଲ୍ସକୁ ବିଶେଷ "ଡଟ୍‌ବ୍ୟାଙ୍କଡଟ୍‌ଇନ୍' ଡୋମେନକୁ ସ୍ଥାନାନ୍ତରିତ କରିବା ପାଇଁ କହିଥିଲା। ଏହି ପରିବର୍ତ୍ତନର ମୁଖ୍ୟ ଉଦ୍ଦେଶ୍ୟ ଫିସିଂ ଓ ଫେକ୍ ୱେବସାଇଟ୍ ଜାଲିଆତିକୁ ରୋକିବା। ସ୍କାମରମାନେ ପ୍ରକୃତ ବ୍ୟାଙ୍କର ୱେବସାଇଟ୍ ସହ ମେଳ ଖାଉଥିବା ଲିଙ୍କ୍ କରି ଗ୍ରାହକଙ୍କଠାରୁ ସେମାନଙ୍କ ବ୍ୟାଙ୍କିଙ୍ଗ ବିବରଣୀ ହାସଲ କରିଥାନ୍ତି। ମାଇଗ୍ରେସନର ସମୟସୀମା ପୂରଣ ହେବା ପରେ ଏବେ ଗ୍ରାହକଙ୍କୁ କେବଳ ଅଫିସିଆଲ୍ "ଡଟ୍‌ବ୍ୟାଙ୍କଡଟ୍‌ଇନ୍" ଡୋମେନ ସାଇଟ୍ ଉପରେ ଲଗ୍ ଇନ୍ କରିବାକୁ ପରାମର୍ଶ ଦିଆଯାଇଛି।

ସେକ୍ସ ରାକେଟ ଠାବ ଘଟଣା

# ରାଜଧାନୀରେ ମାଳମାଳ ସେକ୍ସ ରାକେଟ୍


- ହୋଟେଲର ନ ଥିଲା 'ସରାଇ' ରେଜିଷ୍ଟ୍ରେସନ
- କୋର୍ଟରେ ପୀଡ଼ିତାଙ୍କ ବୟାନ ରେକର୍ଡ
- ହୋଟେଲରେ ପୁଲିସର ଛାନଭିନ୍

**ଭୁବନେଶ୍ୱର, ୧୪।୧୧(ସମିସ):** ଦେହ ବ୍ୟବସାୟୀଙ୍କ ପାଇଁ ସୁରକ୍ଷିତ ସ୍ଥାନ ପାଲଟିଛି ରାଜଧାନୀ। ନାଁ ଅଛି ଚେକିଂ, ନାଁ ହେଉଛି ଛାନଭିନ। ବୁଧବାର ୟୁନିଟ୍ ୪ ହୋଟେଲ ଆରାଧ୍ୟା ରେସିଡେନ୍ସିରୁ ହୋଇଥିବା ସେକ୍ସ ରାକେଟ ଠାବ ହେବାପରେ ନୂଆ ନୂଆ କଥା ପଦାକୁ ଆସୁଛି। ସେକ୍ସ ରାକେଟର ମାଷ୍ଟରମାଇଣ୍ଡ ତଥା ଗିରଫ ହୋଇଥିବା ମହେନ୍ଦ୍ର ପାତ୍ର ପୂର୍ବରୁ ମଧ ସେହି ହୋଟେଲକୁ ଯାଇ ଆସ କରୁଥିବା ପ୍ରାଥମିକ ଅନୁସନ୍ଧାନରୁ ପୁଲିସ ଜାଣିବାକୁ ପାଇଛି। ଏଭଳି କଥା ଜଣାପଡ଼ିବା ପରେ ମହେନ୍ଦ୍ର ପୂର୍ବରୁ ମଧ ମାନବ ଚାଲାଣ ଓ ସେକ୍ସ ରାକେଟରେ ସମ୍ପୃକ୍ତ ଥିବା ପୁଲିସ ସନ୍ଦେହ କରୁଛି। ଗୁରୁବାର ହୋଟେଲକୁ ଯାଇ ଛାନଭିନ କରିବା ବେଳେ ପୁଲିସ ଆଶ୍ଚର୍ଯ୍ୟଜନକ କଥା ଜାଣିବାକୁ ପାଇଛି। ଦୀର୍ଘବର୍ଷ ଧରି ହୋଟେଲ ଚାଲିଥିଲେ ମଧ 'ସରାଇ' ଆପରେ ରେଜିଷ୍ଟ୍ରେସନ କରିନାହାନ୍ତି ମାଲିକ। ଏପରି ସ୍ଥଳେ ରାଜଧାନୀର ସୁରକ୍ଷା ବ୍ୟବସ୍ଥାକୁ ନେଇ ପ୍ରଶ୍ନ ଉଠିଛି।

**କାହିଁକି କରୁନାହାନ୍ତି ସରାଇ ପଞ୍ଜୀକରଣ**

ଭୁବନେଶ୍ୱରର ବିଭିନ୍ନ ହୋଟେଲରେ ରହୁଥିବା ବ୍ୟକ୍ତିଙ୍କ ତଥ୍ୟ ପାଇବା ପାଇଁ ୪ ବର୍ଷ ପୂର୍ବେ କମିସନରେଟ ପୁଲିସ ପକ୍ଷରୁ ସରାଇ ଆପ୍ ଲଞ୍ଚ୍ କରିଥିଲା। ଏହାକୁ ହୋଟେଲ, ଲଜ୍ ଓ ଗେଷ୍ଟହାଉସ୍ କର୍ତ୍ତୃପକ୍ଷ ଡାଉନ୍‌ଲୋଡ୍ କରିବେ ଓ ପ୍ରତ୍ୟେକ ଦିନ ପରିଚୟପତ୍ର ସହ ଗ୍ରାହକଙ୍କ ବିବରଣୀ ଦାଖଲ କରିବାର ନିୟମ ରହିଛି। କିନ୍ତୁ ରାଜଧାନୀରେ ଖୋଲିଥିବା ଅନେକ ହୋଟେଲ୍ ଏବଂ ଲଜ୍ କର୍ତ୍ତୃପକ୍ଷ ଏ ସରାଇ ଆପ୍‌ର ବ୍ୟବହାର କରୁ ନାହାନ୍ତି। ସେମାନଙ୍କ ମଧ୍ୟରୁ ଅନେକ ଆଦୌ ସରାଇ ଆପ୍ ବିଷୟରେ ଜାଣି ନ ଥିବା ବେଳେ ବାକି କିଛି ହୋଟେଲ୍ ଏବଂ ଲଜ୍ ମାଲିକ ଏହାର ଅପ୍‌ଲୋଡ୍ ବ୍ୟବସ୍ଥା ପ୍ରତି ଅଙ୍ଗୁଳି ଉଠାଇଛନ୍ତି। ଏଥିରେ ତଥ୍ୟ ଅପ୍‌ଲୋଡ୍ କରିବା ଜଟିଳ ହୋଇଥିବାରୁ ଅଧିକାଂଶ ହୋଟେଲ୍ ମାଲିକ ଏଥିରେ ତଥ୍ୟ ଦେଉ ନାହାନ୍ତି ବୋଲି ଅଭିଯୋଗ ହେଉଛି। ସେପଟେ ଦିଲ୍ଲୀ ବିସ୍ଫୋରଣ ପରେ ଓଡ଼ିଶା ସମେତ ବିଭିନ୍ନ ରାଜ୍ୟରେ ହାଇ ଆଲର୍ଟ ଜାରି କରାଯାଇଛି। ପୁଲିସ, ଗୁଇନ୍ଦା ଓ ଏନ୍‌ଆଇଏ ପକ୍ଷରୁ ବିଭିନ୍ନ ସ୍ଥାନରେ କଡ଼ା ନଜର ରଖାଯାଇଛି। ଏଭଳି ପରିସ୍ଥିତିରେ ରାଜଧାନୀର ଛାତି ଉପରେ ଥିବା ହୋଟେଲ ସରାଇ ଆପରେ ପଞ୍ଜୀକରଣ ନ କରିବା କମିସନରେଟ ପୁଲିସ ଉପରକୁ ଆଙ୍ଗୁଳି ଉଠାଇଛି।

ସୂଚନା ଅନୁସାରେ, ବରମୁଣ୍ଡାସ୍ଥିତ ଦାଦାଙ୍କ ଘରେ ରହୁଥିବା ଢେଙ୍କାନାଳ ଅଞ୍ଚଳର ନାବାଳିକା ଜଣେ ସ୍ତ୍ରୀ ଲୋକ ମାଧ୍ୟମରେ ମହେନ୍ଦ୍ରଙ୍କ ସହ ପରିଚିତ ହୋଇଥିଲେ। ମହେନ୍ଦ୍ର ତାଙ୍କୁ ଚାକିରି ଆଳ ଦେଖାଇ ମଙ୍ଗଳବାର ୟୁନିଟ୍ ୪ସ୍ଥିତ ହୋଟେଲ ଆରାଧ୍ୟା ରେସିଡେନ୍ସିକୁ ନେଇ ଆସିଥିଲା। କିଛି ସମୟ ପରେ ଆଉଜଣେ ବ୍ୟକ୍ତିଙ୍କୁ ଆଣି ନାବାଳିକା ସହ ଅନୈତିକ କାର୍ଯ୍ୟ କରିବାକୁ ବାଧ୍ୟ କରିଥିଲା। ନାବାଳିକା ଜଣକ ରାଜି ନ ହେବା ସହ ଘଟଣା ବିଷୟରେ ବନ୍ଧୁଙ୍କୁ ଜଣାଇଥିଲେ। ବନ୍ଧୁ ଜଣକ ପୁଲିସକୁ ଜଣାଇବା ପରେ ଖାରବେଳ ନଗର ଥାନା ହୋଟେଲରୁ ନାବାଳିକାଙ୍କୁ ଉଦ୍ଧାର କରିବା ସହ ପରବର୍ତ୍ତୀ ସମୟରେ ମହେନ୍ଦ୍ରକୁ ଗିରଫ କରିଥିଲା।



ଗତକାଲି ପୁଲିସ ନାବାଳିକାଙ୍କ ବୟାନ ରେକର୍ଡ କରିଥିବା ବେଳେ ଆଜି କୋର୍ଟରେ ତାଙ୍କର ବୟାନ ରେକର୍ଡ କରାଯାଇଛି। ଭାରତୀୟ ନାଗରିକ ସୁରକ୍ଷା ସଂହିତା ଧାରା ୧୮୩ ଆଧାରରେ କୋର୍ଟରେ ମାଜିଷ୍ଟ୍ରେଟ ନାବାଳିକାଙ୍କ ବୟାନ ରେକର୍ଡ କରିଛନ୍ତି। ସେ କେଉଁଠାରୁ ରହୁଥିଲେ, କିପରି ମହେନ୍ଦ୍ର ସହ ପରିଚୟ ହେଲା, କେଉଁ ଉଦ୍ଦେଶ୍ୟରେ ମହେନ୍ଦ୍ର ତାଙ୍କୁ ହୋଟେଲକୁ ଆଣିଥିଲା ଓ ଆଣିବା ପରେ କଣ କରିବାକୁ ଚାପ ପକାଉଥିଲା, ନାବାଳିକା ତାଙ୍କ ବୟାନରେ କହିଛନ୍ତି। ଖାରବେଳ ନଗର ଥାନା ପୁଲିସ ହୋଟେଲ ଆରାଧ୍ୟା ରେସିଡେନ୍ସିକୁ ଯାଇ ତଦନ୍ତ କରିଛି। ହୋଟେଲର ଓୟୋ ପଞ୍ଜୀକରଣ, ବିଏମସି ଅନୁମତି ଅଛି କି ନାହିଁ, ସେନେଇ ଖୋଳତାଡ଼ କରିଛି। ଏଥିସହିତ ହୋଟେଲ କର୍ତ୍ତୃପକ୍ଷଙ୍କୁ ତତ୍ ସମ୍ବନ୍ଧୀୟ କାଗଜପତ୍ର ମଗାଯାଇଛି। ହୋଟେଲର ଭିଜିଟର୍ ରେଜିଷ୍ଟ୍ରେସନ ଯାଞ୍ଚ କରିଛି ପୁଲିସ। ନାବାଳିକା ହୋଟେଲକୁ ଆସିବା ସମୟରେ ତାହା ରେଜିଷ୍ଟରରେ ଉଲ୍ଲେଖ ହୋଇଥିଲା କି ନାହିଁ ଖୋଳତାଡ଼ କରିଛି। ରେଜିଷ୍ଟର ଯାଞ୍ଚ ସମୟରେ ଚାଞ୍ଚଲ୍ୟ କର କଥା ପୁଲିସ ଜାଣିବାକୁ ପାଇଛି। ହୋଟେଲଟି ସରାଇ ଆପରେ ରେଜିଷ୍ଟ୍ରେସନ ହୋଇ ନ ଥିବା ଜଣାପଡ଼ିଛି। ଅପରାଧୀମାନେ ରାଜଧାନୀର ବିଭିନ୍ନ ହୋଟେଲ, ଲଜ୍, ଗେଷ୍ଟହାଉସରେ ରହି ସହରରେ ଲୁଟ୍, ଛିନତାଇ, ହତ୍ୟାକାଣ୍ଡ ଭଳି ଅପରାଧ ଘଟାଉଛନ୍ତି। ହୋଟେଲ ରହୁଥିବା ଅତିଥିଙ୍କ ତଥ୍ୟ ପୁଲିସ ପାଖରେ ରହୁ ନ ଥିବାରୁ ସେମାନେ ସହଜରେ ଅପରାଧ ଘଟାଇ ଅନାୟାସରେ ଖସି ଯାଉଛନ୍ତି।

- ମାମଲା ରୁଜୁର ୪୩ ବର୍ଷ ପରେ ଆସିଲା ରାୟ

# ଭୂମି ଅଧିଗ୍ରହଣ ଅଧିକାରୀଙ୍କ ଆବେଦନ ହାଇକୋର୍ଟରେ ଖାରଜ

**କଟକ, ୧୪।୧୧(ସମିସ):** ମାମଲା ରୁଜୁ ହେବାର ଦୀର୍ଘ ୪୩ବର୍ଷ ପରେ ହାଇକୋର୍ଟ ଏହାର ଫଇସଲା କରି ରାୟ ଶୁଣାଇଛନ୍ତି। ଜମି ଅଧିଗ୍ରହଣ ବିବାଦ ସମ୍ପର୍କିତ ଏକ ମାମଲାରେ ୧୯୮୨ ମସିହା ମାର୍ଚ୍ଚ ୪ରେ ବରଗଡ଼ ସବ୍-ଜଜ୍ ଅଦାଲତ ପ୍ରଦାନ କରିଥିବା ରାୟ ବିରୋଧରେ ରୁଜୁ ଆବେଦନକୁ ହାଇକୋର୍ଟ ଆଜି ଖାରଜ କରି ରାୟ ପ୍ରକାଶ କରିଛନ୍ତି। ସେହି ସମୟରେ ସମ୍ବଲପୁର ଭୂମି ଅଧିଗ୍ରହଣ ଅଧିକାରୀଙ୍କ ଆବେଦନର ଶୁଣାଣି କରି ଜଷ୍ଟିସ ବି.ପି.ରାଉତରାୟ ଏପରି ରାୟ ପ୍ରଦାନ କରିଛନ୍ତି। ନିମ୍ନ ଅଦାଲତଙ୍କ ରାୟରେ ହସ୍ତକ୍ଷେପ କରିବାକୁ ହାଇକୋର୍ଟ ମନା କରିବା ସହିତ ସମ୍ବଲପୁର ଭୂମି ଅଧିଗ୍ରହଣ ଅଧିକାରୀଙ୍କ ଆବେଦନ (ପ୍ରଥମ ଅପିଲ)କୁ ଖାରଜ କରିଛନ୍ତି।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେଇପାରେ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟାର ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ।

**ମକର:** ସମୟର ସଠିକ ଉପଯୋଗ କରିବେ। ସମ୍ପର୍କୀୟଙ୍କ ସହଯୋଗ ମିଳିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।

**କୁମ୍ଭ:** ଦୀର୍ଘଦିନର ଆଶା ପୂରଣ ହେବ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହି ପାରନ୍ତି। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ।

## ଆଜିର ଇତିହାସ

- ୧୮୩୦-ସମାଜ ସଂସ୍କାରକ ରାଜା ରାମମୋହନ ରାୟଙ୍କ ବିଲାତ ଯାତ୍ରା।
- ୧୯୨୦- ଜେନିଭାରେ ଲିଗ୍ ଅଫ୍ ନେସନ୍‌ର ପ୍ରଥମ ବୈଠକ ଆରମ୍ଭ।
- ୧୯୬୧- ମିଳିତ ଜାତିସଂଘ ପରମାଣୁ ଅସ୍ତ୍ରଶସ୍ତ୍ର ଉପରେ ପ୍ରତିବନ୍ଧକ ଲଗାଇଲା।
- ୧୯୭୧- ଇଣ୍ଟେଲ୍ ବିଶ୍ୱର ପ୍ରଥମ ମାଇକ୍ରୋପ୍ରୋସେସର୍ ଇଣ୍ଟେଲ୍ ୪୦୦୪ ଲଞ୍ଚ୍ କଲା।
- ୨୦୦୦- ଝାଡ଼ଖଣ୍ଡ ଭାରତର ୨୮ ତମ ରାଜ୍ୟ ହେଲା।
- ୨୦୦୭- ଚିଲିରେ ୭.୭ ତୀବ୍ରତାର ଭୂମିକମ୍ପ ଆସିଥିଲା।

## ବିରଳ ବେଙ୍ଗ: ପାଟିରେ ଦେଖେ ଦୁନିଆ




କାନାଡ଼ାର ଓଣ୍ଟାରିଓ ଅନ୍ତର୍ଗତ ବର୍ଲିଂଟନ୍‌ରେ ଏକ ବିରଳ ପ୍ରଜାତିର ବେଙ୍ଗର ସନ୍ଧାନ ମିଳିଛି। ସାଧାରଣ ବେଙ୍ଗର ଆଖି ମୁହଁ ଉପରେ ଥିବାବେଳେ ଏହାର ଆଖି ପାଟି ଭିତରେ ରହିଛି। ବୈଜ୍ଞାନିକମାନେ ଏହାର ନାଁ ଦେଇଛନ୍ତି 'ଇଣ୍ଡୋସ୍କୋପିକ୍ଟିଭ ଫ୍ରଗ୍'। କାରଣ ଏହି ବେଙ୍ଗକୁ ଦୁନିଆ ଦେଖିବାକୁ ତା'ର ପାଟି ଖୋଲିବାକୁ ପଡ଼ିଥାଏ। ପାଟି ଭିତରେ ଆଖି ରହିବା କାରଣ ଜେନେଟିକ୍ ମ୍ୟୁଟେଶନ। ଘଟଣାକ୍ରମେ ଓଣ୍ଟାରିଓର ଜଣେ ହାଇସ୍କୁଲ ଛାତ୍ର ଡିଡ୍ରେ ଘର ଅଗଣାରେ ଖେଳୁଥିଲେ। ଏହି ସମୟରେ ସେ ଏକ ବିଚିତ୍ର ବେଙ୍ଗକୁ ଦେଖିଥିଲେ। ତାଙ୍କୁ ଲାଗିଥିଲା ବେଙ୍ଗଟି ଆଖି ବନ୍ଦ କରି ଶୋଇଛି। ହେଲେ ବେଙ୍ଗଟିକୁ ଧରିବାବେଳେ ସେ ପାଟି ଖୋଲିଥିଲା। ବେଙ୍ଗର ଆଖି ତା'ର ପାଟି ଭିତରେ ଥିବା ଦେଖି ଡିଡ୍ରେ ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ତେଣୁ ସେ ଏହି ବେଙ୍ଗକୁ ନେଇ ଘରେ ରଖିଥିଲେ। ଏହାର ନାଁ ଦେଇଥିଲେ 'ଗୋଲମ'। ଏହା ସହିତ ସେ ସାମ୍ବାଦିକ ସ୍କଟ୍ ଗାର୍ଡନରଙ୍କୁ ଫୋନ୍ କରି ବେଙ୍ଗଟି ବିଷୟରେ କହିଥିଲେ। ସ୍କଟ୍ ବେଙ୍ଗର କଳା ଧଳା ଫଟୋ ଉଠାଇ ଥିଲେ। ଫଟୋରେ ବେଙ୍ଗର ମୁହଁ ଖୋଲାଥିଲା। ଗାର୍ଡନରଙ୍କ କହିବାନୁସାରେ, ଏହି ବେଙ୍ଗଟି ସାମାନ୍ୟ ଦେଖାଯାଉଥିଲେ ହେଁ, ଏହା ଆଖି ଖୋଲିଲେ ଭୟାନକ ଲାଗିଥାଏ। ବୈଜ୍ଞାନିକଙ୍କ କହିବା ଅନୁସାରେ, ଏହା ମ୍ୟାକ୍ରୋମ୍ୟୁଟେସନ ଅଟେ। ସାଧାରଣତଃ ବେଙ୍ଗ ଭ୍ରୁଣରେ ଆଖି ମୁଣ୍ଡ ଉପରେ ବିକଶିତ ହୁଏ। ଆଖି ଡୋଳା ବାହାରକୁ ଆସିଥାଏ। ହେଲେ ଗୋଲମର ବିକାଶ ପ୍ରକ୍ରିୟା ବାଧାପ୍ରାପ୍ତ ହୋଇଯାଇ ଥାଇପାରେ। ଟରୋଣ୍ଟୋ ବିଶ୍ୱବିଦ୍ୟାଳୟର ପ୍ରଫେସର ଜେମ୍ସ ବୋଗର୍ଟ ଏହି ମାମଲାର ଯାଞ୍ଚ କରିଥିଲେ। ତାଙ୍କ କହିବାନୁସାରେ, 'ବେଙ୍ଗ ପାଟି ଭିତରେ ଆଖି ରହିବା ଜିନ୍ ନିୟନ୍ତ୍ରଣରେ ବ୍ୟାହତ କିମ୍ବା ପରିବେଶ ପ୍ରଦୂଷଣର ମଧ୍ୟ କାରଣ ହୋଇପାରେ। ଗୋଲମ୍ କ୍ଷେତ୍ରରେ କିନ୍ତୁ ଏହା ଜନ୍ମଜାତ।'

## ପ୍ରଥମ ଥର ଏକାଠି ଆସିବେ ଶ୍ରଦ୍ଧା-ରଣଦୀପ



ବଲିଉଡ୍ ଅଭିନେତ୍ରୀ ଶ୍ରଦ୍ଧା କପୁର ବହୁତ ଦେଖିଚାହିଁ ଫିଲ୍ମ ସାଇନ୍ କରନ୍ତି। 'ସ୍ତ୍ରୀ ୨'ର ଜବରଦସ୍ତ ସଫଳତା ପରେ ଏବେ ସେ 'ଇଥା' ଫିଲ୍ମରେ ଲିଡ୍ ରୋଲରେ ନଜର ଆସିବେ। 'ଛାବା' ଭଳି ବ୍ଲକ୍‌ବଷ୍ଟର ଫିଲ୍ମ ଦେଇଥିବା ଲକ୍ଷ୍ମଣ ଉତେକର ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଅଛନ୍ତି। ଏଥିରେ ଶ୍ରଦ୍ଧା କପୁରଙ୍କ ବିପକ୍ଷରେ ରଣଦୀପ ହୁଡା ଦେଖାଯିବେ। ପ୍ରଥମ ଥର ପାଇଁ ରଣଦୀପ ଓ ଶ୍ରଦ୍ଧା ଏକାଠି ବଡ଼ ପରଦାରେ ନଜର ଆସିବେ। ଏଇ ମାସ ଶେଷ ଆଡ଼କୁ ଏହାର ସୁଟିଂ ମୁମ୍ବାଇରୁ ଆରମ୍ଭ ହେବ। 'ଇଥା' ପ୍ରସିଦ୍ଧ ଲାବଣୀ ତଥା ତମାଶା କଳାକାର ବିଠାବାଈ ନାରାୟଣ ଗାଓଁଙ୍କର ବାୟୋପିକ୍ ହେବ। ଏଥିପାଇଁ ଶ୍ରଦ୍ଧା ଏବେ ଲାବଣୀ ନୃତ୍ୟ ଶିଖୁଛନ୍ତି। ଏଯାବତ୍ ଏହି ଫିଲ୍ମର ରିଲିଜ୍ ଡେଟ୍ ସାମ୍ନାକୁ ଆସିନାହିଁ।

## ଆଜି ଆସିଥିଲେ: ବିପ୍ଳବୀ ବିର୍ସା ମୁଣ୍ଡା



ବିର୍ସା ମୁଣ୍ଡା ଭାରତର ଜଣେ ଦେଶପ୍ରେମୀ ସଂଗ୍ରାମୀ ଭାବରେ ଇତିହାସରେ ବିଖ୍ୟାତ। ୧୮୭୫ ମସିହା ଆଜିର ଦିନରେ ସେ ଅଧୁନା ଝାଡ଼ଖଣ୍ଡ ରାଜ୍ୟର ଖୁଣ୍ଟି ଜିଲ୍ଲା ଉଲିହାତୁ ଗ୍ରାମରେ ଜନ୍ମଗ୍ରହଣ କରିଥିଲେ। ତାଙ୍କର ବାଲ୍ୟଶିକ୍ଷା ସାଲଗାଠାରେ ଆରମ୍ଭ ହୋଇଥିଲା। ଚାଇଁବସା ମିଶନ୍ ସ୍କୁଲରେ ପଢୁଥିଲାବେଳେ ଗୋରା ପ୍ରଧାନଶିକ୍ଷକ ଆକ୍ରୋଶମୂଳକ ଭାବେ ବିର୍ସାଙ୍କୁ ଚାବୁକରେ ମାଡ଼ ମାରିଥିଲେ ଓ ସ୍କୁଲରୁ ବହିଷ୍କାର କରି ଦେଇଥିଲେ। ସେବେଠାରୁ ପାଠପଢ଼ା ଛାଡ଼ି ବ୍ରିଟିଶ୍ ଶାସନରୁ ଓଡ଼ିଶାକୁ ମୁକ୍ତ କରିବାକୁ ସେ ଲାଗିପଡ଼ିଥିଲେ। ଏଥିପାଇଁ ସ୍ଥାନୀୟ ଆଦିବାସୀଙ୍କୁ ସେ ଏକାଠି କରିଥିଲେ। ସେବକପଟ୍ଟା ନ ଲେଖିବା, ଖଜଣା ନ ଦେବା ଏବଂ ବନ୍ଧୁକ ମୁନକୁ ଡରି ଧର୍ମ ପରିବର୍ତ୍ତନ ନ କରିବାକୁ ସେ ଆଦିବାସୀମାନଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରୁଥିଲେ। ତାଙ୍କ ନେତୃତ୍ୱରେ ଆଦିବାସୀମାନେ ଏକତ୍ରିତ ହୋଇ ଇଂରେଜମାନଙ୍କ ବିରୁଦ୍ଧରେ ସଶସ୍ତ୍ର ବିପ୍ଳବ କରିବା ପାଇଁ ଆଗଭର ହେବାର ଦେଖି ଇଂରେଜ ଶାସକ ପ୍ରମାଦ ଗଣିଲେ। ୧୮୯୫ ମସିହା ଅଗଷ୍ଟ ୧୬ ଦିନ ଇଂରେଜ ସିପାହୀ ବିର୍ସା ମୁଣ୍ଡାଙ୍କ ସମେତ ତାଙ୍କର ୧୫ ଜଣ ସାଥିଙ୍କୁ ଗିରଫ କରିଥିଲେ। ଦେଶଦ୍ରୋହ ଅପରାଧରେ ତାଙ୍କୁ ଦୁଇବର୍ଷ କାରାଦଣ୍ଡ ଦିଆଗଲା। ଏଥିପାଇଁ ତାଙ୍କୁ ରାଞ୍ଚି ଜେଲ୍‌କୁ ପଠାଇ ଦିଆଗଲା। ମହାରାଣୀ ଭିକ୍ଟୋରିଆଙ୍କ ସୁବର୍ଣ୍ଣ ଜୟନ୍ତୀ ପାଳନ ଅବସରରେ ଅନେକ କଏଦୀଙ୍କୁ ମୁକ୍ତ କରି ଦିଆଯାଇଥିଲା। ଏମିତିରେ ବିର୍ସା ଓ ତାଙ୍କର ସହକର୍ମୀମାନେ ମଧ୍ୟ ମୁକ୍ତି ପାଇ ଯାଇଥିଲେ। ତାଙ୍କ ଆହ୍ୱାନରେ ଶହ ଶହ ଯୁବକ ନିଜ ମାତୃଭୂମିକୁ ବିଦେଶୀ ଶାସନ କବଳରୁ ମୁକ୍ତ କରିବାପାଇଁ ଶପଥ ନେଲେ। ସେମାନେ ୧୮୯୯ ମସିହା ଡିସେମ୍ବର ୯ ତାରିଖ ଦିନ ନିଆଁହୁଳା, ଧନୁତୀର ଓ ବର୍ଚ୍ଛା ଧରି ଗୋରାମାନଙ୍କର ବାସଭବନ ଓ ଅଫିସ୍‌ରେ ନିଆଁ ଲଗାଇଦେଲେ। ରାଞ୍ଚି ବିଚାରାଳୟ ଆକ୍ରମଣ କରୁଥିବା ସମୟରେ ସେମାନଙ୍କ ଭିତରୁ ୧୨ଜଣ ଶହୀଦ ହୋଇଥିଲେ। ବ୍ରିଟିଶ୍ ସରକାର ବିର୍ସାଙ୍କୁ ଧରାଇଦେଲେ ପାଞ୍ଚଶହ ଟଙ୍କା ପୁରସ୍କାର ମିଳିବ ବୋଲି ଘୋଷଣା କରିଥିଲେ। ତାଙ୍କର ସନ୍ଧାନ ନେବାପାଇଁ କନେଷ୍ଟବଳ ବୁଦ୍ଧୁରାମ ଓ ଜୟରାମଙ୍କୁ ଇଟିକା ଗ୍ରାମକୁ ପଠାଗଲା। ବିର୍ସାଙ୍କର ମୁଖ୍ୟ ସହକର୍ମୀ ଗୟା ମୁଣ୍ଡା ଅନ୍ୟ ଗ୍ରାମବାସୀଙ୍କ ସହାୟତାରେ ୧୯୦୦ ମସିହା ଜାନୁଆରୀ ୧୫ ତାରିଖରେ ଦୁଇଜଣ କନେଷ୍ଟବଳଙ୍କୁ ହତ୍ୟା କରିଥିଲେ। ଏହାର ପ୍ରତିଶୋଧ ନେଇ ମିଃ ଷ୍ଟ୍ରିଟ୍ ଫିଲ୍ଡ ସଶସ୍ତ୍ର ପୋଲିସ୍ ବାହିନୀ ସହାୟତାରେ ଗୟା ମୁଣ୍ଡାଙ୍କୁ ଗିରଫ କରିବା ସମୟରେ ସେମାନଙ୍କ ଭୀଷଣ ଅସ୍ତ୍ରାଘାତରେ ସେ ମୃତ୍ୟୁବରଣ କରିଥିଲେ। ଏହା ପରେ ବିର୍ସାଙ୍କ ନେତୃତ୍ୱରେ ଗ୍ରାମବାସୀମାନେ ଦମନଲୀଳାର ମୁଖ୍ୟକେନ୍ଦ୍ର ଖୁଣ୍ଟିଥାନାରେ ନିଆଁ ଲଗାଇଦେଲେ, କନେଷ୍ଟବଳ ରଘୁରାମକୁ ହତ୍ୟାକଲେ ଓ ଅନ୍ୟ ପୁଲିସ୍‌ମାନଙ୍କୁ ଥାନା ଛାଡ଼ି ଚାଲିଯିବାକୁ ଧମକ ଦେଲେ। ଏହାର ଜବାବରେ ୩୦୦ ଫୁଟ ଉଚ୍ଚା ଡୋମ୍ବରି ପାହାଡ଼, ଯେଉଁଠି ବିର୍ସା ଓ ତାଙ୍କ ସହକର୍ମୀ ନରସିଂହ ଅନ୍ୟ ସଂଗ୍ରାମୀମାନଙ୍କୁ ଉଦ୍‌ବୋଧନ ଦେଉଥିଲେ, ତାକୁ ଘେରିଗଲେ ଓ ଆତ୍ମସମର୍ପଣ କରିବାପାଇଁ ଘୋଷଣା କଲେ। ବିଦ୍ରୋହୀମାନେ ଏଥିରେ ରାଜି ନ ହୋଇ ପାହାଡ଼ ଉପରୁ ଧନୁତୀର, ବର୍ଚ୍ଛା ଓ ପଥରଦ୍ୱାରା ଇଂରେଜମାନଙ୍କ ଉପରେ ଆକ୍ରମଣ ଆରମ୍ଭ କରିଦେଲେ। ଏହାର ଜବାବରେ ଇଂରେଜମାନଙ୍କ ତରଫରୁ ଗୁଳିଗୋଳା ମାଡ଼ରେ ନରସିଂହ ମୁଣ୍ଡାଙ୍କ ସମେତ ଦୁଇଶହ ବିଦ୍ରୋହୀ ଶହୀଦ୍ ହୋଇ ଯାଇଥିଲେ। ବିର୍ସା ଅଳ୍ପକେ ବଞ୍ଚିଯାଇ ଆତ୍ମଗୋପନ ପାଇଁ ଚକ୍ରଧରପୁର ଜଙ୍ଗଲକୁ ଚାଲିଗଲେ। କେତେଜଣ ବିଶ୍ୱାସଘାତକଙ୍କ ପାଇଁ ୧୯୦୦ ମସିହା ମାର୍ଚ୍ଚ ୩ ତାରିଖରେ ଇଂରେଜ ସରକାର ତାଙ୍କୁ ଗିରଫକରି ରାଞ୍ଚି ଜେଲ୍‌କୁ ପଠାଇ ଦେଲେ। ତାଙ୍କ ପାଦରେ କଡ଼ା ପିନ୍ଧାଇ ଦିଆଯାଇଥିଲା, ଅନେକ ପ୍ରକାରର ନିର୍ଯାତନା ଦିଆଯାଉଥିଲା ଓ ତାଙ୍କ ଖାଦ୍ୟରେ ବିଷ ମିଶାଇ ଦିଆଯାଇଥିଲା। ମାତ୍ର ପଚିଶ ବର୍ଷ ବୟସ୍କ ବିଦ୍ରୋହୀ ବିର୍ସା ରାଞ୍ଚି ଜେଲ୍‌ରେ ୧୯୦୦ ମସିହା ଜୁନ୍ ୯ ତାରିଖ ଦିନ ଶେଷନିଃଶ୍ୱାସ ତ୍ୟାଗକଲେ। ବିର୍ସା ମୁଣ୍ଡା ଭାରତୀୟ ସ୍ୱାଧୀନତା ସଂଗ୍ରାମର ଜଣେ ଅଗ୍ରଗଣ୍ୟ ସଂଗ୍ରାମୀ ଯାହାଙ୍କର ସାହସ ଓ ବଳିଦାନ ହଜାର ହଜାର ଭାରତୀୟଙ୍କୁ ଅନୁପ୍ରାଣିତ କରିଥିଲା।

## ପ୍ରହେଳିକା



- ସାଗର ଦୁଲଣୀ ନାମେ ବିଖ୍ୟାତ
ତାଙ୍କ ଯୋଗୁଁ ମିଳେ ଧନ ସମ୍ପଦ
କଳା ସାଆନ୍ତଙ୍କ ସେ ପାଟରାଣୀ
ଦୀନ ଦରିଦ୍ରକୁ କରନ୍ତି ଧନୀ
ସ୍ୱଚ୍ଛତା ପରଖି ସିଏ
ମାଣବସା ଦିନ ଗୃହେ ବିରାଜନ୍ତି
କୁହ ତାଙ୍କ ନାମ କିଏ।

ଉତ୍ତର-ଲକ୍ଷ୍ମୀ ମାତା

- ମଗୁଶୁର ମାସ ଗୁରୁବାରରେ
ସଭିଏଁ ପାଳନ୍ତି ସେ ପର୍ବ ଘରେ
ଘରଦ୍ୱାର ଖଳା ଝୋଟିରେ ହସେ
ଧୂପ ନୈବେଦ୍ୟର ମହକ ଆସେ
ଖଟୁଲିରେ ଶୋହେ ଧାନର ବେଣି
ପୂଜନ୍ତି ଭକ୍ତିରେ ସର୍ବ ଗୃହିଣୀ
ପର୍ବ ମଧ୍ୟେ ସିଏ ସାର
ଶଙ୍ଖ ହୁଳହୁଳି ଉଛୁଳି ପଡ଼ଇ
କୁହ ଦେଖି ନାମ ତା'ର।

ଉତ୍ତର-ମାଣବସା ପର୍ବ

- ମାଣବସା ପର୍ବ ଯେବେ ଆସଇ
ଏ ପିଠା ମାତାଙ୍କୁ ଭୋଗ ଲାଗଇ
ଚାଉଳ ଚୂନାରେ ହୁଏ ତିଆରି
ଛେନା ନଡ଼ିଆର ପୁରରେ ଭରି
ହାତକୁ ଲାଗଇ ଭାରି କୋମଳ
ଖାଇବାକୁ ହୁଏ ମନ ବ୍ୟାକୁଳ
ଅଥାରରେ ସିଝା ହୁଏ
ଦେଖିବାକୁ ସିଏ ଧଳା ଫରଫର
କୁହ ତା'ର ନାମ କିଏ।

ଉତ୍ତର-ମଣ୍ଡାପିଠା

ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା, ଜଗତସିଂହପୁର
ମୋ-୭୩୫୫୭୩୪୩୪୬

## ଆସିଛି ଶୀତ ଶୁଭୁଚି ଗୀତ



ପ୍ରଶାନ୍ତ କୁମାର ଦାଶ

ଆସିଛି ଶୀତ ଶୁଭୁଚି ଗୀତ
ରାତିଟା ଗଲେ ପାହି
ସକାଳ ହେଲେ ଖରା ପଡ଼ିଲେ
ଝଲସେ ଗାଆଁ ସାହି ॥
ସବୁରି ଓଠେ ଭରିବ ହସ
ପଳାଇ ଯିବ ଦୁଃଖ
ଶୀତଟି ସିନା ଥରାଏ ଦେହ
ବାଣ୍ଟୁଥାଏ ସେ ସୁଖ ॥
ଦିନ ଛୁଟିବ ଘୋଡ଼ାଟି ପରି
ରାତି ହୋଇବ ବଡ଼
ନ ଡରି ଶୀତ ଶିଶିର ଦାଉ
ଫୁଟିବ ଗଛେ କଢ଼ ॥
ଚାଷୀ ଦେଖିବ ସୁନା ସପନ
ନରମ ଶେଯେ ଶୋଇ
ସକାଳୁ ସଞ୍ଜ କ୍ଷେତରେ ଚାରା
କେତେ ସେ ଦେବ ରୋଇ ॥
ଶୀତ ଋତୁ ତ ଅମଳ ଋତୁ
ନାନା ଫସଲ ମିଳେ
ରହିବ ନାହିଁ ଦୁଃଖ ଅଭାବ
ଚାଷୀ ଭାଇର ତିଳେ ॥
ଓଷା ପରବ ଗେଲ ଗରବ
ଶୀତ ସଭିଙ୍କୁ ଦେବ
ସୁନ୍ଦର କରି ସରସ ଧରା
ଶେଷେ ମେଲାଣି ନେବ ॥

କୁଞ୍ଜର –ସଙ୍ଗକାଇ, ପୁରୀ
ମୋ-୯୬୭୮୮୨୨୧୯୦

## ଶୀତ ଗୀତଗାଏ



ରମାକାନ୍ତ ଦାସ

ଶୀତ ଗୀତଗାଏ
କୁହୁଡ଼ି ଖରାରେ
ଶୀତଳ ପବନ ଦେଇ
ଶୀତ ଗୀତଗାଏ
ଗଙ୍ଗଶିଉଳିର
ମଧୁର ମହକେ
ଚଉଦିଗ ମହକାଇ ॥
ଶୀତ ଗୀତଗାଏ
ଧାନ କିଆରିରେ
ଶିଶିର ମୁକୁତା ଥୋଇ
ଶୀତ ଗୀତଗାଏ
ଘର ଅଗଣାରେ
ଦେହକୁ ଦିଏ ଥରାଇ ॥
ଶୀତ ଗୀତଗାଏ
କୁହୁଡ଼ି ଚାଦରେ
ପତରୁ ଝରଇ
ମୁକୁତା ବିନ୍ଦୁ
ଶୀତ ଗୀତଗାଏ
ବରଫ କଣାରେ
ସଜାଇ ତଟିନୀ ସିନ୍ଧୁ ॥
ଶୀତ ଗୀତଗାଏ
ବାଡ଼ି ବଗିଚାରେ
ସୋରିଷ ଫୁଲ ମହକଇ
ଶୀତ ଗୀତଗାଏ
ପୋଖରୀ ତୁଠରେ
ଶୀତଳ ପବନ ଯାଏ ବହି ॥
ଶୀତ ଗୀତଗାଏ
ଘାସ ଗାଲିଚାରେ
କୁହୁଡ଼ିର ଆସ୍ତରଣେ
ଶୀତ ଗୀତଗାଏ
ଗାଆଁ ଗଛମାଳେ
ସୁରୁଜ ଆଲୋକ ବୁଣେ ॥

ନନ୍ଦିଗ୍ରାମ, ନାଉଗାଁ,
ଜଗତସିଂହପୁର
ମୋ - ୯୬୭୮୮୧୫୩୬୯

## ସୁମନ



ସୁବ୍ରତ ଦାସ


## ଶତ୍ରୁତା ହାର ମାନିଲା





ଜଙ୍ଗଲରେ ହାତୀ ରଜା ହେବା ପରେ ସିଂହର କ୍ରୋଧ ବଢ଼ି ଯାଇଥିଲା। ଯେଉଁମାନେ ହାତୀ ସପକ୍ଷରେ ମତ ଦେଇଥିଲେ, ସିଂହ ସେମାନଙ୍କ ଉପରେ ପ୍ରତିଶୋଧ ନେବା ପାଇଁ ସ୍ଥିର କରିଥିଲା। ସେଥିପାଇଁ ସିଂହ ତା'ର ସମର୍ଥକମାନଙ୍କୁ ଡାକି ହାତୀର ଆଦେଶ ନ ମାନିବାକୁ ପରାମର୍ଶ ଦେଇଥିଲା। ଯେପରି ପୂର୍ବରୁ ଜଙ୍ଗଲରେ ନିଜ ଇଚ୍ଛାରେ ଶିକାର କରୁଥିଲା, ସେପରି କରିବା ପାଇଁ ମତାଉଥିଲା। ଯିଏ ପ୍ରତିବାଦ କରିବ, ତାକୁ ଦଳବଦ୍ଧ ଭାବେ ମିଶି ଆକ୍ରମଣ କରିବେ ବୋଲି ସିଂହ ଚେତାବନୀ ଦେଇଥିଲା। ସିଂହର ସମର୍ଥକମାନେ ତାକୁ ବିଶ୍ୱାସ କରି ହଁ ମାରିଥିଲେ। ଏମିତି କିଛିଦିନ ବିତିଗଲା। ଅନେକ ସମୟରେ ସିଂହ ନିରୀହ ପଶୁପକ୍ଷୀମାନଙ୍କୁ ଶିକାର କରିବା ପାଇଁ ଧମକ ଦେଲା, ଭୟ ଦେଖାଇଲା। ନିରୀହ ଜୀବଜନ୍ତୁମାନେ ଡରି ହାତୀ ପାଖରେ ପହଞ୍ଚି ଅଭିଯୋଗ କଲେ। ହାତୀ ସମସ୍ତଙ୍କ କଥା ଶୁଣିଲା। ଧୀର ଭାବରେ ହାତୀ ବୁଝାଇଲା; ଧୈର୍ଯ୍ୟ ଧର, ସମୟ ଆସିବ ; ସିଂହର କ୍ରୋଧ ଶାନ୍ତ ହୋଇଯିବ। ସମସ୍ତେ ହାତୀ ଉପରେ ବିଶ୍ୱାସ ରଖି ଜଙ୍ଗଲ ଭିତରକୁ ଚାଲିଗଲେ। ହାତୀ ଖୁବ୍ ଧୈର୍ଯ୍ୟବାନ ଥିଲା। ସମସ୍ତଙ୍କର ଭଲ, ମନ୍ଦ, ଅସୁବିଧା ସମୟରେ ପହଞ୍ଚି ସାହାଯ୍ୟ ସହଯୋଗ କରେ ବୋଲି ଜଙ୍ଗଲର ସବୁ ପଶୁପକ୍ଷୀମାନେ ତାକୁ ଖୁବ୍ ଆଦର କରନ୍ତି। ସେଥିପାଇଁ ତାଙ୍କୁ ଜଙ୍ଗଲର ରଜା ମଧ୍ୟ କରିଛନ୍ତି। ଦିନେ କ୍ରୋଧୀ ସିଂହଟି ତା'ର ଶାବକକୁ ନେଇ ଜଙ୍ଗଲର ଶେଷ ଭାଗ ଆଡ଼କୁ ଶିକାର କରିବା ପାଇଁ ଯାଇଥାଏ। ସିଂହ ସାଙ୍ଗରେ ତା'ର କିଛି ଅନୁଚର ଗଧିଆ, ବିଲୁଆ, କେ କି ଶି ଆ ଳ ଥାଆନ୍ତି। ଜଙ୍ଗଲର ଶେଷ ଭାଗରେ ଗୋଟିଏ ଭଙ୍ଗା କୂଅ ଥିଲା। କୂଅଟି ମଧ୍ୟ ଗଭୀରିଆ ହୋଇଥାଏ। ବହୁ ଜୀବ ଜନ୍ତୁ ଅସାବଧାନ ବଶତଃ ସେହି କୂଅରେ ପଡ଼ି ଆଗରୁ ପ୍ରାଣ ହରାଇଛନ୍ତି। ଥରେ ହାତୀ ଜଙ୍ଗଲରେ ସଭା କରି କହିଲା, ଜଙ୍ଗଲ ଶେଷ ଭାଗରେ ଗୋଟିଏ କୂଅ ଅଛି। କୌଣସି ଜୀବ ଜନ୍ତୁ ସେଠାକୁ ଯିବ ନାହିଁ। ସେହି ସ୍ଥାନଟିକୁ ଜାଣିବା ପାଇଁ ଆମ୍ବଗଛଗୁଡ଼ିକୁ ଗୋଲାକାର ଭାବେ କୂଅ ଚାରିପଟେ ଲଗାଯାଇଥିଲା। ସମସ୍ତଙ୍କୁ ବାରଣ କରାଯାଇଥିଲା, ଆମ୍ବ ଗଛଗୁଡ଼ିକୁ ଚିହ୍ନି ସେ ସ୍ଥାନକୁ କୌଣସି ଜୀବଜନ୍ତୁ ନ ଯିବା ପାଇଁ। ମାତ୍ର ସିଂହ ହାତୀର କଥା ନ ମାନି ତା ଦଳ ବଳ ଧରି ଶିକାର କରିବାକୁ ସେଠାକୁ ଯାଇଥିଲା। ସେଠାରେ ସିଂହ ଶାବକଟି ଡିଆଁ ମାରି ଖେଳୁ ଖେଳୁ ହଠାତ୍ ଭଙ୍ଗା କୂଅରେ ପଡ଼ି ଯାଇଥିଲା। ଗଧିଆ ପଡ଼ିଯିବା ଶବ୍ଦ ଶୁଣି ପଡ଼ିଗଲା.. ପଡ଼ିଗଲା ଚିତ୍କାର କରି ସିଂହକୁ କହିଲା। ସମସ୍ତେ ବ୍ୟସ୍ତ ହୋଇ ଦେଖିଲାବେଳକୁ ସିଂହ ଶାବକଟି ସତରେ କୂଅ ଭିତରେ ପଡି ଯାଇଛି। ସିଂହ ଖୁବ୍ ବ୍ୟସ୍ତ ହୋଇ ପଡ଼ିଲା। ଶାବକଟିକୁ କିପରି କୂଅରୁ ଉଦ୍ଧାର କରାଯିବ, ସବୁ ବୁଦ୍ଧି ବାହାର କଲେ ହେଲେ କିଛି କାମ ଦେଲାନି। ଏହି ସମୟରେ ବିଲୁଆ କ୍ଷିପ୍ର ଗତିରେ ଆସି ହାତୀ ପାଖରେ ପହଞ୍ଚିଲା। ସେତେବେଳେ ହାତୀ ବରଗଛ ମୂଳେ ଶୋଇଥାଏ। ବିଲୁଆର କଥା ଶୁଣି ହାତୀ ଧଡ଼ପଡ ହୋଇ ଉଠି ପଡ଼ିଲା ଓ ଜଙ୍ଗଲ ଭିତରକୁ ଦୌଡ଼ିଲା। ସିଂହ ଏଣେ ବ୍ୟସ୍ତ ହୋଇ ଗର୍ଜନ କରୁଥାଏ। ସିଂହର ଗର୍ଜନ ଶୁଣି ଅଳ୍ପ ସମୟ ଭିତରେ ସବୁ ପଶୁପକ୍ଷୀମାନେ ରୁଣ୍ଡ ହୋଇଗଲେ। ହେଲେ କେହି କିଛି କରି ପାରୁ ନଥିଲେ। ହାତୀ ପହଞ୍ଚି ଦେଖିଲା, କୂଅ ଭିତରେ ସିଂହ ଶାବକଟି ଉବୁଟୁବୁ ହେଉଛି। ସେ ତାର ଶୁଣ୍ଢକୁ କୂଅ ଭିତରକୁ ବଢ଼ାଇଲା। ଶୁଣ୍ଢ ପାଉ ନ ଥାଏ। ଆଉ ସମୟ ବିଳମ୍ବ ନ କରି ହାତୀ ତା ଶୁଣ୍ଢରେ ଗୋଟିଏ ସରୁ ଆମ୍ବ ଗଛ ଉପାଡ଼ି ଦେଲା ଏବଂ ମୂଳ ସହ ଗଛଟିକୁ କୂଅ ଭିତରକୁ ପକାଇଲା। ଗଛର ମୂଳ ସିଂହ ଶାବକ ପାଖକୁ ଲାଗିଗଲା। ସଙ୍ଗେ ସଙ୍ଗେ ସିଂହ ଶାବକଟି ଗଛ ଉପରେ ଚଢ଼ି ଅଗ୍ରଭାଗକୁ ଉଠି ଆସିଲା। ହାତୀ ତା ଶୁଣ୍ଢ ବଢାଇ ଶାବକକୁ ଉପରକୁ ନେଇ ଆସିଲା। ଶାବକଟି ଖୁବ୍ ଖୁସି ହୋଇ ସିଂହ ପାଖକୁ ଦୌଡ଼ିଗଲା। ସିଂହ ତାକୁ ଗେହ୍ଲା କରି ତା ଜିଭରେ ଚାଟି ପକାଇଲା। ସବୁ ପଶୁପକ୍ଷୀମାନେ ଏ ଦୃଶ୍ୟ ଦେଖି ଖୁବ୍ ଖୁସି ହୋଇଗଲେ। ସିଂହର କ୍ରୋଧ ପାଣି ଭଳି ମିଳାଇଗଲା। ତା'ର ଶତ୍ରୁତା ହାର ମାନିଲା। ନିଜର ଭୁଲ ବୁଝିପାରିଲା ଏବଂ ଅପମାନିତ ମନେକରି ହାତୀ ଆଗରେ ଗୋଡ଼ ଯାକି ବସି ପଡ଼ିଲା। ହାତୀ ତା' ଶୁଣ୍ଢ ରେ ସିଂହକୁ ଆଉଁସି ଦେଲା। ସବୁ ପଶୁପକ୍ଷୀ ହାତୀକୁ ପ୍ରଶଂସା କଲେ। ସିଂହ ନିଜର ଭୁଲ ବୁଝି ପାରିଲା ଏବଂ ସମସ୍ତଙ୍କୁ କହିଲା, ବିପଦ ସମୟରେ ସାହାଯ୍ୟ କରିବା ହିଁ ପ୍ରକୃତ ବନ୍ଧୁ। ସେହିଦିନଠାରୁ ସିଂହ ହାତୀର ଉପଦେଶ ମାନିଲା।

ରାଜେନ୍ଦ୍ରପୁର, ବାରିକପୁରବଜାର, ଭଦ୍ରକ
ମୋ- ୯୪୩୭୭୩୧୯୦୩


## ତୁମ ଚିତ୍ରପଟ





ଅନ୍ୱେଷା ପଟ୍ଟନାୟକ
ସପ୍ତମ ଶ୍ରେଣୀ
ଡି.ଏ.ଭି ପବ୍ଲିକ୍ ସ୍କୁଲ
ପୁରୀ

ସାନ୍‌ଭି ସାମଲ
ଦ୍ୱିତୀୟ ଶ୍ରେଣୀ
କଳିଙ୍ଗ ଇଣ୍ଟରନାସନାଲ ସ୍କୁଲ
ନିମାପଡ଼ା

ସ୍ୱର୍ଣ୍ଣିକା ପ୍ରଧାନ
ଷଷ୍ଠ ଶ୍ରେଣୀ
ସେଣ୍ଟ ଆନିସ କନଭେଣ୍ଟ ସ୍କୁଲ
ସୋନପୁର

ଶାନ୍ତନୁ ଶାନ୍ତିସ୍ୱରୂପ
ଷଷ୍ଠ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ଭୀମଟାଙ୍ଗି, ଭୁବନେଶ୍ୱର

# ସୂର୍ଯ୍ୟକାନ୍ତଙ୍କ ସନ୍ନ୍ୟାସ ଘୋଷଣା

**କଟକ,୧୪।୧୧(ସମିସ):** ଗତ ସିଜନ ଠାରୁ ରାଜ୍ୟ ବରିଷ୍ଠ ଦଳରୁ ଦୂରେଇ ରଖାଯିବା ପରେ ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ବିରୋଧରେ ଅସନ୍ତୋଷ ବ୍ୟକ୍ତ କରୁଥିବା ସୂର୍ଯ୍ୟକାନ୍ତ ପ୍ରଧାନ ସମସ୍ତ ଫର୍ମାଟରୁ ସନ୍ନ୍ୟାସ ଘୋଷଣା କରିଛନ୍ତି। ରାଜ୍ୟ ଦଳ ଚୟନରେ ପାତରଅନ୍ତର ଅଭିଯୋଗ ଉଠାଇ ସୂର୍ଯ୍ୟକାନ୍ତ ଏଭଳି ନିଷ୍ପତ୍ତି ନେଇଥିବା କହିଛନ୍ତି। ବିଶେଷକରି ମୁଖ୍ୟକୋଚ୍ ସୁରେନ୍ଦ୍ର ଭାବେ ଏବଂ ଚୟନକର୍ତ୍ତା ସୌରଜିତ ମହାପାତ୍ରଙ୍କୁ ଦାୟୀ କରିଛନ୍ତି ଏହି ୩୨ବର୍ଷୀୟ ଅଲରାଉଣ୍ଡର। ତାଙ୍କୁ ଦଳରୁ ଦୂରେଇ ରଖିବା ପଛରେ ସୁରେନ୍ଦ୍ର ଏବଂ ସୌରଜିତଙ୍କ ପ୍ରଚ୍ଛନ୍ନ ହାତ ରହିଥିବା ସେ କହିଛନ୍ତି।



## ସୁରେନ୍ଦ୍ର ଓ ସୌରଜିତଙ୍କୁ ଦାୟୀ କଲେ

ଚଳିତ ରଣଜୀ ସିଜନରେ ଦଳରେ ବାରମ୍ବାର ପରିବର୍ତ୍ତନ କରାଯିବା ସତ୍ତ୍ୱେ ସୂର୍ଯ୍ୟକାନ୍ତଙ୍କୁ ସାମିଲ କରାଯାଇନଥିଲା। ଓଡ଼ିଶାର ପ୍ରଦର୍ଶନ ନିକୃଷ୍ଟ ରହୁଥିଲେ ସୁଦ୍ଧା ତାଙ୍କୁ ଡକରା ମିଳିନଥିଲା। ନାଗାଲାଣ୍ଡ ବିପକ୍ଷ ମ୍ୟାଚ୍‌ରେ ଦଳ ପରିବର୍ତ୍ତନ ନିମନ୍ତେ ଦୁଇ ଦିନ ପୂର୍ବେ ଓସିଏ କାର୍ଯ୍ୟାଳୟରେ ବୈଠକ ବସିଥିଲା। ତେବେ ନାଗାଲାଣ୍ଡ ବିପକ୍ଷ ନୁହେଁ, ପରବର୍ତ୍ତୀ କୌଣସି ମ୍ୟାଚ୍‌ରେ ତାଙ୍କୁ ଦଳରେ ସାମିଲ କରାଯିବ ବୋଲି ବୈଠକ ସ୍ଥଳରୁ ଓସିଏର ଜଣେ ବରିଷ୍ଠ ପଦାଧିକାରୀ ସୂର୍ଯ୍ୟକାନ୍ତଙ୍କୁ ଫୋନ୍ ଯୋଗେ କହିଥିଲେ। ୬୨ଟି ରଣଜୀ ମ୍ୟାଚ୍ ଖେଳିଥିବା ସୂର୍ଯ୍ୟକାନ୍ତ ଫୋନ୍‌କଲ୍‌ରେ ଅସନ୍ତୋଷ ପ୍ରକାଶ କରିବା ସହ କ୍ରିକେଟ ଛାଡ଼ିବାକୁ ନିଷ୍ପତ୍ତି ନେଇଥିଲେ। ଖେଳାଳିଙ୍କ ପ୍ରତିଭା କିମ୍ବା ସେମାନଙ୍କ ପ୍ରଦର୍ଶନକୁ ମାପଦଣ୍ଡ ଭାବେ ବିଚାର କରାଯାଉନାହିଁ। ଚିହ୍ନାଜଣାରେ ରାଜ୍ୟ ଦଳ ଗଠନ ହେଉଛି। ବିଶେଷକରି ଚୟନ କମିଟିର କର୍ମକର୍ତ୍ତା ନିଜ ପରିଚିତ କିମ୍ବା ସେମାନଙ୍କ ଅଧିନ କ୍ଲବର ଖେଳାଳିଙ୍କୁ ରାଜ୍ୟ ଦଳରେ ସୁଯୋଗ ଦେଉଛନ୍ତି ବୋଲି ସୂର୍ଯ୍ୟକାନ୍ତ ଅଭିଯୋଗ କରିଛନ୍ତି। ପ୍ରକାଶଯୋଗ୍ୟ, ସୂର୍ଯ୍ୟକାନ୍ତ ୬୨ଟି ରଣଜୀ ମ୍ୟାଚରୁ ୧୯୭ ୱିକେଟ ଦଖଲ କରିବା ସହ ୧୨୮୦ରନ ସଂଗ୍ରହ କରିଛନ୍ତି। ଏକଦିବସୀୟ ଫର୍ମାଟରେ ୩୫ଟି ମ୍ୟାଚ୍‌ରୁ ୪୬ଟି ୱିକେଟ, ଟି-୨୦ ଫର୍ମାଟରେ ୫୨ଟି ମ୍ୟାଚ୍‌ରୁ ସେ ୪୭ଟି ୱିକେଟ ଅକ୍ତିଆର କରିଛନ୍ତି।

### ବୁମ୍ରାଙ୍କ ଘାତକ ବୋଲିଂ; ପ୍ରଥମ ଦିନରେ ୧୧ ୱିକେଟର ପତନ

# ୧୫୯ ରେ ଅଟକିଲା ଦକ୍ଷିଣ ଆଫ୍ରିକା

**କୋଲକାତା,୧୪।୧୧(ଏଜେନ୍ସି):** ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍ରାଙ୍କ ଘାତକ ବୋଲିଂ ବଳରେ ଏଠାରେ ଶୁକ୍ରବାର ଆରମ୍ଭ ହୋଇଥିବା ଭାରତ ବିପକ୍ଷ ପ୍ରଥମ ଟେଷ୍ଟର ପ୍ରଥମ ଦିନରେ ଦକ୍ଷିଣ ଆଫ୍ରିକାର ପ୍ରଥମ ଇନିଂସ ୧୫୯ ରନ୍‌ରେ ସୀମିତ ରହିଛି। ଦକ୍ଷିଣ ଆଫ୍ରିକାର ଜଣେ ହେଲେ ଖେଳାଳି ବଡ଼ ସ୍କୋର କରିପାରି ନ ଥିଲାବେଳେ ଭାରତ ପକ୍ଷରୁ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍ରା ୫ଜଣ ଖେଳାଳିଙ୍କୁ ଆଉଟ କରିଛନ୍ତି। ଇଡେନ୍‌ପିଚ୍ ଉଭୟ ପେସ ଓ ସ୍ପିନ୍‌ଙ୍କୁ ସୁହାଉଥିଲାବେଳେ ଅଧିଭିନ୍ ବାଉନ୍ସ ବ୍ୟାଟରଙ୍କ ଲାଗି ସମସ୍ୟା ସୃଷ୍ଟି କରିଥିଲା। ମହମ୍ମଦ୍ ସିରାଜ ଓ କୁଲଦୀପ ଯାଦବ ୨ଟି ଲେଖାଏଁ, ଅକ୍ଷର ପଟେଲ ଗୋଟିଏ ୱିକେଟ ଅକ୍ତିଆର କରିଛନ୍ତି। ଜବାବରେ ଭାରତ ପ୍ରଥମ ଇନିଂସରେ ଓପନର ଯଶସ୍ୱୀ ଜୟସ୍ୱାଲ (୨୭ ବଲ୍‌ରେ ୧୨ରନ୍)ଙ୍କ ୱିକେଟ ହରାଇ ୨୦ ଓଭର ଖେଳି ୧ ୱିକେଟ ବିନିମୟରେ ୩୭ ରନ୍ ସଂଗ୍ରହ କରିନେଇଛି। ପ୍ରଥମ ଦିନ ଆଲୋକ ଅଭାବରୁ ଖେଳ ବନ୍ଦ ରହିଲା ବେଳକୁ ଲୋକେଶ ରାହୁଲ ୧୩ ଓ ୱାଶିଂଟନ ସୁନ୍ଦର ୬ ରନ୍‌ରେ ବ୍ୟାଟିଂ କରୁଥିଲେ।

ପୂର୍ବରୁ ଦକ୍ଷିଣ ଆଫ୍ରିକା ଦଳ ଟସ୍ ଜିତିବା ପରେ ନିର୍ଦ୍ୱନ୍ଦ୍ୱରେ ପ୍ରଥମେ ବ୍ୟାଟିଂ କରିଥିଲା। ଦଳର ଦୁଇ ଓପନର ମଧ୍ୟ ଭଲ ଆରମ୍ଭ କରିଥିଲେ। ଦକ୍ଷିଣ ଆଫ୍ରିକା ଇନିଂସର ୧୧ତମ ଓଭରରେ ଦଳୀୟ ସ୍କୋର ୫୭ ରନ୍ ହୋଇଥିଲାବେଳେ ର୍‌ୟାନ୍ ରିକେଲଟନ୍‌ଙ୍କୁ ଆଉଟ କରି ଯଶପ୍ରୀତ୍ ବୁମ୍ରା ଭାରତକୁ ବ୍ରେକ୍‌ଥ୍ରୁ ଦେଇଥିଲେ। ଏହା ପରେ ଭ୍ରମଣକାରୀ ଦଳ ଘରୋଇ ଦଳର ବୋଲିଂକୁ ଉଚିତ ମୁକାବିଲା କରି ନ ପାରି ୫୫ ଓଭରରେ ମାତ୍ର ୧୫୯ ରନ୍ କରି ଆଉଟ ହୋଇଯାଇଥିଲା। ଦଳ ପକ୍ଷରୁ ୬ଜଣ ଖେଳାଳି ଦୁଇ ଅଙ୍କରେ ପହଞ୍ଚିଥିଲାବେଳେ ୨୩ତମ ବଲ୍‌ରେ ଖାତା ଖୋଲିଥିବା ଆଇଡେନ୍ ମାରକ୍ରମ ସର୍ବାଧିକ ୩୧ ଓ ଟ୍ରିଷ୍ଟାନ୍ ଷ୍ଟବ୍ସ ସର୍ବାଧିକ ୭୪ ବଲ୍ ଖେଳି ୧୫ ରନ୍‌ରେ ଅପରାଜିତ ରହିଥିଲେ। ଅଧିନାୟକ ଟେମ୍ବା ବଭୂମାଙ୍କ ବ୍ୟାଟରୁ ମାତ୍ର ୩ ରନ୍ ମିଳିଥିଲା। ଭାରତ ପକ୍ଷରୁ ଅନ୍‌ଇଭିନ୍ ପିଚ୍‌ରୁ ଫାଇଦା ଉଠାଇ ବୁମ୍ରା ସର୍ବାଧିକ ୫ଟି ଓ ସିରାଜ ୨ଟି ୱିକେଟ ପାଇଥିଲେ। ପେସ୍ ବୋଲରଙ୍କୁ ୭ଟି ୱିକେଟ ମିଳିଥିଲାବେଳେ ଭାରତର ୪ ଜଣିଆ ସ୍ପିନ୍ ବାହିନୀ ଆଉ ୩ଟି ୱିକେଟ ପାଇଥିଲେ। ୨ଟି ୱିକେଟ ନେଇଥିବା ବାମହାତୀ କୁଲଦୀପ ଯାଦବ କିଛିଟା ଯାଦୁକରୀ ସ୍ପିନ୍ ବୋଲିଂ କରି ୨ଜଣ ଖେଳାଳିଙ୍କୁ ପାଭିଲିୟନ ଫେରାଇଦେଇଥିଲେ।



### କୋଲକାତା ଟେଷ୍ଟ ସ୍କୋର ବୋର୍ଡ

**ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସ: ୧୫୯/୧୦,** ୫୫ ଓଭର (ମାରକ୍ରମ-କ୍ୟା.ପନ୍ତ ବୋ.ବୁମ୍ରା-୩୧, ରିକେଟଲଟନ - ବୋ. ବୁମ୍ରା - ୨୩, ମୁଲ୍ଡର-ଏଲ୍‌ବିଡବ୍ଲ୍ୟୁ ବୋ.କୁଲଦୀପ-୨୪, ବଭୁମା-କ୍ୟା. ଜୁରେଲ ବୋ.କୁଲଦୀପ-୩, ଡି ଜୋର୍ଜି-ଏଲ୍‌ବିଡବ୍ଲ୍ୟୁ ବୋ.ବୁମ୍ରା-୨୪, ଷ୍ଟବ୍ସ-ନଟ୍‌ଆଉଟ-୧୫, ଭେରିନ୍-ଏଲ୍‌ବିଡବ୍ଲ୍ୟୁ ବୋ.ସିରାଜ-୧୬, ୟାନ୍‌ସେନ୍-ବୋ. ସିରାଜ-୦, ବୋଶ୍-ଏଲ୍‌ବିଡବ୍ଲ୍ୟୁ ବୋ.ଅକ୍ଷର-୩, ହାର୍ମର-ବୋ.ବୁମ୍ରା-୫, ମହାରାଜ-ଏଲ୍‌ବିଡବ୍ଲ୍ୟୁ ବୋ.ବୁମ୍ରା-୦, ଅତିରିକ୍ତ-୧୫।

ୱିକେଟ ପତନ: ୧/୫୭, ୨/୬୨, ୩/୭୧, ୪/୧୧୪, ୫/୧୨୦, ୬/୧୪୬, ୭/୧୪୭, ୮/୧୫୪, ୯/୧୫୯, ୧୦/୧୫୯।

ବୋଲିଂ ବିଶ୍ଳେଷଣ (ଭାରତ)- ବୁମ୍ରା: ୧୪-୫-୨୭-୫, ସିରାଜ: ୧୨-୦-୪୭-୨, ଅକ୍ଷର: ୬-୨-୨୧-୧, କୁଲଦୀପ: ୧୪-୧-୩୬-୨, ଜାଡେଜା: ୮-୨-୧୩-୦, ସୁନ୍ଦର: ୧-୦-୩-୦।

**ଭାରତ ପ୍ରଥମ ଇନିଂସ: ୩୭/୧,** ୨୦ ଓଭର (ଜୟସ୍ୱାଲ-ବୋ.ୟାନ୍‌ସେନ୍-୧୨, ରାହୁଲ-ବ୍ୟାଟିଂ-୧୩, ସୁନ୍ଦର-ବ୍ୟାଟିଂ-୬, ଅତିରିକ୍ତ-୬।

ୱିକେଟ ପତନ: ୧/୧୮।

ବୋଲିଂ ବିଶ୍ଳେଷଣ (ଦ.ଆଫ୍ରିକା)- ୟାନ୍‌ସେନ୍: ୬-୨-୧୧-୧, ମୁଲ୍ଡର: ୫-୧-୧୫-୦, ମହାରାଜ: ୫-୧-୮-୦, ବୋଶ୍: ୩-୨-୧-୦, ହାର୍ମର: ୧-୧-୦-୦।

## ଏସୀୟ ତୀରନ୍ଦାଜୀ: ୧୮ ବର୍ଷ ପରେ ଭାରତୀୟ ରିକର୍ଭ ଦଳକୁ ସ୍ୱର୍ଣ୍ଣ

**ଢାକା, ୧୪।୧୧ (ଏଜେନ୍ସି):** ବାଂଲାଦେଶରେ ଚାଲିଥିବା ଏସୀୟ ତୀରନ୍ଦାଜୀ ଚାମ୍ପିଅନସିପ୍‌ରେ ଯଶଦୀପ୍ ଭୋଗେ, ଅତନୁ ଦାସ ଓ ରାହୁଲଙ୍କୁ ନେଇ ଗଠିତ ଭାରତୀୟ ପୁରୁଷ ରିକର୍ଭ ଦଳ ସୁଟ୍ ଅଫ୍‌ରେ ୫-୪ରେ ଶକ୍ତିଶାଳୀ କୋରିଆକୁ ହରାଇ ଚାମ୍ପିଅନ ହୋଇଛି। ଏଥିସହ ଭାରତ ଦୀର୍ଘ ୧୮ ବର୍ଷ ପରେ ଏହି ଇଭେଣ୍ଟରେ ସ୍ୱର୍ଣ୍ଣିମ ସଫଳତା ପାଇଛି। ପୁରୁଷ ଓ ମହିଳା ରିକର୍ଭ ବ୍ୟକ୍ତିଗତ ଇଭେଣ୍ଟରେ ଭାରତର ବି. ଧୀରଜ ଓ ଅଙ୍କିତା ଭକତ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି।

## ସାଉଦୀ କେକେଆର୍‌ର ବୋଲିଂ କୋଚ୍

**କୋଲକାତା, ୧୪।୧୧ (ଏଜେନ୍ସି):** ଆଇପିଏଲ୍‌ର ଆଗାମୀ ୧୯ତମ ସଂସ୍କରଣ ଲାଗି କୋଲକାତା ନାଇଟ୍ ରାଇଡର୍ସ (କେକେଆର୍) ନ୍ୟୁଜିଲାଣ୍ଡର ଟିମ୍ ସାଉଦୀଙ୍କୁ ବୋଲିଂ କୋଚ୍ ଭାବେ ନିଯୁକ୍ତ କରିଛି। ୩୬ ବର୍ଷୀୟ କିୱି ଦ୍ରୁତ ବୋଲର ଚଳିତ ବର୍ଷ ପ୍ରାରମ୍ଭରେ ଅନ୍ତର୍ଜାତୀୟ କ୍ରିକେଟ୍‌ରୁ ଅବସର ନେଇଥିଲେ। ଗତକାଲି କେକେଆର୍ ଫ୍ରାଞ୍ଚାଇଜ ପୂର୍ବତନ ଅଷ୍ଟ୍ରେଲୀୟ ଅଲ୍‌ରାଉଣ୍ଡର ଶେନ୍ ୱାଟସନଙ୍କୁ ସହାୟକ କୋଚ୍ ଭାବେ ନିଯୁକ୍ତ କରିଥିଲା।

## ରାଇଜିଂ ଷ୍ଟାର୍ ଏସିଆ କପ୍ | ୩୨ ବଲ୍‌ରେ ସୂର୍ଯ୍ୟବଂଶୀଙ୍କ ଶତକ

**ଢାକା, ୧୪।୧୧ (ଏଜେନ୍ସି):** ବାଂଲାଦେଶରେ ଚାଲିଥିବା ରାଇଜିଂ ଷ୍ଟାର୍ ଏସିଆ କପ୍ ଟି-୨୦ କ୍ରିକେଟ୍‌ରେ ଭାରତର ଯୁବ ତାରକା ବୈଭବ ସୂର୍ଯ୍ୟବଂଶୀ ଏକ ବିଧ୍ୱଂସୀ ଇନିଂସ ଖେଳିଛନ୍ତି। ଶୁକ୍ରବାର ୟୁଏଇ ଓ ଭାରତ-ଏ ମଧ୍ୟରେ ଖେଳାଯାଇଥିବା ମ୍ୟାଚରେ ୧୪ ବର୍ଷୀୟ ସୂର୍ଯ୍ୟବଂଶୀ ମାତ୍ର ୩୨ଟି ବଲ୍‌ରେ ଶତକ ପୂରଣ କରିଛନ୍ତି। ଏହି ବିସ୍ଫୋରକ ଶତକୀୟ ଇନିଂସରେ ସେ ୩୪୨.୮୬ ଷ୍ଟ୍ରାଇକରେଟ୍‌ରେ ୪୨ ବଲରୁ ୧୪୪ ରନ କରି ଆଉଟ୍ ହୋଇଥିଲେ। ଯେଉଁଥିରେ ୧୧ ଚୌକା ଓ ୧୫ଟି ଛକା ସାମିଲ ରହିଥିଲା। ଫଳରେ ପ୍ରଥମେ ବ୍ୟାଟିଂ କରିଥିବା ଭାରତ-ଏ ୨୦ ଓଭରରେ ୪ ୱିକେଟ୍ ହରାଇ ୨୯୭ ରନର ବିଶାଳ ସ୍କୋର କରିଥିଲା। ଜବାବରେ ୟୁଏଇ ୭ ୱିକେଟ୍‌ରେ ୧୪୯ ରନ୍ କରିବା ସହ ୧୪୮ ରନରେ ପରାସ୍ତ ହୋଇଥିଲା। ଟି-୨୦ ଫର୍ମାଟ୍‌ରେ ଦ୍ରୁତତମ ଶତକ ହାସଲ କରିବାରେ ଋଷଭ ପନ୍ତଙ୍କ ସହ ମିଶି



ସୂର୍ଯ୍ୟବଂଶୀ ତାଲିକାର ୨ୟ ସ୍ଥାନରେ ରହିଛନ୍ତି। ୨୦୧୮ ସୟଦ ମୁସ୍ତାକ ଅଲି ଟ୍ରଫିରେ ଦିଲ୍ଲୀ ପକ୍ଷରୁ ଖେଳି ପନ୍ତ ହିମାଚଳ ପ୍ରଦେଶ ବିପକ୍ଷରେ ୩୨ ବଲରେ ଶତକ ମାରିଥିଲେ। ତେବେ ଗୁଜରାଟର ଉର୍ଭିଲ ପଟେଲ ମାତ୍ର ୨୮ ବଲରେ ଶତକ ପୂରଣ କରି ଟି-୨୦ରେ ଦ୍ରୁତତମ ଶତକ ହାସଲକାରୀ ଭାରତୀୟ ବ୍ୟାଟର୍ ହୋଇଛନ୍ତି। ଉର୍ଭିଲ ୨୦୨୪ରେ ତ୍ରିପୁରା ବିପକ୍ଷରେ ଏହି ବିଧ୍ୱଂସୀ ଇନିଂସ ଖେଳିଥିଲେ।

## ୨୧ରୁ ରାଜ୍ୟ ଟିଟି ଚାମ୍ପିଅନସିପ୍

**କଟକ,୧୪।୧୧(ସମିସ):** ସିଡିଏ ସେକ୍ଟର-୭ ସ୍ଥିତ ବିଜୁ ପଟ୍ଟନାୟକ ଇନଡୋର ହଲ୍‌ରେ ଆସନ୍ତା ୨୧ରୁ ୩୧ତମ ଆନ୍ତଃଜିଲ୍ଲା ଏବଂ ରାଜ୍ୟ ଟେବଲ ଟେନିସ ଚାମ୍ପିଅନସିପ୍ ଖେଳାଯିବ। ମୋଟ୍ ୧୫ଟି ଇଭେଣ୍ଟରେ ପ୍ରତିଯୋଗିତା ହେବ। ପୁରୁଷ ଏବଂ ଜୁନିୟର ବାଳକ ବିଭାଗରେ ଦଳଗତ ପ୍ରତିଯୋଗିତା ହେବ। ଅନ୍ୟ ସମସ୍ତ ବର୍ଗରେ ଏକକ ପ୍ରତିଯୋଗିତା ହେବ। ଖେଳାଳି ନାମ ପଞ୍ଜୀକରଣ ନିମନ୍ତେ ଆସନ୍ତା ୧୭ ତାରିଖ ଶେଷ ଦିନ ଧାର୍ଯ୍ୟ ହୋଇଛି। ଓଡ଼ିଶାର ଯେ କୌଣସି ଜିଲ୍ଲା କିମ୍ବା ଅନୁଷ୍ଠାନର ଖେଳାଳି ଏଥିରେ ଭାଗ ନେଇ ପାରିବେ। ପ୍ରଦର୍ଶନ ଭିତ୍ତିରେ ଆଗାମୀ ଜାତୀୟ ଚାମ୍ପିଅନସିପ ନିମନ୍ତେ ଖେଳାଳି ବଛାଯିବେ ବୋଲି ଓଡ଼ିଶା ରାଜ୍ୟ ଟେବଲ ଟେନିସ ସଂଘ ସମ୍ପାଦକ ରବୀନ୍ଦ୍ର ପରିଡା ପ୍ରେସବିବୃତ୍ତିରେ ଜଣାଇଛନ୍ତି।

### ରାଜ୍ୟସ୍ତରୀୟ ଶବର କପ ଫୁଟ୍‌ବଲ

## ଫାଇନାଲରେ ଢେଙ୍କାନାଳର ପପୁଲାର

**ଯାଁଲା,୧୪।୧୧(ସମିସ):** ଢେଙ୍କାନାଳର ପପୁଲାର କ୍ଲବ୍ ଓ ଜଟଣୀର ଉତ୍କଳ ସ୍ପୋର୍ଟିଂ ମଧ୍ୟରେ ୨୭ତମ ଶବର କପ୍ ଫୁଟବଲ ଟୁର୍ଣ୍ଣାମେଣ୍ଟର ଫାଇନାଲ ମୁକାବିଲା ରବିବାର ଖେଳାଯିବ। ରାଧାଚରଣପୁର ପଡ଼ିଆରେ ଶୁକ୍ରବାର ଖେଳାଯାଇଥିବା ଦ୍ୱିତୀୟ ସେମିଫାଇନାଲରେ ପପୁଲାର କ୍ଲବ୍ ୧-୦ ଗୋଲରେ ବୌଦ୍ଧର ଗେହ୍ଲା କ୍ଲବ୍‌କୁ ହରାଇ ଦ୍ୱିତୀୟ ଦଳ ଭାବେ ଫାଇନାଲରେ ପ୍ରବେଶ କରିଥିଲା। ପୂର୍ବରୁ ଗୁରୁବାର ଖେଳାଯାଇଥିବା ପ୍ରଥମ ସେମିଫାଇନାଲରେ ଉତ୍କଳ ସ୍ପୋର୍ଟିଂ ୪-୧ ଗୋଲରେ ଆୟୋଜକ ଶବର ସ୍ପୋର୍ଟିଂକୁ ହରାଇ ପ୍ରଥମ ଦଳ ଭାବେ ଫାଇନାଲ ଟିକଟ ହାସଲ କରିଥିଲା। ଶୁକ୍ରବାର ମୁକାବିଲାରେ ବିଜୟୀ ଢେଙ୍କାନାଳ ପକ୍ଷରୁ ଖେଳର ୬୦ତମ ମିନିଟ୍‌ରେ ସୁନୀଲ ସୋରେନ୍ ଏକମାତ୍ର ଗୋଲ ସ୍କୋର କରିଥିଲେ। ଆଜିର ମ୍ୟାଚରେ ଅତିଥି ଭାବେ ସମାଜସେବୀ ପ୍ରଦୀପ କୁମାର ପଟ୍ଟନାୟକ ଯୋଗ ଦେଇଥିଲେ। ଏହି ମ୍ୟାଚକୁ ପରିଚାଳନା କରିଥିଲେ ବିଦେଶୀ ନାଏକ, ଅବିନାଶ ପଟ୍ଟନାୟକ, ସାଇରାମ କିସକୁ ଓ ସୁବାସ ସିଂ।

## ପୁରୁଷ ଜୁନିଅର ହକି ବିଶ୍ୱକପ୍ ଦଳରେ ଓଡ଼ିଶାରୁ ୩ ଖେଳାଳି

**ନୂଆଦିଲ୍ଲୀ, ୧୪।୧୧ (ଏଜେନ୍ସି):** ତାମିଲନାଡୁରେ ଖେଳାଯିବାକୁ ଥିବା ଆଗାମୀ ଜୁନିଅର ପୁରୁଷ ହକି ବିଶ୍ୱକପ୍ ଲାଗି ଶୁକ୍ରବାର ୧୮ ଜଣିଆ ଭାରତୀୟ ଦଳ ଘୋଷଣା କରାଯାଇଛି। ୨୮ରୁ ଡିସେମ୍ବର ୧୦ ତାରିଖ ପର୍ଯ୍ୟନ୍ତ ଚେନ୍ନଇ ଓ ମଦୁରାଇରେ ଖେଳାଯିବ। ଦୁଇଥର ଅଲିମ୍ପିକ ପଦକ ବିଜେତା ଗୋଲ୍‌ରକ୍ଷକ ପିଆର୍ ଶ୍ରୀଜେଶ ଭାରତୀୟ ଦଳର କୋଚ୍ ରହିଛନ୍ତି।


ଅନମୋଲ୍ ଏକ୍କା


ଆଦ୍ରୋହିତ ଏକ୍କା


ରୋଶନ କୁଜୁର

ଡ୍ରାଗଫ୍ଲିକର ରୋହିତ୍‌ଙ୍କ ନେତୃତ୍ୱରେ ଭାରତୀୟ ଦଳ ଏହି ବିଶ୍ୱକପ୍ ଖେଳିବ। ଘୋଷିତ ଦଳରେ ଓଡ଼ିଶାର ୩ଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ଡିଫେଣ୍ଡର ଅନମୋଲ୍ ଏକ୍କା, ମିଡ୍‌ଫିଲ୍ଡର ଆଦ୍ରୋହିତ ଏକ୍କା ଓ ରୋଶନ କୁଜୁର। ସେହିଭଳି ଦୁଇଜଣିଆ ଅଲ୍ଟରନେଟ୍ ତାଲିକାରେ ଅନ୍ୟତମ ଓଡ଼ିଆ ଖେଳାଳି ରୋହିତ କୁଲ୍ଲୁଙ୍କୁ ନିଆଯାଇଛି। ଜୁନିଅର ପୁରୁଷ ହକି ବିଶ୍ୱକପ୍‌ର ଏହି ୧୪ତମ ସଂସ୍କରଣ ନଭେମ୍ବର

ଭାରତୀୟ ଦଳ: ବିକ୍ରମଜିତ୍ ସିଂହ, ପ୍ରିନ୍ସଦୀପ୍ ସିଂହ (ଉଭୟ ଗୋଲ୍‌ରକ୍ଷକ), ରୋହିତ୍, ତାଲେମ ପ୍ରିୟବ୍ରତ, ଅନମୋଲ ଏକ୍କା, ଅମିର ଅଲି, ସୁନିଲ ପଲକଶାପ୍ପା ବେନ୍ନୁର, ଶ୍ରଦ୍ଧାନନ୍ଦ ତିୱାରୀ (ସମସ୍ତେ ଡିଫେଣ୍ଡର), ଅଙ୍କିତ ପଲ୍, ଇଙ୍ଗଲେମ୍ବା ଲୁୱାଙ୍ଗ, ଆଦ୍ରୋହିତ ଏକ୍କା, ରୋଶନ କୁଜୁର, ମନମୀତ୍ ସିଂହ, ଗୁରଜୋତ୍ ସିଂହ (ସମସ୍ତେ ମିଡ୍‌ଫିଲ୍ଡର), ଅର୍ଶଦୀପ୍ ସିଂହ, ସୌରଭ ଆନନ୍ଦ କୁଶୱାହ, ଅଜିତ୍ ଯାଦବ, ଦିଲରାଜ ସିଂହ(ସମସ୍ତେ ଫରୱାର୍ଡ)। ଅଲ୍ଟରନେଟ୍ ଖେଳାଳି: ରଭନୀତ୍ ସିଂହ ଓ ରୋହିତ୍ କୁଲ୍ଲୁ।

### ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍ ଉଦ୍‌ଘାଟିତ

# ତୃତୀୟ ରାଉଣ୍ଡ ସୁଦ୍ଧା ଶୀର୍ଷରେ ମହାନଦୀ ଫାଲ୍‌କନ୍ସ

**ଭୁବନେଶ୍ୱର, ୧୪।୧୧ (ସମିସ):** ଅଲ ଓଡ଼ିଶା ଚେସ୍ ଆସୋସିଏସନ (ଏଓସିଏ) ଓ ଆଇକନିକ୍ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍)ର ମିଳିତ ସହଯୋଗରେ ଆଜିଠାରୁ ଆରମ୍ଭ ହୋଇଛି ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍। ପ୍ରଥମଥର




ଏପରି ଏକ ଫ୍ରାଞ୍ଚାଇଜଭିତ୍ତିକ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶାରେ ଆରମ୍ଭ ହୋଇଛି। ଏଥିରେ ୧୨ଟି ଟିମ୍ ଓ ୯୬ଜଣ ଖେଳାଳି ଅଂଶଗ୍ରହଣ କରିଛନ୍ତି। ୧୫ ମିନିଟ୍ ୧୦ ସେକେଣ୍ଡ ବିଶିଷ୍ଟ ରାଉଣ୍ଡ ରବିନ୍ ଲିଗ୍ ଭିତ୍ତିରେ ଖେଳାଯିବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟରେ ପ୍ରତ୍ୟେକ ଦଳ ୧୧ଟି ମ୍ୟାଚ୍ ଖେଳିବେ ଓ ଆସନ୍ତା ରବିବାର ଏହା ଉଦ୍‌ଯାପିତ ହେବାର କାର୍ଯ୍ୟକ୍ରମ ରହିଛି। ଟୁର୍ଣ୍ଣାମେଣ୍ଟର ପ୍ରଥମ ଦିନ ବା ଆଜି ଖେଳାଯାଇଥିବା ପ୍ରଥମ ୩ ରାଉଣ୍ଡ ଖେଳ ଶେଷରେ ମହାନଦୀ ଫାଲକନ ସର୍ବାଧିକ ୬ ପଏଣ୍ଟ ସଂଗ୍ରହ କରି ପ୍ରଥମ ସ୍ଥାନରେ ରହିଛି। ଏହା ପଛକୁ ୬ଟି ଦଳ ୪ ପଏଣ୍ଟ ପାଇ ରହିଛନ୍ତି। ଦଳଗୁଡ଼ିକ ହେଲେ ଭିକ୍ଟୋରିଆ ଭିକ୍ଟର୍ସ, ବାରବାଟୀ ବ୍ୟାଟଲର୍ସ, ରାଜଧାନୀ ଚ୍ୟାଲେଞ୍ଜର୍ସ, ଚୋଲା ଚାମ୍ପିଅନ୍ସ, ଅମ୍ବର ଆଭେଞ୍ଜର୍ସ ଓ ଗୋଲକୁଣ୍ଡା ଗାର୍ଡିଆନ୍ସ।

ପୂର୍ବରୁ ଏହି ଟୁର୍ଣ୍ଣାମେଣ୍ଟକୁ ବିଜେପି ନେତା ଗୋଲକ ମହାପାତ ଅତିଥିଭାବେ ଯୋଗ ଦେଇ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ। ଅଲଓଡ଼ିଶା ଚେସ୍ ସଂଘ ସମ୍ପାଦକ ଦେବବ୍ରତ ଭଞ୍ଜ, କର୍ମକର୍ତ୍ତା ଓ ଆଇଏସ୍‌ଏଫ୍‌ର କର୍ମକର୍ତ୍ତାମାନେ ଏହି ଉତ୍ସବରେ ଉପସ୍ଥିତ ଥିଲେ। ଟୁର୍ଣ୍ଣାମେଣ୍ଟରେ ମୋଟ ୧୦ ଲକ୍ଷ ଟଙ୍କାର ପୁରସ୍କାର ରଖାଯାଇଛି। ଏହା ମଧ୍ୟରୁ ଚାମ୍ପିଅନ ଦଳକୁ ୫ ଲକ୍ଷ ଟଙ୍କା ଓ ଟ୍ରଫି, ପ୍ରଥମ ରନର୍ସଅପ୍ ଦଳକୁ ୩ ଲକ୍ଷ ଟଙ୍କା ଓ ଟ୍ରଫି ଏବଂ ଦ୍ୱିତୀୟ ରନର୍ସଅପ୍ ଦଳକୁ ୨ଲକ୍ଷ ଟଙ୍କା ଓ ଟ୍ରଫି ପ୍ରଦାନ କରାଯିବ।

ପ୍ରତ୍ୟେକ ଦଳରେ ସର୍ବାଧିକ ୮ଜଣ ଖେଳାଳିଙ୍କୁ ସ୍ଥାନ ମିଳିବ। ସେମାନଙ୍କ ମଧ୍ୟରୁ ଜଣେ ମହିଳାଙ୍କ ସମେତ ୪ଜଣ ଓଡ଼ିଆ ଖେଳାଳି ରହିବା ବାଧ୍ୟତାମୂଳକ ହୋଇଛି। ଆର୍ବିଟର ସୁରେଶ ଚନ୍ଦ୍ର ସାହୁ, ତାପସ କୁମାର ମହାନ୍ତି, ସନ୍ତୋଷ ମହାପାତ୍ର, ପିଙ୍କି ମହାପାତ୍ର ପ୍ରମୁଖ ଟୁର୍ଣ୍ଣାମେଣ୍ଟ ପରିଚାଳନା କରୁଛନ୍ତି।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS